

ଶୀର୍ଷ ସ୍ଥାନ ବଜାୟ ରଖିଲେ ମନ୍ଧାନା

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-102 ◆WEDNESDAY ◆8 OCTOBER 2025 ◆PAGE-12 ◆₹ 6.00

PANIKOILI

◆ବର୍ଷ-୪୩ ◆ସଂଖ୍ୟା-୧୦୨ ◆ବୁଧବାର ◆୮ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଆଜିଠୁ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟରେ ପେମେଣ୍ଟ

■ **ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** ଡିଜିଟାଲ ପେମେଣ୍ଟ ବ୍ୟବସ୍ଥାକୁ ଅଧିକ ସହଜ ଓ ସୁରକ୍ଷିତ କରିବା ପାଇଁ ୟୁନିଫାଏଡ୍ ପେମେଣ୍ଟସ ଇଣ୍ଟରଫେସ୍ (ୟୁପିଆଇ) କାରବାର କ୍ଷେତ୍ରରେ ଆସନ୍ତାକାଲିଠାରୁ ଲାଗୁ ହେବାକୁ ଯାଉଛି ନୂଆ ନିୟମ। ଏହି ନିୟମ ଅନୁଯାୟୀ, ଏଣିକି ୟୁପିଆଇରେ ଅର୍ଥ ନେଣଦେଣ କରୁଥିବା ୟୁଜର୍ସଙ୍କୁ ପେମେଣ୍ଟ କରିବା ପାଇଁ ଆଉ ପିନ୍ ଦେବାକୁ ପଡ଼ିବନାହିଁ। ଏହା ବଦଳରେ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟ ବା ଟିପଚିହ୍ନ ଦ୍ୱାରା ପେମେଣ୍ଟ କରିହେବ। ନିକଟରେ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ) ଜାରି କରିଥିବା ମାର୍ଗଦର୍ଶିକା ଅନୁସାରେ ଏହି ପଦକ୍ଷେପ ଗ୍ରହଣ କରାଯାଇଛି, ଯେଉଁଥିରେ ପେମେଣ୍ଟ ପାଇଁ ବିକଳ୍ପ ଅଥେଣ୍ଟିକେସନ ବା ଭେରିଫାଏ କଥା କୁହାଯାଇଥିଲା।




**ଦେବାକୁ ପଡ଼ିବନି ପିନ୍**

ଏହି ନୂତନ ପଦ୍ଧତି ୟୁପିଆଇ ପେମେଣ୍ଟକୁ ଅଧିକ ସୁବିଧାଜନକ, ସୁରକ୍ଷିତ ଏବଂ ବ୍ୟବହାରକାରୀ-ଅନୁକୂଳ କରିବ। ନୂତନ ବୈଶିଷ୍ଟ୍ୟଗୁଡ଼ିକ ୟୁପିଆଇ ପେମେଣ୍ଟ କରିବା ପାଇଁ ପିନ୍‌ର ଆବଶ୍ୟକତାକୁ ଇଚ୍ଛାଧୀନ କରିବ। ଏକ ରିପୋର୍ଟ ଅନୁସାରେ, ନୂଆ ସୁବିଧା ଦ୍ୱାରା ପେମେଣ୍ଟର ଅଥେଣ୍ଟିକେସନ ଭାରତ ସରକାରଙ୍କ ଆଧାର ସିଷ୍ଟମରେ ଥିବା ବାୟୋମେଟ୍ରିକ୍ସ ▶ପୃଷ୍ଠା-୭

## ବସ୍ ଉପରେ ଧସିଲା ପାହାଡ଼; ୧୮ ମୃତ, ଫସିଛନ୍ତି ୧୦

■ **ବିଳାସପୁର, ୭।୧୦ (ଏଜେନ୍ସି):** ହିମାଚଳ ପ୍ରଦେଶ ବିଳାସପୁର ଜିଲ୍ଲାର ଭାଲୁଘାଟ ଅଞ୍ଚଳରେ ମଙ୍ଗଳବାର ସନ୍ଧ୍ୟାରେ ବଡ଼ଧରଣର ଭୂସ୍ଖଳନରେ ଏକ ଘରୋଇ ବସ୍ ପୋତି ହୋଇଯାଇଛି। ଦୁର୍ଘଟଣାରେ ୧୮ ଜଣ ଯାତ୍ରୀ ପ୍ରାଣ ହରାଇଛନ୍ତି। ୧୦ରୁ ଅଧିକ ଯାତ୍ରୀ ଭଗ୍ନାବଶେଷ ତଳେ ଫସି ରହିଛନ୍ତି। ୨ ଶିଶୁଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରାଯାଇଛି। ଏହି ବସ୍‌ରେ ପ୍ରାୟ ୩୦ ଜଣ ଯାତ୍ରା କରୁଥିଲେ। ବସ୍‌ଟି ହରିୟାଣା ରୋହତକରୁ ବିଳାସପୁର ନିକଟସ୍ଥ ଘୁମରାୱନକୁ ଯାଉଥିବ ସମୟରେ ଏହା ଉପରେ ପାହାଡ ଧସି ଯାଇଥିଲା। ସୂଚନା ପାଇବା ପରେ ଏସ୍‌ଡିଆରଏଫ ଏବଂ ପୁଲିସ ଟିମ୍ ପହଞ୍ଚି ସ୍ଥାନୀୟ ଲୋକଙ୍କ ସହାୟତାରେ ଉଦ୍ଧାରକାର୍ଯ୍ୟ ଆରମ୍ଭ କରିଥିଲା। ଆଜି ପ୍ରବଳ ବର୍ଷା ଯୋଗୁଁ ଏଭଳି ଅଘଟଣ ଘଟିଲା ବୋଲି କୁହାଯାଉଛି।




# ସୀମା ଟପିଲାଣି ଅରାଜକତା

## ରାଜ୍ୟରେ ରେକର୍ଡ ଭାଙ୍ଗୁଛି ହତ୍ୟା, ଦୁଷ୍କର୍ମ

■ **ଭୁବନେଶ୍ୱର, ୭।୧୦ (ସମିସ):** ରାଜ୍ୟରେ ବିଗିଡ଼ି ଗଲାଣି ଆଇନଶୃଙ୍ଖଳା। ପୁଲିସକୁ ଅପରାଧୀଙ୍କ ଖାତିର ନାହିଁ। ଦିନ ଦିପହରେ ଅଣ୍ଟାରେ ବନ୍ଧୁକ ଖୋସି ଅପରାଧୀ ରାଜୁତି କରୁଛନ୍ତି। ଯେଉଁଠି ଯାହାକୁ ପାରିଲେ ମଉକା ପାଇ ଗୁଳି କରୁଛନ୍ତି। ପ୍ରତିଦିନ ରାଜ୍ୟର ସବୁ ଅଞ୍ଚଳରୁ ହତ୍ୟା, ରାହାଜାନୀ, ସାମ୍ପ୍ରଦାୟିକ ଗଣ୍ଡଗୋଳ ଘଟଣା ସାମନାକୁ ଆସିବାରେ ଲାଗିଛି। ଗତ ୧୫ ମାସ ମଧ୍ୟରେ ଭଦ୍ରକ, ବାଲେଶ୍ୱର, ଖୋର୍ଦ୍ଧା, କଟକ ଆଦି

### କଥା କଥାକେ ଫୁଟୁଛି ଗୁଳି, ବୁଲୁଛି ଖଣ୍ଡା

### ଦିନକୁ ହାରାହାରି ୧୫ ଦୁଷ୍କର୍ମ, ୪ ହତ୍ୟା

ସ୍ଥାନରେ ସାମ୍ପ୍ରଦାୟିକ ସଦ୍‌ଭାବ ଭଙ୍ଗ ହୋଇଛି। ପାଞ୍ଚଟି ସ୍ଥାନରେ କର୍ଫ୍ୟୁ ଲାଗିଛି। ଗତ ୩ ଦଶନ୍ଧିରେ ସମ୍ଭବତଃ ପ୍ରଥମଥର ପାଇଁ ଭାଇଚାରାର ସହର କୁହାଯାଉଥିବା କଟକ ସହରବାସୀ ପୁଣିଥରେ କର୍ଫ୍ୟୁର ସମ୍ମୁଖୀନ ହୋଇଛନ୍ତି।

ମୋଟାମୋଟି ଭାବରେ ଅପରାଧୀଙ୍କ ଉପରେ ପୁଲିସର ନିୟନ୍ତ୍ରଣ ନାହିଁ କି ସରକାରଙ୍କ ଅଙ୍କୁଶ ନାହିଁ। କଟକ ଭସାଣିକୁ ନେଇ ଗଣ୍ଡଗୋଳ ସାରା ରାଜ୍ୟକୁ ସ୍ତବ୍ଧ କରିଦେଇଥିବା ବେଳେ ବ୍ରହ୍ମପୁରରେ ଶାସକ ଦଳର ଜଣେ ନେତା ତଥା ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ପୀତବାସ ପଣ୍ଡାଙ୍କୁ ଦୁର୍ବୃତ୍ତ ଗୁଳିକରି ହତ୍ୟା କରିଛନ୍ତି। ରାଜ୍ୟର ଆଇନଶୃଙ୍ଖଳା ବ୍ୟବସ୍ଥା ଉପରେ ଏହା ପ୍ରଶ୍ନ ଉଠାଇଛି। କଟକ ଘଟଣା ପରେ ପୁଲିସ ଗୁଇନ୍ଦା ବ୍ୟବସ୍ଥା ନିଷ୍କ୍ରିୟ ହୋଇଥିବା ଭଳି ଲାଗୁଛି। ବ୍ରହ୍ମପୁରରେ ଆଇନଜୀବୀଙ୍କ ହତ୍ୟା ଘଟଣା ଅରାଜକତା ଉପରେ ମୋହର ମାରିଛି। ଦୁଷ୍କର୍ମ, ଗଣଦୁଷ୍କର୍ମରେ ରେକର୍ଡ ପରେ ରେକର୍ଡ ଭାଙ୍ଗୁଥିବା ଓଡ଼ିଶା ଏବେ ହତ୍ୟାରେ ନୂଆ ରେକର୍ଡ଼ କରିବାକୁ ଯାଉଛି। ଗତ କେଇଦିନ ମଧ୍ୟରେ ରାଜ୍ୟର ବିଭିନ୍ନ ସ୍ଥାନରେ ୨୯ଟି ହତ୍ୟାକାଣ୍ଡ ପଞ୍ଜୀକୃତ ହୋଇଥିଲେ ହେଁ ଏହି ମାମଲାରେ ମାତ୍ର ୧୫ ଜଣଙ୍କୁ ପୁଲିସ ଗିରଫ କରିବାକୁ ସମର୍ଥ ହୋଇଛି।



ଗୃହ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ୨୦୨୪ ମସିହାରେ ରାଜ୍ୟରେ ୩୦୫୪ଟି ବଳାତ୍କାର ଓ ୧୨୫୮ଟି ହତ୍ୟା ମାମଲା ରୁଜୁ ହୋଇଛି। ସେହିପରି ୩୫୬ ▶ପୃଷ୍ଠା-୭

## କ୍ଷୋଭ ପ୍ରକାଶ କଲେ ନବୀନ

**ଆଇନଶୃଙ୍ଖଳା ଦୃଢ଼ ରଖିବାରେ ସରକାର ସମ୍ପୂର୍ଣ୍ଣ ବିଫଳ**

**ଉତ୍ସବ ମଧ୍ୟରେ ରାଜ୍ୟରେ ସୃଷ୍ଟି ହୋଇଛି ଭୟର ବାତାବରଣ**

**ଲୋକଙ୍କ ସ୍ୱାର୍ଥ ରକ୍ଷା ପାଇଁ ସରକାର ତତ୍ପର ହେବା ଜରୁରୀ**



■ **ଭୁବନେଶ୍ୱର, ୭।୧୦ (ସମିସ):** ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଉଥିବା ବେଳେ ପ୍ରତିଦିନି ରାଜ୍ୟର କୋଣଅନୁକୋଣରେ ଅଘଟଣ ଘଟୁଛି। ମହିଳା ହିଂସା, ଦୁଷ୍କର୍ମ ପରି ଘଟଣାକୁ ନେଇ ଓଡ଼ିଶା ଜାତୀୟ ସ୍ତରରେ ବଦନାମ ହୋଇଥିବା ବେଳେ ଦଙ୍ଗା, ହତ୍ୟାକାଣ୍ଡ ପରି ଅପରାଧକୁ ନେଇ ମଧ୍ୟ ରାଜ୍ୟବାସୀ ଭୟଭୀତ ଅବସ୍ଥାରେ ଅଛନ୍ତି। ରାଜ୍ୟରେ ଏପରି ସଂଗିନ ସ୍ଥିତିକୁ ନେଇ କ୍ଷୋଭ ଏବଂ ଚିନ୍ତା ପ୍ରକାଶ କରିଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଶାନ୍ତିପ୍ରିୟ ଓଡ଼ିଶାରେ ଆଇନଶୃଙ୍ଖଳା ବ୍ୟବସ୍ଥାକୁ ମଜଭୁତ ରଖିବାରେ ବିଜେପି ସରକାର ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି; ଯାହା ଲୋକଙ୍କ ଭିତରେ ଭୟର ବାତାବରଣ ସୃଷ୍ଟି କରୁଛି ବୋଲି ▶ପୃଷ୍ଠା-୭

### ବିହାରରେ ଏସ୍‌ଆଇଆର୍ ବିଭ୍ରାନ୍ତି

## ତଥ୍ୟ ମାଗିଲେ ସୁପ୍ରିମକୋର୍ଟ

■ **ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** ବିହାରରେ ଅନୁଷ୍ଠିତ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର୍ ପ୍ରକ୍ରିୟାରେ ବାଦ୍ ପଡ଼ିଥିବା ୩ ଲକ୍ଷ ୬୬ ହଜାର ଭୋଟରମାନଙ୍କ ସଂପର୍କରେ ତଥ୍ୟ ଲୋଡ଼ିଛନ୍ତି ସୁପ୍ରିମକୋର୍ଟ। ଆସନ୍ତା ୯ ତାରିଖ ସୁଦ୍ଧା ଏସଂପର୍କରେ ବିସ୍ତୃତ ତଥ୍ୟ ଦାଖଲ କରିବା ନିମନ୍ତେ ନିର୍ବାଚନ କମିସନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହିତ ଚୂଡ଼ାନ୍ତ ଭୋଟର ତାଲିକାରେ ଯେଉଁମାନଙ୍କର ନାମ ଯୋଡ଼ା ଯାଇଛି, ସେମାନଙ୍କ ସଂପର୍କରେ ମଧ୍ୟ ତଥ୍ୟ ଦେବାକୁ କୁହାଯାଇଛି। ଚୂଡାନ୍ତ ତାଲିକାରେ ୨୧ ଲକ୍ଷ ଭୋଟରଙ୍କ ନାମ ଯୋଡ଼ାଯାଇଛି ଏବଂ ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ନୂଆ ଭୋଟର ଏବଂ ଏହାକୁ ନେଇ ସନ୍ଦେହ ସୃଷ୍ଟି ହୋଇଥିବା କହିଛନ୍ତି କୋର୍ଟ।

ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟା ବାଗଚିଙ୍କୁ ନେଇ ଗଠିତ ଖଣ୍ଡପୀଠ ଆଜି ବିହାର ଏସ୍‌ଆଇଆର୍ ମାମଲାର ଶୁଣାଣି କରିବା ସମୟରେ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। କୋର୍ଟ କହିଲେ ଯେ ଯେଉଁମାନଙ୍କ ନାମ ଚୂଡ଼ାନ୍ତ ତାଲିକାରୁ ବାଦ୍ ପଡ଼ିଛି ସେମାନଙ୍କ ସଂପର୍କରେ ଯାହା ବି ତଥ୍ୟ ରହିଛି, ତାହା ଦେବାକୁ ପଡ଼ିବ। ଏଥିପାଇଁ କମିସନଙ୍କୁ ଆଉ ଦୁଇ ଦିନର



**ନାମ କଟିଥିବା ୩.୬୬ ଲକ୍ଷ ଭୋଟର ଓ ନୂଆ ମତଦାତାଙ୍କ ସୂଚନା ଦେବେ କମିସନ**

ସମୟ ଦିଆଯାଇଛି। ଆସନ୍ତା ୯ ତାରିଖରେ କମିସନ ଏହି ତଥ୍ୟ ଦେବେ। ସେହିଭଳି ମାନ୍ୟବର ଖଣ୍ଡପୀଠ ଉଦବେଗ ଜଣାଇଥିଲେ ଯେ ଚୂଡ଼ାନ୍ତ ତାଲିକାରେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ତାହାକୁ ନେଇ ବିଭ୍ରାନ୍ତି ରହିଛି। ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ନାମ ଚିଠା ଭୋଟର ତାଲିକା (ଡ୍ରାଫ୍ଟ ରୋଲ)ରୁ ବାଦ୍ ପଡ଼ିଥିଲା କି? ଖଣ୍ଡପୀଠଙ୍କର ଏହି ପ୍ରଶ୍ନର ଉତ୍ତର ଦେବାକୁ ଯାଇ କମିସନଙ୍କ ଓକିଲ କହିଥିଲେ ଯେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ନୂଆ ଭୋଟର। ▶ପୃଷ୍ଠା-୭

**ପୀତବାସ ପଣ୍ଡା ହତ୍ୟା ଘଟଣା**

## ପୁଲିସ ସ୍କାନରରେ ଶେଷ ୪ ଫୋନ୍‌କଲ୍

■ **ବ୍ରହ୍ମପୁର, ୭।୧୦ (ସମିସ):** ଶାସକ ଦଳର ଜଣେ ଆଗଧାଡ଼ିର ନେତା ତଥା ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳିକରି ହତ୍ୟା ଘଟଣା ସମଗ୍ର ରାଜ୍ୟରେ ଆତଙ୍କଜନିତ ପରିସ୍ଥିତି ସୃଷ୍ଟି କରିଛି। ଗତକାଲି ପବିତ୍ର କୁମାର ପୂର୍ଣ୍ଣିମା ରାତିରେ ବ୍ରହ୍ମପୁରର ସହରର ବୈଦ୍ୟନାଥପୁର ଥାନା ବୈକୁଣ୍ଠନଗର ସ୍ଥିତ ଘରଠାରୁ ମାତ୍ର ୫୦ ମିଟର ଦୂରରେ ବିଟ୍ ରାସ୍ତାରେ ପୀତବାସଙ୍କୁ ଗୁଳି କରି ହତ୍ୟା କରିଥିଲେ ଦୁର୍ବୃତ୍ତ। ଗୁଳିମାଡ଼ ପରେ ଘଟଣାସ୍ଥଳରୁ ଚମ୍ପଟ ମାରିଥିବା ଦୁଇ ଅଭିଯୁକ୍ତଙ୍କୁ ଗିରଫ କରିବା ନିମନ୍ତେ ପୁଲିସ ପକ୍ଷରୁ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି। କିନ୍ତୁ ୨୪ ଘଣ୍ଟା ପରେ ମଧ୍ୟ ପୁଲିସ ହାତ ଖାଲି ରହିଛି।

**ଗୁଳିକାଣ୍ଡ ପଛରେ ବୃତ୍ତିଗତ, ରାଜନୈତିକ, ବ୍ୟକ୍ତିଗତ ଶତ୍ରୁତା ନା ସୂଚନା ଅଧିକାର ଆକ୍ରୋଶ**

ସୋମବାର ରାତି ୯ଟା ୪୨ରେ ଗୋଟିଏ ଗ୍ଲାମର ବାଇକ୍‌ରେ ଦୁଇଜଣ ଯୁବକ ଗେଟ୍‌ବଜାର ଛକରୁ ପୀତବାସ ପଣ୍ଡାଙ୍କ ଘର ଗଳି ପର୍ଯ୍ୟନ୍ତ ଚକ୍କର ମାରିଥିଲେ। ଏହାପରେ ଯୋଜନା ମୁତାବକ ହତ୍ୟା କରିଥିଲେ। ଗୁଳିମାଡ଼ ପୂର୍ବରୁ ଅର୍ଥାତ ସୋମବାର ଆଇନଜୀବୀ ପୀତବାସ ପଣ୍ଡା କାହା କାହା ସହିତ ଫୋନ୍‌ରେ କଥା ହୋଇଥିଲେ ସେନେଇ ପୁଲିସ ଯାଞ୍ଚ କରୁଛି। ଘଟଣାର ▶ପୃଷ୍ଠା-୭

## ରାଜ୍ୟରେ ଆଇନଜୀବୀଙ୍କ କଲମ ଛାଡ଼ ଆଜି

**ତ୍ୱରିତ କାର୍ଯ୍ୟାନୁଷ୍ଠାନ ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ବିସିଆଇର ଚିଠି**

■ **କଟକ,୭। ୧୦ (ସମିସ):** ବ୍ରହ୍ମପୁରର ବିଶିଷ୍ଟ ସମାଜସେବୀ ତଥା ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳି କରି ହତ୍ୟା ଘଟଣାକୁ ରାଜ୍ୟ ବାର୍ କାଉନସିଲ୍ ତୀବ୍ର ନିନ୍ଦା କରିଛି। ଏହାର ପ୍ରତିବାଦରେ ଆସନ୍ତାକାଲି (ବୁଧବାର) ରାଜ୍ୟରେ ଆଇନଜୀବୀମାନେ ସମ୍ପୂର୍ଣ୍ଣ କଲମଛାଡ଼ କରିବେ। ବାର୍ କାଉନସିଲର ଆଜି ଏକ ଜରୁରୀ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି। ସେହିଭଳି ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତମାନଙ୍କୁ ଗିରଫ, ମୃତ ଆଇନଜୀବୀଙ୍କ ପରିବାରକୁ ୧ କୋଟି ଟଙ୍କା ▶ପୃଷ୍ଠା-୭

### ଚାକିରି ବେପାର; ବ୍ରହ୍ମପୁର ଓ ଭୁବନେଶ୍ୱରରୁ ଆଉ ଦୁଇ ଅଟକ

## କ୍ରାଇମବ୍ରାଞ୍ଚ୍‌ର କାତ ପାଉନି

■ **ଭୁବନେଶ୍ୱର, ୭।୧୦ (ସମିସ):** ପୁଲିସ ଏସ୍‌ଆଇ ଚାକିରି ବେପାରକୁ ନେଇ ଓଡ଼ିଶାରୁ ଦିଲ୍ଲୀ ପର୍ଯ୍ୟନ୍ତ ହୁଲସ୍ଥୁଲ ହେଉଛି। ମଧ୍ୟପ୍ରଦେଶର ବ୍ୟାପମ୍ ଓ ପଶ୍ଚିମବଙ୍ଗର ଶିକ୍ଷକ ନିଯୁକ୍ତି ଜାଲିଆତିଠାରୁ ଓଡ଼ିଶା ପୁଲିସ ଚାକିରି ବିକ୍ରି ଅଧିକ ଭୟଙ୍କର ବୋଲି କୁହାଯାଉଛି। ଗତ ୩୦ ତାରିଖ ରାତିରେ ୧୧୪ ଜଣ ପରୀକ୍ଷାର୍ଥୀଙ୍କ ସହ ୩ ଦଲାଲ ଗିରଫ ହେବା ପରେ ଆଉ ୩ ଜଣଙ୍କୁ କ୍ରାଇମବ୍ରାଞ୍ଚ ଧରିଛି। ମାତ୍ର କୌଣସି ସୂତ୍ରରୁ କିଛି ଠୋସ୍ ଖବର ଓ ପ୍ରମାଣ କ୍ରାଇମବ୍ରାଞ୍ଚ ଯୋଗାଡ଼ କରିବାରେ ସକ୍ଷମ ହୋଇ ନ ଥିବା କୁହାଯାଉଛି। ପରୀକ୍ଷାର୍ଥୀଙ୍କ ବ୍ୟତୀତ ଏଯାଏ ୬ ଜଣ ଲୋକଙ୍କୁ କ୍ରାଇମବ୍ରାଞ୍ଚ ଧରିଛି ଓ ସେମାନଙ୍କୁ ଜେରା ଚଳାଇଛି। ମାତ୍ର ଷଡ଼ଯନ୍ତ୍ରର ପଶାପାଲିରେ ଏହି ସୈନିକମାନଙ୍କଠାରୁ ବିଶେଷ କିଛି ତଥ୍ୟ ମିଳି ପାରୁ ନ ଥିବା ସୂଚନା ମିଳିଛି। ଅନ୍ୟପକ୍ଷରେ ଏହି ସମଗ୍ର ଘଟଣା



**ଘୋଟାଲାରେ ଓପିଆର୍‌ବି କର୍ମଚାରୀଙ୍କ ସମ୍ପୃକ୍ତି ସନ୍ଦେହ**

**କାହା ମଧ୍ୟସ୍ଥତାରେ ହୋଇଥିଲା ସିଲିକନ୍ ଓ ପଞ୍ଚସଫ୍ଟ ବୁଝାମଣା**

ପଛରେ ଅନେକ ବଡବଡ଼ିଆଙ୍କ ଭୂମିକା ଥିବା ଜଳଜଳ ଦିଶୁଛି। ପଞ୍ଚ ସଫ୍ଟର ଶଙ୍କର ପୃଷ୍ଟି, ମଧ୍ୟସ୍ଥି ମୁନା ମହାନ୍ତି ସହ ସିଲିକନ୍ ଟେକ୍‌ଲାବ୍‌ର ସମ୍ପୃକ୍ତି ଏକପ୍ରକାର ସ୍ପଷ୍ଟ ହୋଇଛି। ମାତ୍ର ତଦନ୍ତ ଆଗକୁ ବଢ଼ିପାରୁ ନାହିଁ। କେଉଁ ପରିସ୍ଥିତିରେ ଓପିଆର୍‌ବିଠାରୁ ପରୀକ୍ଷା ପରିଚାଳନା ଠିକା ନେଇଥିବା ଆଇଟିଆଇ ଲିମିଟେଡ୍ ଓଡ଼ିଶାର ସିଲିକନ୍ ଟେକ୍‌ଲାବକୁ ପରୀକ୍ଷା ଦାୟିତ୍ୱ ଦେଲା ତାହା ଏଯାଏ ଅସ୍ପଷ୍ଟ। ଅନୁରୂପ ଭାବରେ ସିଲିକନ୍ ଟେକ୍‌ଲାବ୍ କାହିଁକି ଓ କେଉଁ ଉଦ୍ଦେଶ୍ୟରେ କୁଖ୍ୟାତ ଶଙ୍କରର ଅଖ୍ୟାତ ସଂସ୍ଥା ପଞ୍ଚ ସଫ୍ଟକୁ ପରୀକ୍ଷା ପରିଚାଳନା ଦାୟିତ୍ୱ ପ୍ରଦାନ କଲା ତାହା ମଧ୍ୟ ରହସ୍ୟମୟ। ଓପିଆର୍‌ବି କର୍ତ୍ତୃପକ୍ଷ ଏହି ପ୍ରସଙ୍ଗରେ ସମ୍ପୂର୍ଣ୍ଣ ନିରବତା ଅବଲମ୍ବନ କରିବା ଅନେକ ଦିଗକୁ ଇଙ୍ଗିତ କରିଛି। ହୁଏତ ଓପିଆର୍‌ବି କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ସହଯୋଗ ଓ ଜ୍ଞାତସାରରେ ଏହି ସବଲେଟ୍ ▶ପୃଷ୍ଠା-୭

## ହଟିଲା କର୍ଫ୍ୟୁ; ଚାଲିଲା କଟକ

**ସ୍ୱାଭାବିକ ହେଲା ଇଣ୍ଟରନେଟ୍ ସେବା**




■ **କଟକ, ୭।୧୦ (ସମିସ):** ଦୁର୍ଗାମେଢ଼ ଭସାଣ ଶୋଭାଯାତ୍ରାରେ ଗୋଷ୍ଠୀ ସଂଘର୍ଷ ଜନିତ ଅଶାନ୍ତି ଯୋଗୁଁ ଲାଗୁ ହୋଇଥିବା ୩୬ ଘଣ୍ଟାର କର୍ଫ୍ୟୁ ଉଠିବା ପରେ ମଙ୍ଗଳବାର ସନ୍ଧ୍ୟାରୁ ଅତି ସନ୍ତର୍ପଣରେ ଚାଲିବା ଆରମ୍ଭ କରିଛି କଟକ। ଦୁଇ ଦିନର ବନ୍ଦୀ ଜୀବନ ପରେ ସହରବାସୀ ଘରୁ ବାହାରିଛନ୍ତି। ସହରର ସ୍ଥିତି ଧୀରେଧୀରେ ସ୍ୱାଭାବିକ ହୋଇ ଶାନ୍ତି ଫେରୁଛି। ଅନ୍ୟପକ୍ଷରେ ଶୋଭାଯାତ୍ରା ଗଣ୍ଡଗୋଳ ଘଟଣାରେ ପୁଲିସ ଏପର୍ଯ୍ୟନ୍ତ ୯ ଜଣଙ୍କୁ ଗିରଫ କରିଛି। ବନ୍ଦ ରହିଥିବା ଇଣ୍ଟର୍‌ନେଟ୍ ସେବା ସ୍ୱାଭାବିକ ହୋଇଛି।

**ପାଟ୍ରୋଲିଂ କଡ଼ାକଡ଼ି; ଗିରଫ ହେଲେଣି ୯**

**ସୋସିଆଲ୍ ମିଡିଆ ଉପରେ ତୀକ୍ଷ୍ଣ ନଜର**

କର୍ଫ୍ୟୁ ହଟିବା ପରେ ଛତ୍ରବଜାର, ମାଲଗୋଦାମ ସମେତ ସାରା ସହରରେ ଭିଡ଼ ପରିଲକ୍ଷିତ ହୋଇଛି। ପୁଲିସ ପକ୍ଷରୁ ବକ୍ସିବଜାର ଅଞ୍ଚଳରେ ୪୦ ପ୍ରତିଶତ ଦୋକାନ ବନ୍ଦ ରଖାଯିବା ସହ ଦରଘାବଜାରରୁ ଚୌଧୁରୀ ବଜାର ପର୍ଯ୍ୟନ୍ତ ଦୋକାନଗୁଡ଼ିକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯାଇଛି। ଦୋକାନଗୁଡ଼ିକ ରାତି ୯ଟାରୁ ୧୦ଟା ମଧ୍ୟରେ ବନ୍ଦ କରିବାକୁ କୁହାଯାଇଛି। ଦରଘାବଜାର ଥାନା ସମେତ ସହରର ସମ୍ବେଦନଶୀଳ ସ୍ଥାନକୁ ପୁଲିସର କଡ଼ା ସୁରକ୍ଷା ବଳୟ ମଧ୍ୟରେ ▶ପୃଷ୍ଠା-୭

## ଘାସିରାମ କଂଗ୍ରେସର ନୂଆପଡ଼ା ପ୍ରାର୍ଥୀ

■ **ଭୁବନେଶ୍ୱର, ୭।୧୦ (ସମିସ):** ନୂଆପଡ଼ା ଉପନିର୍ବାଚନ ତାରିଖ ଘୋଷଣା ହେବାର ଗୋଟିଏ ଦିନ ପରେ କଂଗ୍ରେସ ଦଳ ଏହି ଆସନ ପାଇଁ ପ୍ରାର୍ଥୀ ଘୋଷଣା କରିଛି। ଗତ ନିର୍ବାଚନରେ ଏହି ଆସନରୁ ସ୍ୱାଧୀନ ଭାବେ ଲଢ଼ି ପ୍ରାୟ ୫୧ ହଜାର ଭୋଟ୍ ପାଇଥିବା ଘାସିରାମ ମାଝୀଙ୍କୁ ଦଳ ଏଠାରୁ ପ୍ରାର୍ଥୀ କରିଛି। ଏଆଇସିସି ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେଙ୍କ ଅନୁମୋଦନ ପରେ ରାଜ୍ୟ କଂଗ୍ରେସ ପକ୍ଷରୁ ଘାସିରାମଙ୍କ ▶ପୃଷ୍ଠା-୭



**ଚିନ୍ତା ବଢ଼ାଉଛି ଆର୍ଥିକ ପରିଚାଳନା**

## ସରକାରଙ୍କ ସିନ୍ଧୁକରେ ବଜେଟ ବରାଦ


### ୫ ମାସରେ ଖର୍ଚ୍ଚ ହୋଇଛି ମାତ୍ର ୨୭ ପ୍ରତିଶତ ଆବଣ୍ଟିତ ଅର୍ଥ

■ **ଭୁବନେଶ୍ୱର, ୭।୧୦ (ସମିସ):** ଏକ ସମୟରେ ବିତ୍ତୀୟ ପରିଚାଳନା କ୍ଷେତ୍ରରେ ଓଡ଼ିଶା ସାରା ଦେଶରେ ସୁନାମ ଅର୍ଜନ କରିଥିଲା। କେନ୍ଦ୍ର ସରକାର ଏଥିପାଇଁ ଓଡ଼ିଶାକୁ ବାରମ୍ବାର ପ୍ରଶଂସା କରିଥିଲେ। ମାତ୍ର ରାଜ୍ୟରେ ବିଜେପି ସରକାର ଆସିବା ପରଠାରୁ ରାଜ୍ୟର ଆର୍ଥିକ ପରିଚାଳନା କ୍ରମଶଃ ଲଗାମହୀନ ହେବାରେ ଲାଗିଛି। ବିଶେଷକରି ବଜେଟ ଅର୍ଥ ଖର୍ଚ୍ଚ ଏବଂ ଯୋଜନା କାର୍ଯ୍ୟାନ୍ୱୟନରେ କ୍ରମାଗତ ଭାବେ ନିରୁତ୍ସାହଜନକ ପ୍ରଦର୍ଶନ ଜାରି ରହିଛି। ୨୦୨୫-୨୬ ଆର୍ଥିକ ବର୍ଷର ପ୍ରଥମ ୫ ମାସ ଅର୍ଥାତ୍ ଏପ୍ରିଲ-ଅଗଷ୍ଟ ମଧ୍ୟରେ ମୋଟ ଆବଣ୍ଟିତ ଅର୍ଥର ମାତ୍ର ୨୭ ପ୍ରତିଶତ

**୨୦ ପ୍ରତିଶତରୁ କମ୍ ଖର୍ଚ୍ଚ କରିଛନ୍ତି ୧୨ଟି ବିଭାଗ**

**୨ ବିଭାଗ ଖର୍ଚ୍ଚ କରି ପାରିନାହାନ୍ତି ୨ ପ୍ରତିଶତ ଅର୍ଥ**

ଅର୍ଥ ଖର୍ଚ୍ଚ କରାଯାଇ ପାରିଛି। ଚଳିତ ଆର୍ଥିକ ବର୍ଷରେ ୨ ଲକ୍ଷ ୯୦ ହଜାର କୋଟିର



ବଜେଟ ବିଭିନ୍ନ ବିଭାଗକୁ ଆବଣ୍ଟନ କରାଯାଇଥିବା ବେଳେ ସରକାରଙ୍କ ୪୪ଟି ବିଭାଗ ମାତ୍ର ୭୮୪୦୧ କୋଟି ଟଙ୍କା ଖର୍ଚ୍ଚ କରିପାରିଛନ୍ତି। ବିଡ଼ମ୍ବନା ହେଉଛି କେବଳ ଦରମା, ପେନସନ ଆଦି ଅଣଯୋଜନା ବ୍ୟୟରେ ଏହାର ଏକ ବଡ଼ ଅଂଶ ବ୍ୟୟ ହୋଇଛି। ଭିତ୍ତିଭୂମି ବିକାଶ, ବିଭିନ୍ନ ଯୋଜନା ପାଇଁ ଅର୍ଥ ଆବଣ୍ଟନ ସତ୍ତ୍ୱେ ବଜେଟ ଅର୍ଥ ଖର୍ଚ୍ଚରେ ମନ୍ଥରତା ରାଜ୍ୟ ସରକାରଙ୍କ ବିତ୍ତୀୟ ପରିଚାଳନା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ସୂଚନା ଅନୁଯାୟୀ ୪୪ଟି ବିଭାଗ ମଧ୍ୟରୁ ୧୨ଟି ବିଭାଗ ନିଜ ଆବଣ୍ଟିତ ଅର୍ଥର ୨୦ ପ୍ରତିଶତରୁ କମ୍ ଖର୍ଚ୍ଚ କରିଛନ୍ତି। ବିପର୍ଯ୍ୟୟ ପରିଚାଳନା ବିଭାଗ ସର୍ବନିମ୍ନ ୧.୯୫ ପ୍ରତିଶତ ଅର୍ଥ ଖର୍ଚ୍ଚ କରି ୪୪ଟି ବିଭାଗ ମଧ୍ୟରେ ସବୁଠୁ ତଳ ସ୍ଥାନରେ ରହିଛି। ସେହିପରି ଯୋଜନା ଓ ସଂଯୋଜନ ବିଭାଗ ୧.୯୭ ପ୍ରତିଶତ ଅର୍ଥ ଖର୍ଚ୍ଚ କରିଛି। କ୍ରୀଡ଼ା ଓ ଯୁବସେବା ବିଭାଗ ୫.୭ ପ୍ରତିଶତ ଏବଂ ଶକ୍ତି ପରି ଗୁରୁତ୍ୱପୂର୍ଣ୍ଣ ବିଭାଗର ବଜେଟ ଆବଣ୍ଟିତ ଅର୍ଥ ଖର୍ଚ୍ଚ ▶ପୃଷ୍ଠା-୭



# ପଦାର୍ଥ ବିଜ୍ଞାନରେ ତିନି ଆମେରିକୀୟଙ୍କୁ ନୋବେଲ

**ଷ୍ଟକହୋମ, ୭।୧୦ (ଏଜେନ୍ସି):** ଚଳିତ ବର୍ଷ ପଦାର୍ଥ ବିଜ୍ଞାନ ପାଇଁ ଆମେରିକାର ତିନି ବୈଜ୍ଞାନିକଙ୍କୁ ନୋବେଲ ପୁରସ୍କାର ମିଳିଛି। ବୈଜ୍ଞାନିକ ଜନ୍ କ୍ଲାର୍କ, ମିସେଲ ଏଚ. ଡେଭୋରେଟ ଏବଂ ଜନ୍ ଏମ. ମାର୍ଟିନିସଙ୍କୁ ଏହି ପୁରସ୍କାର ଦିଆଯିବ ବୋଲି ସ୍ୱିଡେନର 'ରୟାଲ ସ୍ୱିଡିସ ଏକାଡେମି ଅଫ୍ ସାଇନ୍ସ' ପକ୍ଷରୁ ମଙ୍ଗଳବାର ଘୋଷଣା କରାଯାଇଛି। ଇଲେକ୍ଟ୍ରିକ ସର୍କିଟରେ ମାକ୍ରୋସ୍କୋପିକ କ୍ୱାଣ୍ଟମ ଟନଲିଂ ଏବଂ ଏନର୍ଜି କ୍ୱାଣ୍ଟିସେସନ (ଶକ୍ତିର ସ୍ତର)ର ସନ୍ଧାନ ପାଇଁ ତିନି ବୈଜ୍ଞାନିକଙ୍କୁ ସମ୍ମାନିତ କରାଯାଇଛି। କ୍ୱାଣ୍ଟମ ଟନେଲିଂ ପ୍ରକ୍ରିୟାରେ କୌଣସି କଣିକା ବ୍ୟାରିୟର ତଥା ବାଧାକୁ ଲଙ୍ଘିବା ପରିବର୍ତ୍ତେ, ତାହାର ଆଖପାଖ ଦେଇ ବାହାରି ଯାଇଥାନ୍ତି। କିନ୍ତୁ ସାଧାରଣ ଫିଜିକ୍ସ ହିସାବରେ ଏହା ଅସମ୍ଭବ। ସାଧାରଣ ଜୀବନରେ ଏହାର ଅନେକ ଉଦାହରଣ ରହିଛି। ସାଧାରଣତଃ ଏକ ବଲ୍ କାନ୍ଥରେ ମାଡ଼ ହୋଇ ଫେରି ଆସିଥାଏ। କିନ୍ତୁ କ୍ୱାଣ୍ଟମ ଦୁନିଆରେ କ୍ଷୁଦ୍ର କଣିକା ଗୁଡିକ ବେଳେବେଳେ କାନ୍ଥ ପାର ହୋଇ ଅନ୍ୟ ପାର୍ଶ୍ୱକୁ ଚାଲି ଯାଆନ୍ତି। ଏହାକୁ କ୍ୱାଣ୍ଟମ ଟନଲିଂ କୁହାଯାଇଥାଏ।

ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ ମାନବିକ ସ୍ତରରେ ମଧ୍ୟ କ୍ୱାଣ୍ଟମର ପ୍ରଭାବ ପଡିପାରେ ବୋଲି ଏହି ବୈଜ୍ଞାନିକମାନେ ସାବ୍ୟସ୍ତ କରିଥିଲେ। ପରମାଣୁ ଏବଂ ଅଣୁ ସ୍ତରରେ ସୀମିତ ଥିବା କ୍ୱାଣ୍ଟମ ପ୍ରଭାବକୁ ବିପୁଳ ପରିମାଣରେ ଦେଖିହେବ କି ବୋଲି ଫିଜିକ୍ସରେ ଏକ ପ୍ରଶ୍ନ ହୋଇ ରହିଥିଲା। ୧୯୮୪ ଏବଂ ୧୯୮୫ରେ କ୍ଲାର୍କ, ଡେଭୋରେଟ ଏବଂ ମାର୍ଟିନିସ୍ କାଲିଫର୍ଣ୍ଣିଆ ୟୁନିଭର୍ସିଟିରେ ଏହା ଉପରେ ସ୍ୱତନ୍ତ୍ର ପରୀକ୍ଷଣ କରିଥିଲେ। ସେମାନେ ଦୁଇଟି ସୁପର କଣ୍ଡକ୍ଟରରୁ ଏକ ବିଦ୍ୟୁତ ସର୍କିଟ ନିର୍ମାଣ କରିଥିଲେ। ଏହି ଦୁଇ ସୁପର କଣ୍ଡକ୍ଟର ମଧ୍ୟରେ ଏକ ପତଳା ଆସ୍ତରଣ ଥିଲା। ଏହା ବିଦ୍ୟୁତ ପ୍ରବାହକୁ ରୋକି ଦେଉଥିଲା। ଏହା ସତ୍ତ୍ୱେ ବୈଜ୍ଞାନିକ ଦେଖିବାକୁ ପାଇଥିଲେ ଯେ ସର୍କିଟରେ ଥିବା ସବୁ ଚାର୍ଜ କରାଯାଇଥିବା କଣିକା ଗୁଡିକ ଏକାଠି ମିଶି ଗୋଟିଏ କଣିକା ପରି ବ୍ୟବହାର କରୁଛନ୍ତି। ଏହି କଣିକା ଗୁଡିକ ପତଳା ଆସ୍ତରଣକୁ ଲଙ୍ଘି ଅପରପାର୍ଶ୍ୱକୁ ଯାଇପାରନ୍ତି।

ଏହା କ୍ୱାଣ୍ଟମ ଟନଲିଂର ପ୍ରମାଣ ଥିଲା। ଏଥିରେ ବଡ଼ ସିଷ୍ଟମରେ କ୍ୱାଣ୍ଟମ ଟନେଲିଂକୁ କେମିତି ନିୟନ୍ତ୍ରଣ ଏବଂ ବୁଝି ହେବ ତାହା ଶିକ୍ଷା କରିଥିଲେ। ଏହି ଉଦ୍ଭାବନା କ୍ୱାଣ୍ଟମ କମ୍ପ୍ୟୁଟିଂ ଏବଂ ନୂଆ ଜ୍ଞାନକୌଶଳ ପାଇଁ ଯୁଗାନ୍ତକାରୀ ସାବ୍ୟସ୍ତ ହୋଇଥିଲା। ଭବିଷ୍ୟତରେ ଏହା ମାଧ୍ୟମରେ କ୍ୱାଣ୍ଟମ କମ୍ପ୍ୟୁଟିଂ ଏବଂ ନୂଆ ଜ୍ଞାନକୌଶଳର ବିକାଶ ଦିଗରେ ସହାୟତା ମିଳିବ। ସେମିକଣ୍ଡକ୍ଟର, କମ୍ପ୍ୟୁଟର ଏବଂ ମାଇକ୍ରୋ ଚିପ୍ସଗୁଡିକରେ କ୍ୱାଣ୍ଟମ ଟେକ୍ନୋଲଜି ବ୍ୟବହାର ହେଉଛି। ଏହା ଦ୍ୱାରା ଚିକିତ୍ସା, ମହାକାଶ ଏବଂ ପ୍ରତିରକ୍ଷା କ୍ଷେତ୍ରକୁ ମଧ୍ୟ ଲାଭ ମିଳିବ। ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ କମ୍ପ୍ୟୁଟରରେ ବ୍ୟବହୃତ ଟ୍ରାନ୍ସିଷ୍ଟର କ୍ୱାଣ୍ଟମ ଟେକ୍ନୋଲୋଜିର ବଳିଷ୍ଠ ଉଦାହରଣ। ଏହି ନୋବେଲ ବିଜେତାଙ୍କ ଉଦ୍ଭାବନା ଦ୍ୱାରା ଭବିଷ୍ୟତରେ ସୁପର ସିକ୍ୟୋର କୋଡ (କ୍ୱାଣ୍ଟମ କ୍ରିପ୍ଟୋଗ୍ରାଫି), ହାଇ ସ୍ପିଡ କମ୍ପ୍ୟୁଟର( କ୍ୱାଣ୍ଟମ କମ୍ପ୍ୟୁଟର) ଏବଂ ସୁପର ଆକ୍ୟୁରେଟ ସେନ୍‌ସର (କ୍ୱାଣ୍ଟମ ସେନ୍‌ସର) ଭଳି ସାମଗ୍ରୀ ନିର୍ମାଣ ସରଳ ହୋଇଯିବ।

# ଥମୁନି କଫ୍ ସିରପ୍ ଜନିତ ମୃତ୍ୟୁ

## ଦୁଇ ରାଜ୍ୟରେ ନେଲାଣି ୨୩ ଶିଶୁଙ୍କ ଜୀବନ

**ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** ଜୀବନ ବଞ୍ଚାଇବାକୁ ଉଦ୍ଦିଷ୍ଟ କଫ ସିରପ ଏବେ ଜୀବନ ନେଉଛି। ଔଷଧ ପ୍ରସ୍ତୁତକାରୀ କମ୍ପାନୀଙ୍କ ପାଇଁ ନିରୀହ ଶିଶୁଙ୍କ ଜୀବନ ଯାଉଛି। ଅଧିକ ରାସାୟନିକ ମିଶାଇ ଏହି କମ୍ପାନୀଗୁଡିକ ଜୀବନ ବଦଳରେ ମୃତ୍ୟୁ ବିକୁଛନ୍ତି। ଏହି ବିଷାକ୍ତ କଫ ସିରପ ପିଇ ଏ ପର୍ଯ୍ୟନ୍ତ ମଧ୍ୟ ପ୍ରଦେଶ ଏବଂ ରାଜସ୍ଥାନରେ ୨୩ ଶିଶୁଙ୍କ ମୃତ୍ୟୁ ହେଲାଣି। ଏମାନଙ୍କ ମଧ୍ୟରେ ମଧ୍ୟପ୍ରଦେଶର ୧୯ ଶିଶୁ ଏବଂ ରାଜସ୍ଥାନର ୪ ଶିଶୁ ସାମିଲ ଅଛନ୍ତି। ଏହି ମାମଲା ସାମ୍ନାକୁ ଆସିବା ପରେ ମଧ୍ୟପ୍ରଦେଶ, ରାଜସ୍ଥାନ, କେରଳ, ତାମିଲନାଡୁ ଏବଂ ପଞ୍ଜାବ ସରକାର ଏହି କଫ ସିରପର ବିକ୍ରି ଏବଂ ବ୍ୟବହାର ଉପରେ କଟକଣା ଲଗାଇ ଦେଇଛନ୍ତି। ଏହି ମାମଲାକୁ ନେଇ ସୁପ୍ରିମକୋର୍ଟରେ ଆବେଦନ ମଧ୍ୟ ଦାଏର କରାଯାଇଛି। ସିବିଆଇ ତଦନ୍ତ ଏବଂ ସାରା ଦେଶରେ ଔଷଧର ସୁରକ୍ଷା ବ୍ୟବସ୍ଥା ଯାଞ୍ଚ ପାଇଁ ଦାବି କରାଯାଇଛି। ଓକିଲ ବିଶାଳ ତିୱାରୀଙ୍କ ଦ୍ୱାରା ଦାଖଲ ଏହି ଆବେଦନରେ ରାଷ୍ଟ୍ରୀୟ ନ୍ୟାୟିକ କମିଶନ କିମ୍ବା ବିଶେଷଜ୍ଞ କମିଟି ଗଠନ ନିର୍ଦ୍ଦେଶ ଏବଂ ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତିଙ୍କ ଅନୁଧ୍ୟାନରେ ତଦନ୍ତ କରାଇବାକୁ ସରକାରଙ୍କୁ ନିର୍ଦ୍ଦେଶ ଦେବାକୁ ଅନୁରୋଧ କରାଯାଇଛି।

- ୫ ରାଜ୍ୟରେ କୋଲ୍‌ଡ୍ରିଫ୍ କଫ ସିରପ ନିଷିଦ୍ଧ
- ତାମିଲନାଡୁ ସରକାର ଧରିଲେ ୩୫୦ ତ୍ରୁଟି
- ଗୁଜରାଟର ଦୁଇ କମ୍ପାନୀର କଫ ସିରପରେ ବିଷ

ଅନ୍ୟପକ୍ଷରେ ଏହି ମାମଲାରେ ତାମିଲନାଡୁର 'ଡ୍ରଗ୍ସ କଣ୍ଟ୍ରୋଲ ଡିପାର୍ଟମେଣ୍ଟ' ସିରପ ପ୍ରସ୍ତୁତକାରୀ କମ୍ପାନୀଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛି। କାଞ୍ଚିପୁରମ ସ୍ଥିତ କମ୍ପାନୀ ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଏହି କୋଲଡ୍ରିଫ କଫ ସିରପ ପ୍ରସ୍ତୁତ କରୁଛି। ପାଞ୍ଚ ଦିନ ମଧ୍ୟରେ ଜବାବ ଦେବା ପାଇଁ କମ୍ପାନୀକୁ ସରକାର ନିର୍ଦ୍ଦେଶ ଦେଇଛନ୍ତି। ଏଥିରେ ଔଷଧରେ ପ୍ରସ୍ତୁତ କଞ୍ଚାମାଲର ବିଲ୍ ଏବଂ ଏହାର ଯାଞ୍ଚ ରିପୋର୍ଟ, ଔଷଧ ପ୍ୟାକିଂରେ ବ୍ୟବହୃତ ସାମଗ୍ରୀ ବିବରଣୀ, ଔଷଧରେ ବ୍ୟବହୃତ ପ୍ରୋପାଇଲିନ ଗ୍ଲାଇକୋଲ କ୍ରୟର ବିଲ୍, ମାଷ୍ଟର ଫର୍ମୁଲା ସଟ୍ ଏବଂ ରାସାୟନିକ ବିବରଣୀ ମଗାଯାଇଛି। ସେହିପରି ଗୁଜରାଟର ଦୁଇ କମ୍ପାନୀ ରିଲାଇଫ ସିରପ ଏବଂ ରେସ୍ପିଫ୍ରେସ ଟିଆରର କଫ ସିରପ ନମୁନାରୁ ବିଷାକ୍ତ ଡାଇଏଥିଲିନ ଗ୍ଲାୟକୋଲ (ଡିଇଜି) ଏବଂ ଏଥିଲି ଗ୍ଲାୟକୋଲ (ଇଜି) ମାତ୍ରା ଅଧିକ ଥିବା ଜଣାପଡ଼ିଛି। ଛିନ୍ଦୱାଡାରୁ ନିଆଯାଇଥିବା ୧୯ ଔଷଧରୁ ନମୁନା ପରୀକ୍ଷଣରୁ ଏହା ସାମ୍ନାକୁ ଆସିଛି। ମଧ୍ୟପ୍ରଦେଶରେ ଏହି ଦୁଇ ସିରପ ବିକ୍ରି ଏବଂ ମହଜୁଦ ଉପରେ କଟକଣା ଲଗାଇ ଦିଆଯାଇଛି। ଏହାର ତଦନ୍ତ ପାଇଁ ଗୁଜରାଟ ସରକାରଙ୍କୁ ମଧ୍ୟ ଚିଠି ଲେଖାଯାଇଛି।

ଏହା ପୂର୍ବରୁ ତାମିଲନାଡୁ ସରକାରଙ୍କ ଯାଞ୍ଚ କମିଟି କୋଲଡ୍ରିଫ ପ୍ରସ୍ତୁତକାରୀ ଶ୍ରୀସନ ଫାର୍ମାସ୍ୟୁଟିକାଲ୍ସର କାରଖାନାରେ ୩୫୦ରୁ ଅଧିକ ତ୍ରୁଟି ଧରିଛି। ଏହାକୁ କ୍ରିଟିକାଲ ଏବଂ ମେଜର ଶ୍ରେଣୀରେ ରଖାଯାଇଥିଲା। ରିପୋର୍ଟ ଅନୁଯାୟୀ ଏହି କମ୍ପାନୀରେ ଔଷଧ ପ୍ରସ୍ତୁତ କରିବା ପାଇଁ ଯୋଗ୍ୟ ଏବଂ ପ୍ରଶିକ୍ଷିତ କର୍ମଚାରୀ ନ ଥିଲେ। କାରଖାନାର ସ୍ଥିତି ବହୁତ ଖରାପ ଥିଲା। ସଫାସୁତୁରା କରାଯାଉ ନ ଥିଲା। ବାୟୁ ଚଳାଚଳର ସଠିକ ବ୍ୟବସ୍ଥା ମଧ୍ୟ ନ ଥିଲା। ଅନେକ ମେସିନ ଭାଙ୍ଗି ଯାଇ କଳଙ୍କି ଲାଗିଥିଲା। କାରଖାନାରେ ସୁରକ୍ଷା ପାଇଁ ଜରୁରୀ ଉପକରଣ ନ ଥିଲା। ଔଷଧ ପ୍ରସ୍ତୁତ ପାଇଁ ନିମ୍ନମାନର ଏବଂ ଅଣ-ଫାର୍ମା ମାନର ରାସାୟନିକ ବ୍ୟବହାର କରାଯାଇଥିଲା। କମ୍ପାନୀ ବିନା ବିଲ୍‌ରେ ୫୦ କେଜି ପ୍ରୋପାଇଲିନ ଗ୍ଲାଇକୋଲ କ୍ରୟ କରିଥିଲା। ଔଷଧରୁ ଡିଇଜି ଭଳି ବିଷାକ୍ତ କେମିକାଲ ମିଳିଥିଲା। ତରଳ ଔଷଧକୁ ପ୍ଲାଷ୍ଟିକ ପାଇପରେ ସ୍ଥାନାନ୍ତର କରାଯାଉଥିଲା। ଏହା ଦ୍ୱାରା ଔଷଧ ଖରାପ ହୋଇପାରେ।



କାରଖାନାରେ ଔଷଧ ଛାଣିବାକୁ ମଧ୍ୟ କୌଣସି ବ୍ୟବସ୍ଥା ନ ଥିଲା। କାରଖାନାର ଅପରିଷ୍କାର ପାଣିକୁ ସିଧା ନାଳକୁ ଛଡ଼ା ଯାଉଥିଲା। ଏହା ମଧ୍ୟରେ କଫ ସିରପ ମୃତ୍ୟୁକୁ ନେଇ ମଧ୍ୟପ୍ରଦେଶ ସରକାରଙ୍କୁ ବିରୋଧୀ ଦଳ ନେତା ଉମଙ୍ଗ ସିଙ୍ଘାର ତୀବ୍ର ସମାଲୋଚନା କରିଛନ୍ତି। ସେ ଦିଲ୍ଲୀରେ ସାମ୍ବାଦିକ ସମ୍ମିଳନୀ କରି କହିଛନ୍ତି ଯେ କଫ ସିରପ ପିଇବା ଯୋଗୁ କିଡନୀ ଫେଲ ହୋଇ ୧୯ ଶିଶୁଙ୍କ ମୃତ୍ୟୁ ହୋଇଛି। ପରାସିଆରେ ବିଧାୟକ ସୋହନ ବାଲ୍ମିକୀଙ୍କ ପ୍ରଥମ ଶିଶୁର ମୃତ୍ୟୁ ହେବା ପରେ ଜିଲ୍ଲାପାଳଙ୍କଠାରୁ ନେଇ ମୁଖ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ସେ ଚିଠି ଲେଖିଥିଲେ। ବିକ୍ଷୋଭ କରିଥିବା ସତ୍ତ୍ୱେ ସରକାର ଚେଇଁ ନ ଥିଲେ। ଏହା ଦୁର୍ନୀତି ଏବଂ କମିଶନର ମାମଲା। ଏହି ମାମଲାର ନ୍ୟାୟିକ ତଦନ୍ତ ହେବା ଉଚିତ। ଛୋଟ ମୋଟ ଘଟଣାରେ ସରକାର ଲୋକଙ୍କ ଘର ଉପରେ ବୁଲ୍‌ଡୋଜର ଚଢ଼ାଇ ଦେଉଛନ୍ତି। ଏହି ମାମଲାରେ ସ୍ୱାସ୍ଥ୍ୟମନ୍ତ୍ରୀ ତଥା ଉପ-ମୁଖ୍ୟମନ୍ତ୍ରୀ ରାଜେନ୍ଦ୍ର ଶୁକ୍ଲାଙ୍କ ଘର ଉପରେ ବୁଲ୍‌ଡୋଜର ଚଢ଼ାଯିବ କି ବୋଲି କଂଗ୍ରେସ ନେତା ପ୍ରଶ୍ନ କରିଛନ୍ତି।

# ରାଏବରେଲିରେ ଯୁବକଙ୍କୁ ପିଟି ପିଟି ହତ୍ୟା

**ରାଏବରେଲି, ୭।୧୦ (ଏଜେନ୍ସି):** ଉତ୍ତର ପ୍ରଦେଶ ରାଏବରେଲିରେ ଈଶ୍ୱରଦାସପୁର ଗ୍ରାମରୁ ମାନବିକତାକୁ ଲଜ୍ଜିତ କଲା ଭଳି ଏକ ମାମଲା ସାମ୍ନାକୁ ଆସିଛି। ଏଠାରେ ଏକ ଯୁବକଙ୍କୁ ପିଟି ପିଟି ଲୋକେ ହତ୍ୟା କରିଛନ୍ତି। ରେଳଧାରଣ ନିକଟରୁ ତାଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଏହି ଯୁବକଙ୍କୁ ଅଧମରା କରି ଏଠାରେ ପକାଇ ଦିଆଯାଇଥିଲା। ତାଙ୍କ ଶରୀର ଏବଂ ଗୁପ୍ତାଙ୍ଗରେ କ୍ଷତ ଚିହ୍ନ ରହିଛି। ସାରା ଶରୀରରେ ନୀଳ ଏବଂ କଳା ଦାଗ ଦେଖାଯାଉଛି। ଗତ ୨ ତାରିଖରେ ପୀଡ଼ିତ ହରିଓମ୍ (୩୮)ଙ୍କ ହତ୍ୟା କରାଯାଇଥିଲା। ସୂଚନା ଅନୁଯାୟୀ ଗତ ୧ ତାରିଖରେ ରାତିରେ ପରବା ଗ୍ରାମର ବାସିନ୍ଦା ହରିଓମ ଈଶ୍ୱରଦାସପୁର ଯାଉଥିଲେ। ଏହି ସମୟରେ ତାଙ୍କୁ ୨୫ ଗ୍ରାମବାସୀ ଧରି ପକାଇ ଚୋର କହି ପିଟିବା ଆରମ୍ଭ କରିଥିଲେ। ମାତ୍ର ଚୋର ନୁହେଁ ବୋଲି କହିବା ସତ୍ତ୍ୱେ ଲୋକେ ତାକୁ ଛାଡ଼ି ନ ଥିଲେ। ଅନବରତ ଭାବେ ନୃଶଂସ ଭଳି ବେଲ୍ଟ, ବାଡି ମାଡ଼ ମାରିଥିଲେ। ଅର୍ଦ୍ଧନଗ୍ନ କରି ସାର୍ଟରେ ହାତ ବାନ୍ଧି ଦେଇଥିଲେ। ଏହାର ସୂଚନା ପାଇ ପୁଲିସ ପହଞ୍ଚି ଥିଲେ ମଧ୍ୟ କୌଣସି ପଦକ୍ଷେପ ନ ନେଇ ପଳାଇ ଆସିଥିଲା। ଏହା ପରେ ଲୋକେ ଅଧମରା କରି ରେଳଧାରଣା କଡ଼ରେ ଫୋପାଡ଼ି ଚାଲି ଯାଇଥିଲେ। ଏହି ମାମଲାକୁ ନେଇ କଂଗ୍ରେସର ରାଏବରେଲି ସାଂସଦ ରାହୁଲ ଗାନ୍ଧୀ ଏବଂ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡଗେ ସରକାରଙ୍କୁ ତୀବ୍ର ସମାଲୋଚନା କରିଛନ୍ତି। ସେ କହିଛନ୍ତି ଯେ ଦଳିତ ଯୁବକ ହରିଓମଙ୍କ ହତ୍ୟା କେବଳ ଜଣେ ମନୁଷ୍ୟର ନୁହେଁ, ବରଂ ମାନବିକତା, ସମ୍ବିଧାନ ଏବଂ ନ୍ୟାୟକୁ ମାରି ଦିଆଯାଇଛି। ଦେଶରେ ଘୃଣା, ହିଂସା ଏବଂ ଉପଦ୍ରବୀଙ୍କୁ ସରକାରୀ ସଂରକ୍ଷଣ ମିଳୁଛି। ସମ୍ବିଧାନର ସ୍ଥାନ ବୁଲ୍‌ଡୋଜର ଏବଂ ନ୍ୟାୟର ବଦଳରେ ଭୟ ସୃଷ୍ଟି ହେଉଛି। କିନ୍ତୁ ଏହି ଦେଶ ସମ୍ବିଧାନରେ ଚାଲିବ, ଉପଦ୍ରବୀଙ୍କ ଦ୍ୱାରା ନୁହେଁ। ଭାରତର ଭବିଷ୍ୟତ ସମାନତା ଏବଂ ମାନବିକତା ଉପରେ ତିଷ୍ଠିଛି। ଏହା ସହିତ ରାହୁଲ ହରିଓମଙ୍କ ପରିବାର ସହ ଫୋନ କରି କଥା ହୋଇଛନ୍ତି। ତାଙ୍କୁ ନ୍ୟାୟର ଆଶ୍ୱାସନା ଦେଇଛନ୍ତି।

# ୪୦ ହଜାର ଆଇଫୋନ୍ ଚୋରାଇ ପଠାଇ ଥିଲେ ଚୀନ୍

**ଲଣ୍ଡନ, ୭।୧୦ (ଏଜେନ୍ସି):** ବ୍ରିଟେନ ପୁଲିସ ଏକ ଅନ୍ତର୍ଜାତୀୟ ଚୋର ଗ୍ୟାଙ୍ଗର ପର୍ଦ୍ଦାଫାସ କରିଛି। ଏହାର ସଦସ୍ୟ ଦେଶରୁ ଆଇଫୋନ ଚୋରି କରି ବିଦେଶକୁ ଚାଲାଣ କରୁଥିଲେ। ବର୍ଷରେ ମଧ୍ୟରେ ଏହି ଅପରାଧି ଗୋଷ୍ଠୀ ୪୦ ହଜାରରୁ ଅଧିକ ଆଇଫୋନ ଚୋରି କରି ଚୀନ୍ ପଠାଇ ଥିଲେ। ଫୋନ୍ ଚୋରଙ୍କ ବିରୋଧରେ ଦେଶର ସବୁଠାରୁ ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ପୁଲିସ ୧୮ ଜଣଙ୍କୁ ଗିରଫ କରିଛି। ଏମାନଙ୍କ ମଧ୍ୟରେ ଜଣେ ଭାରତୀୟ ଏବଂ ଦୁଇ ଜଣ ଆଫଗନ ନାଗରିକ ସାମିଲ ଅଛନ୍ତି। ଏହି ଚୋରଙ୍କ ନିକଟରୁ ୨ ହଜାରରୁ ଅଧିକ ଫୋନ ମଧ୍ୟ ଜବତ କରାଯାଇଛି। ଲଣ୍ଡନରୁ ଚୋରି କରିଥିବା ମୋଟ୍ ଫୋନ୍‌ର ୫୦ ପ୍ରତିଶତକୁ ବିଦେଶ ପଠାଇ ଥିଲେ ବୋଲି ପୁଲିସ ଦାବି କରିଛି। ଗତ ବର୍ଷ କ୍ରିସମାସରେ ପ୍ରଥମେ ଏହି ଘଟଣା ସାମ୍ନାକୁ ଆସିଥିଲା। ଆଇଫୋନ ଚୋରି ହେବାରୁ ଜଣେ ବ୍ୟକ୍ତି ମେଟ୍ରୋପଲିଟାନ ପୁଲିସକୁ ଅଭିଯୋଗ କରିଥିଲେ। ଯାଞ୍ଚ ପରେ ହିଥ୍ରୋ ବିମାନବନ୍ଦର ନିକଟରେ ଥିବା ଏକ ଗୋଦାମରୁ ଏହାର ଲୋକେସନ ମିଳିଥିଲା। ଏଠାରେ ଚଢ଼ଉ କରି ଏକ ଡବାରେ ଥିବା ୮୯୪ ଫୋନ ଜବତ କରିଥିଲା। ତଦନ୍ତ ପରିସର ବଢ଼ିବାରୁ ସମ୍ପୂର୍ଣ୍ଣ ର୍ୟାକେଟର ପର୍ଦ୍ଦାଫାସ ହୋଇଥିଲା। ଚୋରଙ୍କୁ ଆଇଫୋନ ପିଛା ୩୦୦ ପାଉଣ୍ଡ ମିଳୁଥିଲା। ଚୀନ୍‌ରେ ଏହାକୁ ୪ ହଜାର ପାଉଣ୍ଡରେ ବିକ୍ରି କରାଯାଉଥିଲା।

# ୬୦ କୋଟିର ଠକେଇ ମାମଲାରେ ଶିଳ୍ପାଙ୍କୁ ଜେରା କଲା ଇଓଡବ୍ଲ୍ୟୁ

**ମୁମ୍ବଇ, ୭।୧୦ (ଏଜେନ୍ସି):** ବଲିଉଡ ଅଭିନେତ୍ରୀ ଶିଳ୍ପା ସେଟ୍ଟୀଙ୍କୁ ମୁମ୍ବାଇର ଆର୍ଥିକ ଅପରାଧ ଶାଖା (ଇଓଡବ୍ଲ୍ୟୁ) ଜେରା କରିଛି। ୬୦ କୋଟି ଟଙ୍କାର ଠକେଇ ମାମଲାରେ ସୋମବାର ମୁମ୍ବଇ ସ୍ଥିତ ବାସଭବନରେ ଶିଳ୍ପାଙ୍କୁ ସାଢେ ଚାରି ଘଣ୍ଟା ପର୍ଯ୍ୟନ୍ତ ପଚରାଉଚୁରା କରାଯାଇଛି। ଏହି ମାମଲାରେ ଅଭିନେତ୍ରୀଙ୍କ ସ୍ୱାମୀ ତଥା ବ୍ୟବସାୟୀ ରାଜ କୁନ୍ଦ୍ରା ମଧ୍ୟ ଅଭିଯୁକ୍ତ ଅଛନ୍ତି। ଏହାକୁ ନେଇ ତାଙ୍କ ସହିତ ୫ ଜଣଙ୍କ ବୟାନ ରେକର୍ଡ କରାଗଲାଣି। ସୂଚନା ଅନୁଯାୟୀ ଗତ ଅଗଷ୍ଟରେ ଶିଳ୍ପା ଏବଂ ରାଜଙ୍କ ବିରୋଧରେ ୬୦ କୋଟିର ଠକେଇ ମାମଲା ରୁଜୁ କରିଥିଲେ। ଏଥିରେ ସେ କହିଥିଲେ ଯେ ଏଜେଣ୍ଟ ରାଜେଶ ଆର୍ଯ୍ୟାଙ୍କ ମାଧ୍ୟମରେ ସେ ଶିଳ୍ପା ଏବଂ କୁନ୍ଦ୍ରାଙ୍କୁ ଭେଟିଥିଲେ। ସେ ସମୟରେ ଉଭୟେ ବେଷ୍ଟ ଡିଲ୍ ଟିଭିର ନିର୍ଦ୍ଦେଶକ ଥିଲେ। ଶିଳ୍ପାଙ୍କ ପାଖରେ କମ୍ପାନୀର ୮୭ ପ୍ରତିଶତ ସେୟାର ଥିଲା। ଏକ ବୈଠକ ପରେ ଏହି ଦମ୍ପତିଙ୍କ କମ୍ପାନୀଙ୍କୁ ଦୀପକ ଋଣ ଦେବେ ବୋଲି ଧାର୍ଯ୍ୟ ହୋଇଥିଲା। ବାର୍ଷିକ ୧୨ ପ୍ରତିଶତ ସୁଧରେ ୭୫ କୋଟି ଟଙ୍କା ଦେବାକୁ ନିଷ୍ପତ୍ତି ନିଆଯାଇଥିଲା। ପରେ ଟିକସ ସମସ୍ୟାକୁ ଦେଖି ଏହାକୁ ନିବେଶ ଭାବେ ଦେଖାଇବା ପାଇଁ ଶିଳ୍ପା କୋଠାରିଙ୍କୁ ଅନୁରୋଧ କରିଥିଲେ। ପ୍ରତି ମାସରେ ରିଟର୍ଣ୍ଣ ଦେବେ ବୋଲି କହିଥିଲେ। ମାତ୍ର ୨୦୧୫ ଏବଂ ୨୦୧୬ରେ ଟଙ୍କା ପାଇବା ପରେ ଶିଳ୍ପା ଅର୍ଥ ଫେରାଇ ନ ଥିଲେ।

# ସଡ଼କ ସୁରକ୍ଷା ପାଇଁ ରାଜ୍ୟଙ୍କୁ ୬ ମାସ କଣ୍ଟଦେଲେ ସୁପ୍ରିମକୋର୍ଟ

**ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** 'ମୋଟର ଯାନ ଆଇନ' ଅଧିନରେ ସଡ଼କ ସୁରକ୍ଷା ନିୟମକୁ କଡ଼ାକଡ଼ି ଭାବେ ପାଳନ ପାଇଁ ସୁପ୍ରିମକୋର୍ଟ ସବୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳକୁ ୬ ମାସ ସମୟ ଦେଇଛନ୍ତି। ଏହି ଅବଧି ଭିତରେ କାର୍ଯ୍ୟଖସଡ଼ା ପ୍ରସ୍ତୁତ କରି ନିୟମ ଜାରି କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ସହିତ ଜାତୀୟ ରାଜପଥ ବ୍ୟତୀତ ଅନ୍ୟ ରାସ୍ତାର ଡିଜାଇନ୍, ନିର୍ମାଣ ଏବଂ ରକ୍ଷଣାବେକ୍ଷଣ ପାଇଁ ମାନଦଣ୍ଡ ଧାର୍ଯ୍ୟ କରିବାକୁ ସବୁ ରାଜ୍ୟଙ୍କୁ ଜଷ୍ଟିସ ଜେପି ପାରଦିୱାଲା ଏବଂ କେଭି ବିଶ୍ୱନାଥାନଙ୍କ ଖଣ୍ଡପୀଠ କହିଛନ୍ତି। ଜାତୀୟ ରାଜପଥ ଏବଂ ଅନ୍ୟ ସାର୍ବଜନୀନ ସ୍ଥାନରେ ପଦଯାତ୍ରୀ ଏବଂ ଅଣ-ମୋଟର ଚାଳିତ ଯାନବାହନ ସୁରକ୍ଷାକୁ ନେଇ ପର୍ଯ୍ୟାପ୍ତ ବ୍ୟବସ୍ଥା ନିମନ୍ତେ ମଙ୍ଗଳବାର ବିସ୍ତୃତ ନିର୍ଦ୍ଦେଶ ଜାରି କରିଛନ୍ତି। ହେଲମେଟ ନ ପିନ୍ଧିବା, ଭୁଲ ଲେନରେ ଗାଡି ଚଲାଇବା ଏବଂ ଗାଡିରେ ଅନଧିକୃତ ହର୍ଣ୍ଣ ବଜାଇବା ଭଳି ସଡ଼କ ସୁରକ୍ଷା ସହ ଜଡ଼ିତ ବିଭିନ୍ନ ଦିଗ ଉପରେ କଠୋର ନିୟମ ଆଣିବା ପାଇଁ କହିଛନ୍ତି।

# ରୁଷ୍ ପକ୍ଷରୁ ଯୁଦ୍ଧ ଲଢୁଥିବା ଭାରତୀୟ ଛାତ୍ରଙ୍କ ଆତ୍ମସମର୍ପଣ

**କିଭ, ୭।୧୦ (ଏଜେନ୍ସି):** ରୁଷ ପକ୍ଷରୁ ଯୁଦ୍ଧ ଲଢୁଥିବା ଭାରତୀୟ ଛାତ୍ର ମୋଜିବ ସାହିଲ ମହମ୍ମଦ ହୁସେନ ୟୁକ୍ରେନ ସେନା ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେ ଗୁଜରାଟ ମୋରବି ସହରର ବାସିନ୍ଦା। ପାଠପଢ଼ିବାକୁ ସେ ରୁଷ ଯାଇଥିଲେ। ୟୁକ୍ରେନ ପକ୍ଷରୁ କୁହାଯାଇଛି ଯେ ମୋଜିତଙ୍କୁ ନିଶା ସେବନ ମାମଲାରେ ୭ ବର୍ଷ ଜେଲ୍ ଦଣ୍ଡ ହୋଇଥିଲା। ଜେଲ୍‌ରୁ ବର୍ତ୍ତିବା ଲାଗି ତାଙ୍କୁ ଯୁଦ୍ଧ ଲଢିବାକୁ କୁହାଯାଇଥିଲା। ୧୬ ଦିନର ପ୍ରଶିକ୍ଷଣ ପରେ ସେ ଗତ ୧ ତାରିଖରେ ଯୁଦ୍ଧରେ ସାମିଲ ହୋଇ ତିନି ଦିନ ପରେ ଆତ୍ମସମର୍ପଣ କରିଥିଲେ।

# ନିଜକୁ ଗୁଳି ମାରି ଆଇପିଏସ୍‌ଙ୍କ ଆତ୍ମହତ୍ୟା

**ଚଣ୍ଡିଗଡ଼, ୭।୧୦ (ଏଜେନ୍ସି):** ହରିୟାଣାର ବରିଷ୍ଠ ଆଇପିଏସ ଅଧିକାରୀ ୱାଇ ପୂରନ କୁମାର ମଙ୍ଗଳବାର ଦ୍ୱିପହରେ ଆତ୍ମହତ୍ୟା କରିଛନ୍ତି। ସେ ଚଣ୍ଡିଗଡ଼ର ସେକ୍ଟର-୧୧ ସ୍ଥିତ ବାସଭବନରୁ ନିଜ ସର୍ଭିସ ରାଇଫଲରୁ ନିଜକୁ ଗୁଳି ମାରିଛନ୍ତି। ଏହାର ସୂଚନା ମିଳିବା ପରେ ବରିଷ୍ଠ ପୁଲିସ ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଲାଞ୍ଚ ମାଗିବା ମାମଲାରେ ତାଙ୍କ ବ୍ୟକ୍ତିଗତ ଗାର୍ଡ ଗିରଫ ହେବା ପରେ ସେ ଏଭଳି ଚରମ ପଦକ୍ଷେପ ନେଇଥିଲେ। ଜେରା ସମୟରେ ପୁରନ୍‌ଙ୍କ ପାଇଁ ସେ ଲାଞ୍ଚ ମାଗୁଥିବା କହିଥିଲେ। ଆଇଏଏସ ଅଧିକାରୀ ମହମ୍ମଦ ସାଇନ ଏବଂ ବିଜୟ ଦହିଆ ଘଟଣାସ୍ଥଳରେ ପହଞ୍ଚି କୋଠାରେ ଥିବା ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଚଣ୍ଡିଗଡ଼ ଏସଏସପି କୱଁରଦୀପ କୌର କହିଛନ୍ତି ଯେ ୨୦୦୧ ବ୍ୟାଚ୍‌ର ଆଇପିଏସ ପୁରନ କୁମାରଙ୍କ ମୁଣ୍ଡରେ କ୍ଷତ ଚିହ୍ନ ରହିଛି। ଏବେ ଏ ବିଷୟରେ କିଛି କହିହେବ ନାହିଁ।



ସୂଚନା ଅନୁଯାୟୀ ଗତ ୨୯ ତାରିଖରେ ରୋହତକର ସୁନାରିଆ ସ୍ଥିତ ପୁଲିସ ଟ୍ରେନିଂ କଲେଜ (ପିଟିସି)ରେ ଆଇଜି ଭାବେ ପୁରନଙ୍କୁ ମୁତୟନ କରାଯାଇଥିଲା। ସେ ୭ ତାରିଖ ପର୍ଯ୍ୟନ୍ତ ଛୁଟିରେ ଥିଲେ ବୋଲି କୁହାଯାଉଛି। ମାତ୍ର ହରିୟାଣା ପୁଲିସ ପାଖରେ ଏ ସମ୍ବନ୍ଧିତ କୌଣସି ସୂଚନା ନାହିଁ। ପୁରନଙ୍କ ପତ୍ନୀ ଅମନୀତ ପି. କୁମାର ଜଣେ ବରିଷ୍ଠ ଆଇଏଏସ ଅଧିକାରୀ। ସେ ଏବେ ମୁଖ୍ୟମନ୍ତ୍ରୀ ନାଏବ ସିଂହ ସାଇନିଙ୍କ ପ୍ରତିନିଧିମଣ୍ଡଳରେ ଜାପାନ ଗସ୍ତରେ ଯାଇଛନ୍ତି। ଏହି ପ୍ରତିନିଧିମଣ୍ଡଳ ମଙ୍ଗଳବାର ସନ୍ଧ୍ୟାରେ ଭାରତ ଫେରିବ। ଅମନୀତ ଏବେ ବେସାମରିକ ବିମାନ ଚଳାଚଳ ବିଭାଗର ସଚିବ ଅଛନ୍ତି। ଚଣ୍ଡିଗଡ଼ ସେକ୍ଟର-୧୬ ସ୍ଥିତ ମେଡିକାଲ କଲେଜ ଆଣ୍ଡ ହସ୍ପିଟାଲରେ ପୁରନଙ୍କ ବ୍ୟବଚ୍ଛେଦ ହେବ। ସେ ୨୦୩୩ ମେ' ୩୧ରେ ଅବସରଗ୍ରହଣ କରିଥାନ୍ତେ। ପୁରନ ଏବଂ ଅମନୀତଙ୍କ ଦୁଇ ଝିଅ ଅଛନ୍ତି। ଜଣେ ଚଣ୍ଡିଗଡ଼ରେ ଏବଂ ଅନ୍ୟ ଜଣେ ବିଦେଶରେ ପାଠ ପଢୁଛନ୍ତି।

**ମୁଖ୍ୟମନ୍ତ୍ରୀଙ୍କ ସହ ଜାପାନ ଗସ୍ତରେ ଯାଇଛନ୍ତି ଆଇଏଏସ ପତ୍ନୀ**


ସୂଚନା ଅନୁଯାୟୀ ପୁରନ ତିନି ମହଲା କୋଠାର ବେସମେଣ୍ଟ (ତଳ ମହଲା)ରେ ଆତ୍ମହତ୍ୟା କରିଛନ୍ତି। ସେ ଝିଅ ସହ ସକାଳେ ପ୍ରଥମ ମହଲାରେ ଥିଲେ। ପରେ ତଳ ମହଲାକୁ ଯାଇ ଚୌକିରେ ବସି ଆତ୍ମହତ୍ୟା କରିଥିଲେ। କିଛି ସମୟ ପରେ ଝିଅ ତଳକୁ ଯିବା ପରେ ବାପାଙ୍କ ରକ୍ତ ଜୁଡୁବୁଡ଼ ମୃତଦେହ ଦେଖିବାକୁ ପାଇ ପୁଲିସକୁ ସୂଚନା ଦେଇଥିଲେ। ଏହି କୋଠାର ବାହାରେ ଜଣେ ସିକ୍ୟୁରିଟି ଗାର୍ଡ ମୁତୟନ ଥିଲେ। ତେବେ ସେ ପିସ୍ତଲ ଶବ୍ଦ ଶୁଣି ନ ଥିବା କହିଛନ୍ତି। ଅନ୍ୟପକ୍ଷରେ ଏହି ଆଇପିଏସ ବିଭିନ୍ନ ଘଟଣାକୁ ନେଇ ଚର୍ଚ୍ଚାରେ ଥିଲେ। ସେ ୨୦୨୦ରେ ଛୁଟି ଦିନରେ ମନ୍ଦିର ଯିବାକୁ ନେଇ ବିବାଦ ହେବାରୁ ପୂର୍ବତନ ଡିଜିପିଙ୍କ ବିରୋଧରେ ଅମ୍ବାଲା ଏସ୍‌ପିଙ୍କୁ ଅଭିଯୋଗ କରିଥିଲେ। ଏହା ସହିତ ଅନୁସୂଚିତ ଜାତିର ଅଧିକାରୀଙ୍କ ଫିଲ୍ଡ ପୋଷ୍ଟିଂରେ ଭେଦଭାବ ପ୍ରସଙ୍ଗ ଉଠାଇ ଥିଲେ। ସେ ୨୦୨୪ରେ ହରିୟାଣା ବିଧାନସଭା ନିର୍ବାଚନ ସମୟରେ ଆଇପିଏସ ଅଧିକାରୀଙ୍କ ପୋଷ୍ଟିଂକୁ ନେଇ ନିର୍ବାଚନ କମିଶନଙ୍କୁ ଅଭିଯୋଗ କରିଥିଲେ। ଅଧିକାଂଶ କ୍ଷମତାସୀନ ଦଳର ଘନିଷ୍ଠ ଥିବାରୁ ବଦଳି ହେବା ଉଚିତ ବୋଲି କହିଥିଲେ। ସେହିପରି ଗତ ବର୍ଷ ନୂଆ ଇନୋଭା କାର୍ ନ ମିଳିବାରୁ ନିଜର ପୁରୁଣା ହୋଣ୍ଡା ସିଟି କାର୍ ଫେରାଇ ଦେଇଥିଲେ। ମୁଖ୍ୟ ସଚିବଙ୍କୁ ଚିଠି ଲେଖି ଅଧିକାରୀଙ୍କୁ ଗାଡ଼ି ପ୍ରଦାନର ବ୍ୟବସ୍ଥା ଉପରେ ପ୍ରଶ୍ନ ଉଠାଇ ଥିଲେ।

**ଗାଜା ଯୁଦ୍ଧକୁ ଦୁଇ ବର୍ଷ**

# ୬୫ ହଜାରରୁ ଊର୍ଦ୍ଧ୍ୱ ମୃତ, ୯୦% ସ୍କୁଲ ଧ୍ୱଂସ

**ଗାଜା, ୭।୧୦ (ଏଜେନ୍ସି):** ହମାସ ଆକ୍ରମଣରୁ ଆରମ୍ଭ ହୋଇଥିବା ଗାଜା ଯୁଦ୍ଧକୁ ମଙ୍ଗଳବାରୁ ଦୁଇ ବର୍ଷ ପୂରଣ ହୋଇଛି। କ୍ରମାଗତ ବୋମା ମାଡ଼ ଏବଂ ସାମରିକ କାର୍ଯ୍ୟାନୁଷ୍ଠାନ ଯୋଗୁଁ ଗାଜା ଷ୍ଟ୍ରିପ୍ ଧ୍ୱଂସସ୍ତୁପରେ ପରିଣତ ହୋଇଯାଇଛି। ମିଳିତ ଜାତିସଂଘ (ୟୁଏନ)ର ସାଟେଲାଇଟ ରିପୋର୍ଟ ଅନୁଯାୟୀ ଯୁଦ୍ଧ ପାଇଁ ଗାଜାର ୮୦ ପ୍ରତିଶତ କୋଠା କ୍ଷତିଗ୍ରସ୍ତ ହୋଇଛି। ପ୍ରାୟ ୯୦ ପ୍ରତିଶତ ସ୍କୁଲ ଭୂତକୋଠିରେ ପରିଣତ ହୋଇଯାଇଛି। ୧୮ ହଜାର ଶିଶୁଙ୍କ ସମେତ ୬୫ ହଜାରରୁ ଅଧିକ ଲୋକ ପ୍ରାଣ ହରାଇଛନ୍ତି। ୩୯, ୩୮୪ ଶିଶୁ ନିଜ ମାତାପିତାଙ୍କ ମଧ୍ୟରୁ ଜଣକୁ ହରାଇଛନ୍ତି। ୧୭ ହଜାର ଶିଶୁ ମାତାପିତା ଉଭୟଙ୍କୁ ହରାଇଛନ୍ତି। ହଜାର ହଜାର ଲୋକ ଆହତ ହୋଇଛନ୍ତି। ୯୮.୫ ପ୍ରତିଶତ କ୍ଷେତ ନଷ୍ଟ ହୋଇଯାଇଛି। ଲକ୍ଷାଧିକ ପାଲେଷ୍ଟିନୀୟ ଟେଣ୍ଟରେ ରହିବାକୁ ବାଧ ହେଉଛନ୍ତି। ଏଠାରେ ଖାଦ୍ୟ, ପାନୀୟ, ବିଦ୍ୟୁତ ଏବଂ ଚିକିତ୍ସା ବିନା କାଳତିପାତ କରୁଛନ୍ତି। ଭୋକ ଉପାସରେ ମୃତ୍ୟୁକୁ ଅପେକ୍ଷା କରି ରହିଛନ୍ତି। ଗାଜା ଅସହାୟଙ୍କ ସହର ପାଲଟି ଯାଇଛି। ଚାରିଆଡେ ଯୁଦ୍ଧ ବିଭୀଷିକା ଦେଖିବାକୁ ମିଳୁଛି। ୮୦ ପ୍ରତିଶତ ଅଞ୍ଚଳ ମିଲିଟାରୀ ଜୋନ୍ ହୋଇଯାଇଛି। ଏଠାରେ ସାଧାରଣ ନାଗରିକଙ୍କ ପ୍ରବେଶ ନିଷିଦ୍ଧ ରହିଛି। ଏହା ସହର ନୁହେଁ, ବରଂ ଜୀବିତ ଲୋକଙ୍କ କ୍ୟାମ୍ପ ହୋଇ ରହିଛି ବୋଲି ଉଦ୍ଧାରକାରୀ ଏଜେନ୍ସିଙ୍କ ପକ୍ଷରୁ କୁହାଯାଇଛି।

୨୦୨୩ ଅକ୍ଟୋବର ୭ରେ ଆତଙ୍କବାଦୀ ସଂଗଠନ ହମାସ ଅନୁପ୍ରବେଶ କରି ଅନେକ ଇସ୍ରାଏଲ ନାଗରିକଙ୍କୁ ହତ୍ୟା କରିଥିଲା। ୨୫୧ ଜଣଙ୍କୁ ପଣବନ୍ଦୀ କରି ରଖିଥିଲା। ଏହାକୁ ନେଇ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁ ତୁରନ୍ତ ଯୁଦ୍ଧ ଘୋଷଣା କରି ହମାସ ଉପରେ ଆକ୍ରମଣ ଆରମ୍ଭ କରି ଦେଇଥିଲେ। ଏହି ଯୁଦ୍ଧ ଯୋଗୁଁ ଗାଜାର ୨୩ ଲକ୍ଷ ଲୋକଙ୍କ ମଧ୍ୟରୁ ୯୦ ପ୍ରତିଶତ ବାସ ହରାଇ ଥିଲେ। ଯୁଦ୍ଧରେ ଅଧାରୁ ଅଧିକ ଘର ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଇଛି। ଏହା ଦ୍ୱାରା ପ୍ରାୟ ୪.୫ ଲକ୍ଷ କୋଟି ଟଙ୍କା କ୍ଷତି ହୋଇଛି। ଗାଜାରେ ୫୪ ନିୟୁତ ଟନ୍‌ରୁ ଅଧିକ ଅବଶେଷ ଗଦା ହୋଇ ରହିଛି। ଏହାକୁ ସଫା କରିବା ପାଇଁ ୧୦ ବର୍ଷ ଏବଂ ୧.୨ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ ହେବ ବୋଲି ବିଶେଷଜ୍ଞ କହିଛନ୍ତି। ଇସ୍ରାଏଲ ଏକ କିମିର ବଫର ଜୋନ ଏବଂ ୪ ସୈନ୍ୟ କରିଡର ଗଠନ କରିଛି। ମୋରାଗ କରିଡର ଗାଜାକୁ ଦୁଇ ଭାଗରେ ବିଭାଜିତ କରିଦେଇଛି। ଏବେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ୨୦ ସୂତ୍ରୀ ଶାନ୍ତି ପ୍ରସ୍ତାବକୁ ଇସ୍ରାଏଲ ସମ୍ପୂର୍ଣ୍ଣ ଏବଂ ହମାସ ଆଂଶିକା ଭାବେ ସ୍ୱୀକାର କରିଥିବାରୁ ଯୁଦ୍ଧ ବନ୍ଦ ହେବାର ଆଶା ପ୍ରକାଶ ପାଇଛି।



■ ଅଙ୍ଗନବାଡ଼ି ଶିଶୁଙ୍କୁ ନିମ୍ନମାନର ଖାଦ୍ୟ

## ସିଡିପିଓଙ୍କୁ ଅଟକ ରଖିଲେ ଗ୍ରାମବାସୀ




ଖୁଣ୍ଟା, ୭।୧୦ (ସମିସ): ଖୁଣ୍ଟା ବ୍ଲକ ଡୁକୁରା ଗ୍ରାମ ପଞ୍ଚାୟତ ଚୁନୁଡ଼ିହା ଅଙ୍ଗନବାଡ଼ି କେନ୍ଦ୍ରରେ ଶିଶୁ ଏବଂ ଗର୍ଭବତୀଙ୍କୁ ନିମ୍ନମାନର ଖାଦ୍ୟ ଖାଇବାକୁ ଦିଆଯାଉଥିବା ନେଇ ଅଭିଯୋଗ ହୋଇଥିଲା। ଅଭିଯୋଗର ଯାଞ୍ଚ ପାଇଁ ସୋମବାର ସିଡିପିଓ ଏବଂ ଦୁଇଜଣ କର୍ମଚାରୀ ପହଞ୍ଚିଥିଲେ। ହେଲେ ଗ୍ରାମବାସୀ ସେମାନଙ୍କୁ ଅଟକ ରଖିଥିଲେ। ଗର୍ଭବତୀ ଓ ଶିଶୁଙ୍କୁ ଦୁର୍ଗନ୍ଧ ଓ ପୋକ ଥିବା ଛତୁଆ, ଲଡୁ, ବୁଟ, ଖଜୁରୀ ଆଦି ନିମ୍ନମାନର ଖାଦ୍ୟ ଦିଆଯାଉଥିବା ନେଇ ଗତ ୬ ତାରିଖରେ ଗ୍ରାମବାସୀ ସିଡିପିଓ ସୁଜାତା ନଳିନୀ ବେହେରାଙ୍କୁ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପାଇ ସୋମବାର ସିଡିପିଓ, ସୁପରଭାଇଜର ଓ ପୋଷଣ କର୍ମୀ ଘଟଣାସ୍ଥଳରେ ପହଞ୍ଚିଥିଲେ। ତେବେ କର୍ମଚାରୀଙ୍କ କାର୍ଯ୍ୟରେ ଗ୍ରାମବାସୀ ଅସନ୍ତୋଷ ପ୍ରକାଶ କରି ସେମାନଙ୍କୁ ଅପରାହ୍ଣ ଯାଏ ଅଟକ ରଖିଥିଲେ। ଛତୁଆ ଯୋଗାଣକାରୀ ଡୁକୁରାର ଇନ୍ଦିରା ସ୍ୱୟଂ ସହାୟକ ଗୋଷ୍ଠୀ ଉପରେ କାର୍ଯ୍ୟାନୁଷ୍ଠାନ ନେଇ ପ୍ରତିଶ୍ରୁତି ମିଳିବା ପରେ ସିଡିପିଓଙ୍କୁ ଗ୍ରାମବାସୀ ଛାଡ଼ି ଦେଇଥିଲେ। ଏନେଇ ଖୁଣ୍ଟା ବିଡିଓ ସତ୍ୟଜିତ ରାଉତଙ୍କୁ ପଚାରିବାରୁ ନିୟମିତ ଖାଦ୍ୟ ଯାଞ୍ଚ ପାଇଁ ସିଡିପିଓଙ୍କୁ ନିର୍ଦ୍ଦେଶ ଦେଇଥିବା କହିଥିଲେ।

ଗଞ୍ଜାମରେ ବିଜେପି ନେତାଙ୍କ ହତ୍ୟା ଘଟଣାରେ ବିଜେଡିର ପ୍ରତିକ୍ରିୟା

# ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଅଣାୟତ୍ତ: ବିଜେଡି

■ ଗତ ଏକ ସପ୍ତାହରେ ଆଇନଶୃଙ୍ଖଳା ସ୍ଥିତି ସାଂଘାତିକ
■ ମୋହନ ସରକାର ଆସିବା ପରେ ଗଞ୍ଜାମରେ ୧୨୮ ହତ୍ୟା

ଭୁବନେଶ୍ୱର, ୭।୧୦ (ସମିସ): ଗତ ଏକ ସପ୍ତାହରେ ଧାରାବାହିକ ଭାବେ ଘଟିଥିବା ଅପରାଧଗୁଡ଼ିକ ଉପରେ ତର୍ଜମା କଲେ, ରାଜ୍ୟର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ସ୍ଥିତି ସ୍ପଷ୍ଟ ହେଉଛି। ମାତ୍ର ରାଜ୍ୟ ବିଜେପି ସରକାର ନିଦାବିଷ୍ଟୁ ସାଜିବା ସହ କୁମ୍ଭକର୍ଣ୍ଣ ନିଦ୍ରାରେ ଶୋଇଛନ୍ତି।



ଆଇନଶୃଙ୍ଖଳାର ସଂଗୀନ ସ୍ଥିତିକୁ ନେଇ ବିରୋଧୀ ଦଳର ଚିତ୍କାର ତାଙ୍କର କର୍ଣ୍ଣପାତ ହେଉନାହିଁ ବୋଲି ଅଭିଯୋଗ କରିଛନ୍ତି ବିଜେଡି ସାଧାରଣ ସମ୍ପାଦକ ତଥା ମୁଖପାତ୍ର ଭୃଗୁ ବକ୍ସିପାତ୍ର। ଗତ ସପ୍ତାହକ ମଧ୍ୟରେ ଆଇନଶୃଙ୍ଖଳା ସ୍ଥିତି ସମ୍ପୂର୍ଣ୍ଣ ଅଣାୟତ୍ତ ହୋଇପଡ଼ିଛି ବୋଲି ସେ କହିଛନ୍ତି।

ଶଙ୍ଖଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ବକ୍ସିପାତ୍ର କହିଥିଲେ ଯେ ସୋମବାର ବ୍ରହ୍ମପୁରରେ ବିଜେପିର ଆଗଧାଡ଼ିର ଜଣେ ନେତା ତଥା ରାଜ୍ୟ ବାର୍ କାଉନସିଲର୍ ସଦସ୍ୟ ପୀତବାସ ପଣ୍ଡାଙ୍କୁ ଦୁଇଜଣ ଦୁର୍ବୃତ୍ତ ଅତି ନିକଟରୁ ଗୁଳି କରି ହତ୍ୟା କରିଛନ୍ତି। ଏହାକୁ ୨୦ଘଣ୍ଟାରୁ ଊର୍ଦ୍ଧ୍ୱ ବିତିଯାଇଥିଲେ ସୁଦ୍ଧା ଏପର୍ଯ୍ୟନ୍ତ ପୁଲିସ ଅପରାଧୀଙ୍କ କୌଣସି ଟେର୍ ପାଇନାହିଁ। ଗତ ୨୪ଘଣ୍ଟାରେ ଗଞ୍ଜାମ ଜିଲ୍ଲାରେ ୩ଟି ହତ୍ୟାକାଣ୍ଡ ଘଟିଛି। ମୋହନ ସରକାର ଆସିବା ପରଠାରୁ କେବଳ ଗଞ୍ଜାମ ଜିଲ୍ଲାରେ ୧୨୮ଟି ହତ୍ୟାକାଣ୍ଡ ଘଟିଲାଣି। ଜିଲ୍ଲାରେ ଲଘୁ ଖଣିଜ ସମ୍ପଦ ଯଥା ବାଲି, ଚିପ୍ସ ଇତ୍ୟାଦିର ଚୋରି, ଲୁଟତରାଜ ଅହେତୁକ ବୃଦ୍ଧି ପାଇଛି। ଏଥିଯୋଗୁଁ ଅପରାଧ ଦିନକୁ ଦିନ ବୃଦ୍ଧି ପାଇ ଚାଲିଛି। ରାଜ୍ୟ ବିଜେପି ସରକାରଙ୍କ ପ୍ରୟୋଜନରେ ଏହି ଲୁଟତ୍‌ରାଜ ଚାଲିଛି ଓ ଏଥିଯୋଗୁଁ ଗଞ୍ଜାମ ଅପରାଧୀଙ୍କ ଚରାଭୂଇଁ ପାଲଟିଛି। ପୂର୍ବରୁ ନବୀନ ସରକାରଙ୍କ ସମୟରେ ଗଞ୍ଜାମରେ ଶାନ୍ତ ପରିବେଶ ସୃଷ୍ଟି ହୋଇଥିଲା ବେଳେ ବିଜେପି ସରକାରଙ୍କ ସମୟରେ ଆଇନଶୃଙ୍ଖଳା ସ୍ଥିତି ବିଗିଡ଼ିଗଲାଣି।

ଶ୍ରୀ ବକ୍ସିପାତ୍ର ଆହୁରି କହିଥିଲେ ଯେ ରାଜ୍ୟରେ ଏବେ ବହୁଚର୍ଚ୍ଚିତ ଘଟଣା ପୁଲିସ ଏସ୍‌ଆଇ ଚାକିରି ବିକ୍ରି ଘଟଣା ବ୍ରହ୍ମପୁର ସହରରୁ ଲୋକଲୋଚନକୁ ଆସିଥିଲା। ଏହି ଘଟଣାରେ ସରକାରଙ୍କ ସମ୍ପୃକ୍ତି ଜଳଜଳ ହୋଇ ଦିଶୁଛି। ସେହିପରି ଚୌଦ୍ୱାରରେ ଥିବା ହାଇସିକ୍ୟୁରିଟି ଜେଲରୁ ଦୁଇ କୁଖ୍ୟାତ ଅପରାଧୀ ଜେଲରୁ ଫେରାର୍ ହୋଇଯିବାରେ ସକ୍ଷମ ହୋଇଛନ୍ତି। ଭାଇଚାରା ସହର କଟକରେ ସାମ୍ପ୍ରଦାୟିକ ଦଙ୍ଗା ଭଳି ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇ ୩୬ ଘଣ୍ଟା ପାଇଁ କର୍ଫ୍ୟୁ ଲଗାଇବାକୁ ପଡ଼ୁଛି। ଆଜି ସକାଳେ ପୁରୀ ଜିଲ୍ଲାରେ ଲକ୍ଷ୍ମୀ ବସ୍ ଭିତରେ ପଶି ଜଣେ ଦୁର୍ବୃତ୍ତ କଟୁରୀରେ ଯାତ୍ରୀଙ୍କ ଉପରେ ଅତର୍କିତ ଆକ୍ରମଣ କରିବା ଯୋଗୁଁ ଅନ୍ୟୁନ ୭ଜଣ ଗୁରୁତର ହୋଇ ହସ୍ପିଟାଲରେ ଚିକିତ୍ସିତ ହେଉଛନ୍ତି। ରାଜ୍ୟରେ ମହିଳାମାନେ ଅସୁରକ୍ଷିତ ହୋଇପଡ଼ିଛନ୍ତି। ଦୁଷ୍କର୍ମ, ଅସଦାଚରଣ, ନାରୀ ନିର୍ଯାତନା, ହତ୍ୟା ଇତ୍ୟାଦି ଘଟଣା ପ୍ରତିଦିନ ଖବରକାଗଜଗୁଡ଼ିକରେ ଶିରୋନାମା ପାଲଟୁଛି। କିନ୍ତୁ ସରକାର ନିଜ ପ୍ରଚାରରେ ବ୍ୟସ୍ତ ଅଛନ୍ତି। ଡବଲ୍ ଇଞ୍ଜିନ୍ ସରକାର ଗୋଟିଏ ସମ୍ବେଦନହୀନ ସରକାର ବୋଲି ରାଜ୍ୟବାସୀ ଜାଣିଲେଣି ବୋଲି ଶ୍ରୀ ବକ୍ସିପାତ୍ର କହିଛନ୍ତି।

## ତୀର୍ଥଯାତ୍ରୀ ବସ୍ ଦୁର୍ଘଟଣାଗ୍ରସ୍ତ; ୩୦ ଆହତ

ଦକ୍ଷିଣ ବାଲେଶ୍ୱର, ୭।୧୦ (ସମିସ): ୧୬ନମ୍ବର ଜାତୀୟ ରାଜପଥର ସିମୁଳିଆ ଥାନା ଅନ୍ତର୍ଗତ ତାରିଣୀ ଛକ ନିକଟରେ ଆଜି ଏକ ବସ୍ ଦୁର୍ଘଟଣାଗ୍ରସ୍ତ ହେବାରୁ ଏଥିରେ ୩୦ରୁ ଊର୍ଦ୍ଧ୍ୱ ଯାତ୍ରୀ ଗୁରୁତର ଆହତ ହୋଇଛନ୍ତି। ସମସ୍ତଙ୍କୁ ସିମୁଳିଆ ମେଡିକାଲରେ ଭର୍ତ୍ତି କରାଯାଇଛି। ଯାତ୍ରୀମାନେ ପୁରୀରୁ ଜଗନ୍ନାଥ ଦର୍ଶନ ସାରି ପଶ୍ଚିମବଙ୍ଗ ଫେରିବା ବେଳେ ଏହି ଅଘଟଣ ଘଟିଛି। ଚାଳକଙ୍କ ଆଖି ଲାଗି ଯିବାରୁ ଏହି ଦୁର୍ଘଟଣା ଘଟିଥିବା କୁହାଯାଇଛି। ସୂଚନାନୁଯାୟୀ, ପଶ୍ଚିମବଙ୍ଗ ମୋହନପୁର ଥାନା ବୋଇତା ଅଞ୍ଚଳର ୬୫ ଜଣ ତୀର୍ଥଯାତ୍ରୀ ପୁରୀ ଜଗନ୍ନାଥ ଦର୍ଶନ କରିବା ପାଇଁ ଯାଇଥିଲେ। ସେଠାରୁ ଫେରିବା ବେଳେ ରାତି ପ୍ରାୟ ୨ଟାରେ ଚାଳକଙ୍କୁ ନିଦ ହୋଇଯିବାରୁ ବସ୍‌ଟି ଡିଭାଇଡର ଉପରକୁ ଚଢ଼ିଯାଇ ରାଜପଥ ଉପରେ ଓଲଟି ପଡ଼ିଥିଲା। ଖବର ପାଇ ସିମୁଳିଆ ଆଇଆଇସି ଶ୍ରବଣ କୁମାର ମହାରଣା ସଦଳବଳେ ପହଞ୍ଚି ଉଦ୍ଧାର କାର୍ଯ୍ୟ କରିଥିଲେ। ଗାଡ଼ିର କାଚ ଭାଙ୍ଗି ସମସ୍ତ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଥିଲା।

## ରାଇରଙ୍ଗପୁରରେ ଖୋଲିବ ଇଗ୍ନୋର ନୂତନ ଆଞ୍ଚଳିକ କେନ୍ଦ୍ର

ଭୁବନେଶ୍ୱର, ୭।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁରଠାରେ ଇନ୍ଦିରା ଗାନ୍ଧୀ ରାଷ୍ଟ୍ରୀୟ ମୁକ୍ତ ବିଶ୍ୱବିଦ୍ୟାଳୟ (ଇଗ୍ନୋ)ର ନୂତନ ଆଞ୍ଚଳିକ କେନ୍ଦ୍ର ଖୋଲିବ। ମୟୂରଭଞ୍ଜ ସମେତ କେନ୍ଦୁଝର, ବାଲେଶ୍ୱର, ଭଦ୍ରକ ଏବଂ ଯାଜପୁର ଜିଲ୍ଲାର ଉଚ୍ଚଶିକ୍ଷା ପାଇଁ ଆଗ୍ରହୀ ପ୍ରାର୍ଥୀମାନେ ଏଥିରେ ଉପକୃତ ହେବେ। ପୂର୍ବରୁ ଭୁବନେଶ୍ୱର, କୋରାପୁଟ ଓ ଅନୁଗୋଳରେ ଇଗ୍ନୋର ଆଞ୍ଚଳିକ କେନ୍ଦ୍ର ରହିଥିଲା। ଏହି ନୂତନ ଆଞ୍ଚଳିକ କେନ୍ଦ୍ର ଦ୍ୱାରା ରାଜ୍ୟରେ ସମସ୍ତ ପ୍ରାନ୍ତରେ ଦୂର ନିରନ୍ତର ଶିକ୍ଷା ପହଞ୍ଚିପାରିବ ବୋଲି ଭୁବନେଶ୍ୱର ଆଞ୍ଚଳିକ କେନ୍ଦ୍ରର ବରିଷ୍ଠ ନିର୍ଦ୍ଦେଶକ ଡ. ମନୋଜ କୁମାର ଦାଶ କହିଛନ୍ତି।

## ଚୋରା ମୋବାଇଲରୁ ୯୫ ହଜାର ଲୁଟିନେଲେ

ବାରିପଦା, ୭।୧୦ (ସମିସ): ଚୋରି ହୋଇଥିବା ଏକ ମୋବାଇଲ ଜରିଆରେ ବ୍ୟାଙ୍କ ଆକାଉଣ୍ଟରୁ ୯୫ହଜାର ଟଙ୍କା ଗାଏବ ହୋଇଯାଇଛି। ଏନେଇ ମଧୁବନ ଅଞ୍ଚଳର ଲକ୍ଷ୍ମୀଧର ମହାନ୍ତ ବାରିପଦା ଟାଉନ ଥାନାରେ ଅଭିଯୋଗ କରିଛନ୍ତି। ପୂର୍ବରୁ ତାଙ୍କ ମୋବାଇଲ ଚୋରି ହୋଇଥିବା ନେଇ ଥାନାରେ ଅଭିଯୋଗ କରିଥିଲେ। ପରେ ସେ ପାସ୍‌ବୁକ୍ ଯାଞ୍ଚ କରିବାରୁ ତାଙ୍କ ଆକାଉଣ୍ଟରୁ ୯୫ ହଜାର ଟଙ୍କା ଗାଏବ ହେବା ନେଇ ଜାଣିବାକୁ ପାଇଥିଲେ। ଦୁର୍ବୃତ୍ତମାନେ ୬ଟି ପର୍ଯ୍ୟାୟରେ ଏହି ଟଙ୍କା ଉଠାଣ କରିନେଇଛନ୍ତି। ଏ ସଂପର୍କରେ ସେ ଥାନାର ଦ୍ୱାରସ୍ଥ ହୋଇଛନ୍ତି।

ଯୁବକଙ୍କ ଉନ୍ମତ୍ତ କାଣ୍ଡ

# ବସ୍‌ରେ ପଶି ମନଇଚ୍ଛା ଯାତ୍ରୀଙ୍କୁ ହାଣିଲା





### କଟୁରି ଚୋଟରେ ୮ ଆହତ; ପୁଲିସ୍ ବି ଛାଡ଼ ପାଇଲାନି

କଣାସ, ୭।୧୦ (ସମିସ): ବସ୍‌ରେ ମନଇଚ୍ଛା ଯାତ୍ରୀଙ୍କୁ ହାଣିଲା। ଚିହ୍ନା-ଅଚିହ୍ନା, ପୁରୁଷ-ମହିଳା, ଛୁଆ-ବୁଢ଼ା କାହାକୁ ବି ଛାଡ଼ିଲାନି। ଆଖି ସାମ୍ନାରେ ଯିଏ ପଡ଼ିଲା, ତାକୁ କଟୁରି ଚୋଟ ପକାଇଲା। ପୁରୀ ଜିଲ୍ଲା କଣାସ ବ୍ଲକ୍‌ରେ ମଙ୍ଗଳବାର ଏପରି ଏକ ଅଭାବନୀୟ ଘଟଣା ଘଟିଛି। ଗଡ଼ଖାରଦାରୁ ଯାତ୍ରୀଙ୍କୁ ନେଇ କଣାସ ଫେରୁଥିବା ଲକ୍ଷ୍ମୀ ବସ୍‌ରେ ଜଣେ ଯୁବକ ଉନ୍ମତ୍ତକାଣ୍ଡ ଭିଆଇଛି। ଏଥିରେ ଦୁଇ ପୁଲିସ ଅଧିକାରୀଙ୍କ ସମେତ ୮ଜଣ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ଦୁଇଜଣଙ୍କୁ ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଓ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ଆକ୍ରମଣକାରୀ ଯୁବକଜଣଙ୍କ ହେଲା, ସତ୍ୟବାଦୀ ଥାନା ଶୁକଳ ବ୍ରହ୍ମଣପଡ଼ା ଗ୍ରାମର ତୋଫାନ ଭୋଇ (୪୦)। ଅପରପେକ୍ଷ, ଉତ୍ତ୍ୟକ୍ତ ଲୋକେ ତାକୁ କାବୁ କରି ନିର୍ଘୁମ୍ ମାଡ଼ ମାରିଛନ୍ତି। ତାକୁ ମଧ୍ୟ ଗୁରୁତର ଅବସ୍ଥାରେ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

ସୂଚନାନୁଯାୟୀ, ପ୍ରତିଦିନ ପରି ମଙ୍ଗଳବାର କଣାସଠାରୁ ଲକ୍ଷ୍ମୀ ବସ୍ (ଓଡ଼ି୧୩ ଭି ୬୩୧୯) ସକାଳେ ଗଡ଼ଖାରଦା ଯାଇ ଫେରୁଥିବା ସମୟରେ ଖଣ୍ଡାହତାଠାରୁ ତୋଫାନ ବସ୍‌ରେ ଚଢ଼ିଥିଲା। ବିନ୍ଧଣ ଗ୍ରାମ ନିକଟରେ ବସ୍‌ରେ ବସିଥିବା ଅନ୍ୟ ଜଣେ ଯାତ୍ରୀ ତା' ଦେହରେ ବାଜିଯିବାରୁ ସେ ତାଙ୍କୁ ଗାଳିଗୁଲଜ କରିବା ସହ ପାଖରେ ରଖିଥିବା କଟୁରିରେ ଆକ୍ରମଣ କରିଥିଲା। ଏହାକୁ ନେଇ ବସ୍‌ରେ ଭୟର ବାତାବରଣ ଖେଳି ଯାଇଥିଲା। କିଛି ଯାତ୍ରୀ ବସ୍‌ରୁ ପଳାଇ ଯାଇଥିବା ବେଳେ ଆଉ କିଛି ତାକୁ ବିରୋଧ କରିଥିଲେ। ଏଥିରେ ତୋଫାନ ଆହୁରି ରାଗିଯାଇ ସେମାନଙ୍କୁ ମଧ୍ୟ ଆକ୍ରମଣ କରିଥିଲା। ଖବର ପାଇ କଣାସ ଥାନା ଏଏସ୍‌ଆଇ ସନ୍ତୋଷ କୁମାର ଉଦୟସିଂହ ଏବଂ ଏସ୍‌ଆଇ ଦେବୀପ୍ରସାଦ ଲେଙ୍କା ଘଟଣାସ୍ଥଳରେ ପହଞ୍ଚି ତାକୁ ଧରିବାକୁ ଚେଷ୍ଟା କରିଥିଲେ। କିନ୍ତୁ, ତୋଫାନ ସେମାନଙ୍କୁ ବି ଆକ୍ରମଣ କରିଥିଲା। ଦୁଇ ପୁଲିସ ଅଧିକାରୀ ଆହତ ହୋଇ ମଧ୍ୟ ତାକୁ କାବୁ କରିବାରେ ସକ୍ଷମ ହୋଇଥିଲେ। ତୋଫାନର ଉନ୍ମତ୍ତ କାଣ୍ଡ ଦେଖି ସ୍ଥାନୀୟ ଲୋକମାନେ ତାକୁ ମାରପିଟ୍ କରିବାରୁ ସେ ମଧ୍ୟ ଆହତ ହୋଇଥିଲା। ଚିକିତ୍ସା ପାଇଁ ଆହତମାନଙ୍କୁ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେମାନଙ୍କ ମଧ୍ୟରୁ ୨ଜଣଙ୍କ ଅବସ୍ଥା ଗୁରୁତର ହେବାରୁ ସେମାନଙ୍କୁ ଭୁବନେଶ୍ୱର ଓ ପୁରୀ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

କଣାସ ପୁଲିସ ଏହି ମାମଲାକୁ ଗଡ଼ିଶାଗୋଦା ଥାନାକୁ ହସ୍ତାନ୍ତର କରିଛି। ତେବେ ଏପରି କାଣ୍ଡ ଭିଆଇବା ପଛରେ କାରଣ କ'ଣ ତଦନ୍ତ ପରେ ଜଣାପଡ଼ିବ ବୋଲି ଗଡ଼ିଶାଗୋଦା ଥାନାଧିକାରୀ ସୁଧୀର ଦାସ କହିଛନ୍ତି। ବସ୍‌ରେ ଲାଗିଥିବା ସିସିଟିଭି ଫୁଟେଜ୍ ସଂଗ୍ରହ କରି ପୁଲିସ ଅଧିକ ତଦନ୍ତ ଚଳାଇଛି।

## ରାଜ୍ୟରେ ୧୧ ପର୍ଯ୍ୟନ୍ତ ବର୍ଷା

ଭୁବନେଶ୍ୱର, ୭।୧୦(ସମିସ): ରାଜ୍ୟଉପରେ ବର୍ତ୍ତମାନ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଏହି ସ୍ଥିତି ଆହୁରି ୪ ଦିନ ପର୍ଯ୍ୟନ୍ତ ଜାରି ରହିବାର ସମ୍ଭାବନା ରହିଛି। ବିଶେଷକରି ଉତ୍ତର ଓ ଉପକୂଳରେ ବର୍ଷାର ପରିମାଣ ଅଧିକ ହେବାକୁ ଥିବା ବେଳେ ଏହି ସମୟରେ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ନେଇ ମଧ୍ୟ ଆଶଙ୍କା କରାଯାଇଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ସୋମବାର ବଙ୍ଗୋପସାଗର ଓ ସଂଲଗ୍ନ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହାର ପ୍ରଭାବ ୯ ତାରିଖ ପର୍ଯ୍ୟନ୍ତ ଜାରି ରହିବ। ଅନ୍ୟପଟେ ବୁଧବାର କେନ୍ଦ୍ରୀୟ-ପଶ୍ଚିମ ବଙ୍ଗୋପସାଗରର ଆନ୍ଧ୍ର ଉପକୂଳ ଦୂରରେ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ। ଏହି ଦୁଇଟିଯାକ ଘୂର୍ଣ୍ଣିବଳୟ ସମ୍ଭବତଃ ୧୦ କିମ୍ବା ୧୧ ତାରିଖରେ ମିଶି ଏକ ବିସ୍ତୃତ ଘୂର୍ଣ୍ଣିବଳୟରେ ପରିଣତ ହେବ। ଏହା ପ୍ରଭାବରେ ଆସନ୍ତା ୩ଦିନ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରତ୍ୟେକ ଦିନ ସ୍ୱଳ୍ପ (୧୫ ମିମି) ଓ ସ୍ଥାନେସ୍ଥାନେ ମଧ୍ୟମଧରଣର ବର୍ଷା ହୋଇପାରେ। ତା'ପର ଦୁଇଦିନ ୧୦ ଓ ୧୧ରେ ଦକ୍ଷିଣ ଉପକୂଳ ଓ ସଂଲଗ୍ନ ଅଞ୍ଚଳରେ ସ୍ୱଳ୍ପ ବର୍ଷା ଏବଂ ୧୨ ଓ ୧୩ରେ ସମୁଦ୍ର ସଂଲଗ୍ନ ଅଞ୍ଚଳ ଖୋର୍ଦ୍ଧା, ପୁରୀ, ଗଞ୍ଜାମ ଓ ଗଜପତିରେ ସ୍ୱଳ୍ପ ବର୍ଷାର ସମ୍ଭାବନା ରହିଛି। ୭ରୁ ୧୧ତାରିଖ ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ସମ୍ଭାବନା ରହିଛି ବୋଲି ପ୍ରଫେସର୍ ପଶୁପାଳକ କହିଛନ୍ତି। ୧୪ରୁ ସମ୍ଭବତଃ ରାଜ୍ୟରେ ପାଗ ଶୁଖିଲା ରହିବା ନେଇ ଆକଳନ କରାଯାଇଛି।

ଗତ ୩୬ ଘଣ୍ଟା ମଧ୍ୟରେ ପାରାଦୀପରେ ୭୨ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଚାନ୍ଦବାଲିରେ ୫୨, ତାଳଚେର ୩୮, ସମ୍ବଲପୁର ୫୩ ଓ ଦାରିଙ୍ଗବାଡ଼ିରେ ୫୧ ମିମି ବର୍ଷା ରେକର୍ଡ ହୋଇଛି। ବୁଧବାର ରାଜ୍ୟର ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ ଓ ଗଜପତି ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ଆଶଙ୍କା କରି ପାଣିପାଗ କେନ୍ଦ୍ର ଏହି ଜିଲ୍ଲାଗୁଡ଼ିକ ପାଇଁ ୟେଲୋ ଆଲର୍ଟ ଜାରି କରିଛି।

ଭୋଟ୍ ଚୋରି ଓ ଚାକିରି ବିକ୍ରି ପ୍ରସଙ୍ଗରେ ଗର୍ଜିବ ଯୁବ କଂଗ୍ରେସ

# ୯ ରେ ଓଡ଼ିଶା ଆସିବେ ଜାତୀୟ ଯୁବ କଂଗ୍ରେସ ସଭାପତି

ଭୁବନେଶ୍ୱର, ୭।୧୦ (ସମିସ): ଭୋଟ୍ ଚୋରି ଓ ଚାକିରି ବିକ୍ରି ପ୍ରତିବାଦରେ ସରକାରଙ୍କୁ ଘେରିବାକୁ ଅଣ୍ଟା ଭିଡ଼ିଛି ଯୁବ କଂଗ୍ରେସ। ଏଥିପାଇଁ ଅକ୍ଟୋବର ୯ ତାରିଖରେ ଜାତୀୟ ଯୁବ କଂଗ୍ରେସ ସଭାପତି ଉଦୟଭାନୁ ଚିବ୍ ଓଡ଼ିଶା ଗସ୍ତରେ ଆସିବେ। ୯ରେ ଦଳ ପକ୍ଷରୁ ଆୟୋଜନ ହେବାକୁ ଥିବା "ପ୍ରତାରଣା ପ୍ରତିବାଦ ସମାବେଶ"ରେ ସେ ଯୋଗଦେବେ ବୋଲି ମଙ୍ଗଳବାର ରାଜ୍ୟ ଯୁବ କଂଗ୍ରେସ ସଭାପତି ରଞ୍ଜିତ ପାତ୍ର ସୂଚନା ଦେଇଛନ୍ତି।

ସେ କହିଛନ୍ତି ଯେ ଯୁବକଂଗ୍ରେସ ପକ୍ଷରୁ ମାଷ୍ଟର କ୍ୟାଣ୍ଟିନ ଛକଠାରେ ଏହି ସମାବେଶ ଆୟୋଜନ କରାଯିବ। ପରେ ଏକ ରାଲି ମାଷ୍ଟରକ୍ୟାଣ୍ଟିନ ଛକରୁ ଲୋୟର ପିଏମ୍‌ଜି ଦେଇ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ଅଭିମୁଖେ ଯାତ୍ରା କରିବ। ଲୋୟର ପିଏମଜିଠାରେ ଚାକିରି ବିକ୍ରି ପ୍ରତିବାଦରେ ବିକ୍ଷୋଭ ମଧ୍ୟ କରାଯିବ। ଏହି ସମଗ୍ର କାର୍ଯ୍ୟକ୍ରମରେ ଯୁବ କଂଗ୍ରେସର ରାଷ୍ଟ୍ରୀୟ ଅଧ୍ୟକ୍ଷଙ୍କ ସମେତ ପିସିସି ସଭାପତି ଏବଂ ଅନ୍ୟାନ୍ୟ ବରିଷ୍ଠ ନେତୃବୃନ୍ଦ ଯୋଗ ଦେବେ ବୋଲି ସେ କହିଛନ୍ତି।

ଏହି ଅବସରରେ ଶ୍ରୀ ପାତ୍ର କହିଛନ୍ତି ଯେ ରାଜ୍ୟ ଏବଂ ଦେଶରେ ଲୋକଙ୍କ ଦ୍ୱାରା ନିର୍ବାଚିତ ସରକାର ଚାଲିନାହିଁ। ଦୁଇଟି କ୍ଷେତ୍ରରେ ଭୋଟ ଚୋରିରୁ ଗଠିତ ସରକାର ଚାଲିଛି। ସନ୍ଧ୍ୟା ୫ଟାଠାରୁ ରାତି ୯ ଭିତରେ ୪୨ ଲକ୍ଷ ଭୋଟ ଯୋଡ଼ି ହୋଇଯିବାରୁ ଓଡ଼ିଶାରେ ବିଜେପି ସରକାର ଗଠନ ହୋଇଛି। ଅନ୍ୟପକ୍ଷରେ ବିଜେପି ସରକାର ସମସ୍ତ ସରକାରୀ ଚାକିରିକୁ ନିଲାମ କରିବାର ବ୍ୟବସ୍ଥା କରିଛନ୍ତି। ଏବେ ଯେଉଁ ଏସ୍‌ଆଇ ଚାକିରି ବିକ୍ରି ଘଟଣା ଲୋକଲୋଚନକୁ ଆସିଛି, ତାହା ଓଡ଼ିଶାର ବେକାର ଯୁବକ ଯୁବତୀମାନଙ୍କୁ ହତାଶ କରିଛି। ଅଭିଭାବକମାନେ ତାଙ୍କର ପିଲାମାନଙ୍କୁ ପାଠ ପଢ଼ାଇବା ପାଇଁ କରଜ କରି, ଜମି, ଜାଗା, ସୁନା ବନ୍ଧା ପକାଇ ଅର୍ଥ ଯୋଗାଡ଼ କରୁଛନ୍ତି। ହେଲେ ମୋହନ ସରକାର ପରୀକ୍ଷା ପୂର୍ବରୁ ସମସ୍ତ ସରକାରୀ ଚାକିରି ବିକ୍ରି କରିଦେବାରେ ବ୍ୟବସ୍ଥା କରିଛନ୍ତି।



ପିସିସିର ପୂର୍ବତନ ସାଧାରଣ ସମ୍ପାଦକ ମନୋଜ ବିଶ୍ୱାଳ ଅଭିଯୋଗ କରିଛନ୍ତି ଯେ ଯୁବ କଂଗ୍ରେସ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଘେରାଉ କରିବା ପରେ ଗତ ମାର୍ଚ୍ଚରେ ପୁଲିସ ଏସ୍‌ଆଇ ପରୀକ୍ଷାର ପୂର୍ବଦିନ ବାତିଲ କରାଯାଇଥିଲା। ଯେଉଁ ବେସରକାରୀ ସଂସ୍ଥାକୁ ଓଡ଼ିଶା ପୁଲିସ୍ ନିଯୁକ୍ତି ବୋର୍ଡ ପକ୍ଷରୁ ପରୀକ୍ଷା ପରିଚାଳନା ପାଇଁ ଦାୟିତ୍ୱ ଦିଆଯାଇଥିଲା।

### ପ୍ରତାରଣା ପ୍ରତିବାଦ ସମାବେଶ କରି ସିଇଓଙ୍କ କାର୍ଯ୍ୟାଳୟ ଘେରିବ ଦଳ

ସେହି ସଂସ୍ଥା ବିରୋଧରେ ସରକାର କୌଣସି ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନେଲେ ନାହିଁ। ସେତେବେଳେ ଆରଆଇ, ଅମିନ, ଏଏସ୍‌ଓ, ସବ ଜେଲର ଓ ଓଟିଇଟି ପରୀକ୍ଷାର୍ଥୀମାନେ ମଧ୍ୟ ଚାକିରି ବିକ୍ରି ଯୋଜନାର ସେ ସାଙ୍ଘାତିକ ଅଭିଯୋଗ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଜାତୀୟ ଯୁବ କଂଗ୍ରେସ ଗଣମାଧ୍ୟମ ସଂଯୋଜକ ସୁଦୀପ ସାମଲ, ରାଜ୍ୟ ସାଧାରଣ ସମ୍ପାଦକ ନିହାର ବେହେରା, ଅଭିଜିତ୍ ଜେନା, ଜାଭେଦ ଅକ୍ତର, ମହମ୍ମଦ ଗୁଲଫାମ୍ ପ୍ରମୁଖ ଉପସ୍ଥିତ ଥିଲେ।

# ୧୩ରେ ଦିଲ୍ଲୀରେ ହେବ ମହାନଦୀ ସଂସଦ

■ ଯୋଗଦେବେ ଓଡ଼ିଶା, ଛତିଶଗଡ଼ ଓ ଜାତୀୟ ନଦୀ ଅଧିକାର କର୍ମୀ ଏବଂ ଅନ୍ୟ ବିଶେଷଜ୍ଞ
■ ମହାନଦୀ ଜଳ ବିବାଦର ଆପୋଷ ସମାଧାନ ସଂକ୍ରାନ୍ତରେ ହେବ ଆଲୋଚନା



ଭୁବନେଶ୍ୱର, ୭।୧୦(ସମିସ): ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ଦିଲ୍ଲୀର ସମ୍ବିଧାନ କ୍ଲବରେ ଆସନ୍ତା ଅକ୍ଟୋବର ୧୩ରେ ମହାନଦୀ ସଂସଦ ବସିବ। ଭୁବନେଶ୍ୱରସ୍ଥିତ ହୋଟେଲ କେଶରୀର ସମ୍ମିଳନୀ କକ୍ଷରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ମହାନଦୀ ବଞ୍ଚାଓ ଆନ୍ଦୋଳନ ପକ୍ଷରୁ ଏହି ଘୋଷଣା କରାଯାଇଛି। ଓଡ଼ିଶା, ଛତିଶଗଡ଼ରୁ ପ୍ରତିନିଧିମାନଙ୍କ ସହ ଦେଶର ବିଭିନ୍ନ ନଦୀର ସୁରକ୍ଷା ନେଇ କାର୍ଯ୍ୟରତ ନେତୃତ୍ୱ, ମହାନଦୀ ଟ୍ରିବ୍ୟୁନାଲରେ ନିଯୁକ୍ତ ଅଧିବକ୍ତା, ଓଡ଼ିଶା ହାଇକୋର୍ଟ ଓ ସୁପ୍ରିମକୋର୍ଟର ଓକିଲ ତଥା ଦେଶର ବିଶିଷ୍ଟ ନଦୀ ବେଶଷଜ୍ଞମାନେ ଏଥିରେ ଯୋଗଦେବେ। ବିଜେପି, ବିଜେଡି, କଂଗ୍ରେସ ତଥା ଅନ୍ୟାନ୍ୟ ରାଜନୈତିକ ଦଳର ନେତାମାନଙ୍କୁ ମଧ୍ୟ ଏଥିରେ ଯୋଗ ଦେବାକୁ ନିବେଦନ କରାଯାଇଛି ବୋଲି ଜଳ ମାନବ ଡ. ରାଜେନ୍ଦ୍ର ସିଂ କହିଛନ୍ତି।

ମହାନଦୀ ଜଳ ବିବାଦର ଆପୋଷ ସମାଧାନ ପାଇଁ ସମ୍ପ୍ରତି କେନ୍ଦ୍ର ଓ ଦୁଇ ରାଜ୍ୟ ସରକାର ମଧ୍ୟସ୍ଥତା ଭିତ୍ତିରେ ପ୍ରକ୍ରିୟା ଆରମ୍ଭ କରିଛନ୍ତି। ମହାନଦୀ ବଞ୍ଚାଅ ଆନ୍ଦୋଳନ ଏହାକୁ ସ୍ୱାଗତ କରୁଛି। ମାତ୍ର ଏହି ପ୍ରକ୍ରିୟାକୁ କେବଳ ସରକାରୀ ବାବୁ ଓ ମୁଖ୍ୟମନ୍ତ୍ରୀଙ୍କ ସ୍ତରରେ ସୀମାବଦ୍ଧ କଲେ ସୁଫଳ ମିଳିବ ନାହିଁ। ମହାନଦୀର ଜଳ ଓ ଏହାର ବେସିନ୍ ସହ ଜଡ଼ିତ ବିଭିନ୍ନ ବର୍ଗ ଓ ଗୋଷ୍ଠୀ, ସାମାଜିକ ସଂଗଠନ,ରାଜନୈତିକ ଦଳ ଓ ବିଶେଷଜ୍ଞମାନଙ୍କ ଭିତରେ ମଧ୍ୟ ସହମତି ଆସିବା ଦରକାର। ସେଥିପାଇଁ ଉଭୟ ଓଡ଼ିଶା ଓ ଛତିଶଗଡ଼ ସରକାର ପଦକ୍ଷେପ ନେବା ଜରୁରୀ ବୋଲି ଡ. ସିଂ କହିଛନ୍ତି।

ଦିଲ୍ଲୀରେ ଅନୁଷ୍ଠିତ ହେବାକୁ ଥିବା ମହାନଦୀ ସଂସଦରେ ଆପୋଷ ସମାଧାନର ବିଭିନ୍ନ ଦିଗ ବିଷୟରେ ଆଲୋଚନା ହେବ ଓ ଏହାର ସୁପାରିଶଗୁଡ଼ିକୁ କେନ୍ଦ୍ର ଓ ଉଭୟ ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯିବ। ଓଡ଼ିଶା ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ତଥା ସୁପ୍ରିମ କୋର୍ଟର ପୂର୍ବତନ ନ୍ୟାୟମୂର୍ତ୍ତି ଏଥିରେ ଅଧ୍ୟକ୍ଷତା କରିବେ ବୋଲି ଆବାହକ ସୁଦର୍ଶନ ଦାସ ଜଣାଇଛନ୍ତି। ଇଣ୍ଡିଆନ୍ ପେନିନସୁଲାର ରିଭର ବେସିନ୍ ଓ ହିମାଳୟାନ ରିଭର ବେସିନ କାଉନସିଲ, ଛାତିଶଗଡ଼ ନଦୀଘାଟି ମୋର୍ଚ୍ଚା, ଗୋଦାବରୀ ଓ କୃଷ୍ଣା କୁଟୁମ୍ବ, ଜଳ ଜନ ଯୋଡ଼ ଅଭିଯାନ ପ୍ରମୁଖ ସଂଗଠନଗୁଡ଼ିକ ଏଥିରେ ଯୋଗ ଦେବେ ବୋଲି ଶ୍ରୀ ଦାସ ସୂଚନା ପ୍ରଦାନ କରିଛନ୍ତି।

## ସମଲେଶ୍ୱରୀ ମନ୍ଦିରର ବଂଶାନୁକ୍ରମିକ ସେବାୟତଙ୍କୁ ଥଇଥାନ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ, ୭।୧୦ (ସମିସ): ବଲାଙ୍ଗୀର ଜିଲ୍ଲାର ସମଲେଶ୍ୱରୀ ଦେବୀ ମନ୍ଦିରରେ ବଂଶାନୁକ୍ରମିକ ଭାବେ ନିତି ପୂଜା କରିଆସୁଥିବା ଜଣେ ସେବାୟତଙ୍କୁ ମନ୍ଦିର ପୁନରୁଦ୍ଧାର କାର୍ଯ୍ୟ ଶେଷ ପର୍ଯ୍ୟନ୍ତ ମନ୍ଦିର ସନ୍ନିକଟ ଅଞ୍ଚଳରେ ଥଇଥାନ କରିବା ପାଇଁ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଅକ୍ଷୟ ଦିଶ୍ରିଙ୍କ ପକ୍ଷରୁ ରୁଜୁ ଆବେଦନର ଶୁଣାଣିରେ ପୂର୍ଣ୍ଣଚ୍ଛେଦ ପକାଇବା ସହ ଡ. ଜଷ୍ଟିସ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଭକ୍ତମାନଙ୍କୁ ସହାୟତା କରିବାରେ ସେବାୟତଙ୍କ ଅତ୍ୟାବଶ୍ୟକ ଭୂମିକାକୁ ସ୍ୱୀକାର କରି ଅଦାଲତ କହିଛନ୍ତି ଯେ ଆବେଦନକାରୀଙ୍କୁ ଉଚ୍ଛେଦ ପୂର୍ବରୁ ଦେବତ୍ତୋର କର୍ତ୍ତୃପକ୍ଷ ଉପଯୁକ୍ତ ଥଇଥାନ ସୁନିଶ୍ଚିତ କରିବାକୁ ପଡ଼ିବ। ସେହିଭଳି ନିର୍ମାଣ କାର୍ଯ୍ୟ ସମାପ୍ତ ନ ହେବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ନିକଟସ୍ଥ ସ୍ଥାନରେ ଥଇଥାନ କରିବା ପାଇଁ ବଲାଙ୍ଗିର ଉପ ଜିଲ୍ଲାପାଳଙ୍କୁ ସକାରାତ୍ମକ ପଦକ୍ଷେପ ନେବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ଥଇଥାନ କରାନଯିବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ବର୍ତ୍ତମାନର ସ୍ଥାନରୁ ସମ୍ପୃକ୍ତ କର୍ତ୍ତୃପକ୍ଷ ବାହାର କରିବେ ନାହିଁ ବୋଲି ହାଇକୋର୍ଟ ସ୍ପଷ୍ଟ କରିଛନ୍ତି।

ମାମଲାରୁ ପ୍ରକାଶ, ଦୀର୍ଘ ଶତାବ୍ଦୀର ଏହି ମନ୍ଦିରର ବଂଶାନୁକ୍ରମିକ ସେବାୟତ ଭାବେ ଆବେଦନକାରୀ ମନ୍ଦିର ପରିସର ଭୋଗକୁଠି ସଂଲଗ୍ନ ଘରେ ରହିଆସୁଥିଲେ। ତେବେ ସରକାରଙ୍କ ତରଫରୁ ମନ୍ଦିରର ପୁନରୁଦ୍ଧାର କାମ ହାତକୁ ନିଆଯିବା ହେତୁ ଗତ ୨୦୨୫ ଜୁଲାଇ ୨୫ରେ ଘର ଖାଲି କରିବାକୁ ବଲାଙ୍ଗିର ଉପଜିଲ୍ଲାପାଳଙ୍କ ତରଫରୁ ନୋଟିସ୍ ଦିଆଯାଇଥିଲା। ଏହାକୁ ଚାଲେଞ୍ଜ କରି ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

# କବାଟବନ୍ଧ, ଜେନାପୁର ଅଞ୍ଚଳରେ ଲକ୍ଷ୍ମୀପୂଜା

କବାଟବନ୍ଧ,୭।୧୦(ସମିସ):

ଧର୍ମଶାଳା ବ୍ଲକ ଅନ୍ତର୍ଗତ ଜେନାପୁର ଥାନା ଅଧୀନ ବିଭିନ୍ନ ପଞ୍ଚାୟତରେ ଲକ୍ଷ୍ମୀ ପୂଜା ମହାଆଡମ୍ବରରେ ପାଳନ କରାଯାଉଛି। ସ୍ଥାନୀୟ କବାଟବନ୍ଧ ଅଞ୍ଚଳ ଲକ୍ଷ୍ମୀପୂଜାକୁ ନେଇ ପ୍ରସିଦ୍ଧି ଲାଭ କରିଛି। ଦୀର୍ଘ ବର୍ଷ ଧରି କବାଟବନ୍ଧରେ ମା'ଙ୍କର ପୂଜା ରୀତିନୀତି ଅନୁସାରେ ଅନୁଷ୍ଠିତ ହୋଇଆସୁଛି। କବାଟବନ୍ଧର ନୂଆସାହି, ମଣ୍ଡପସାହି, ମଝିସାହି, ପାଟରା ସାହି, କାଡେରା ସାହି, କୁଣ୍ଡ ସାହି, ରଣା ସାହି, ଷେଣ୍ଢ ସାହି, ଚଷା ସାହି ଓ ବଣିଆ ସାହି ଆଦି ସ୍ଥାନରେ ମା'ଙ୍କ ପୂଜା ବହୁ ଆଡମ୍ବରରେ ଅନୁଷ୍ଠିତ ହେଉଛି। କବାଟବନ୍ଧରେ ଏହି ପୂଜା ୫୦ ବର୍ଷରୁ ଊର୍ଦ୍ଧ୍ୱ ହେବ ଅନୁଷ୍ଠିତ ହୋଇଆସୁଛି। ଅନେକ ସ୍ଥାନରେ ଏହି ପୂଜା ୩ ଦିନ ଧରି ହେଉଥିବା ବେଳେ କିଛି ସ୍ଥାନରେ ୫ ଦିନ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ ବୋଲି ପୂଜା କମିଟି ପକ୍ଷରୁ ସୂଚନା ମିଳିଛି। ସୋମବାର ସନ୍ଧ୍ୟାରେ ସମସ୍ତ ପୂଜା ମଣ୍ଡପ ପକ୍ଷରୁ



ନାମ ସଂକୀର୍ତ୍ତନ ଓ ଘଣ୍ଟଘଣ୍ଟା ବାଦ୍ୟ ସହ ବ୍ରାହ୍ମଣୀ ନଦୀରେ କଳସ ଯାତ୍ରା ଅନୁଷ୍ଠିତ ହୋଇଥିଲା। ଏହା ପରେ ମା'ଙ୍କର ଘଟ ସ୍ଥାପନ, ଚକ୍ଷୁ ଦାନ, କଳସ ପୂଜା, ବଡ଼ପୂଜା, ଆହୁତି ପ୍ରଦାନ, ହୋମ ଯଜ୍ଞ ଇତ୍ୟାଦି କାର୍ଯ୍ୟ ରୀତିନୀତି ଅନୁଯାୟୀ ଅନୁଷ୍ଠିତ ହେଉଛି। ଆକର୍ଷଣୀୟ ତୋରଣ, ଲାଇଟ୍ ଗେଟ୍, ଦୋକାନ, ମୀନାବଜାର ଓ ବିଭିନ୍ନ ଖାଦ୍ୟ ସାମଗ୍ରୀର ଷ୍ଟଲ ଲୋକମାନଙ୍କୁ ଖୁବ ଆକର୍ଷିତ କରୁଛି। ଏହି ଉପଲକ୍ଷେ ବଣିଆ ସାହିରେ ଅପେରା ପରିବେଷଣର କାର୍ଯ୍ୟକ୍ରମ ମଧ୍ୟ ରହିଛି। ଏହା ବ୍ୟତୀତ ଏହି ଅଞ୍ଚଳର ମର୍ଜିତାପୁର, ମଧୁସୂଦନପୁର, ରାଇଛନ୍ଦା, ରେଖିଦେଇପୁର, ଅଞ୍ଜିରା, ଚକ୍ରଧରପୁର, ତାଳଜଙ୍ଗ, ଏଣ୍ଡଲବା, ଜେନାପୁର, ବୃନ୍ଦାଦେଇପୁର, କମାଗଡ଼, ଅଣ୍ଡିଆ, ସଂପାରୁ, ପୁରୁଣା ବଉଳମାଳ, ସାହାଣୀଡ଼ିହ, ଗଡ଼ମଧୁପୁର ଆଦି ପଞ୍ଚାୟତର ବିଭିନ୍ନ ଗ୍ରାମ ଗୁଡିକରେ ମା'ଙ୍କ ପୂଜା ଆଡମ୍ବରରେ ଅନୁଷ୍ଠିତ ହେଉଛି। ପ୍ରତ୍ୟେକ ପୂଜା ମଣ୍ଡପରେ ନାମ ସଂକୀର୍ତ୍ତନ ସହିତ ବିଭିନ୍ନ ପ୍ରକାର ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି। ବିଭିନ୍ନ ରଙ୍ଗୀନ ଆଲୋକ ସହିତ ଆକର୍ଷଣୀୟ ତୋରଣ ଏବଂ ସାଜସଜ୍ଜା ପୂଜା ମଣ୍ଡପକୁ ଖୁବ ଆକର୍ଷଣୀୟ କରୁଛି। ହଜାର ହଜାର ଭକ୍ତ ଏବଂ ଶ୍ରଦ୍ଧାଳୁ ମାନେ ବିଭିନ୍ନ ପୂଜା ମଣ୍ଡପକୁ ଯାଇ ମା'ଙ୍କ ଦର୍ଶନ କରି ଆଶୀର୍ବାଦ ଲାଭ କରୁଛନ୍ତି।



ଯାଜପୁର ବ୍ଲକ ଖଇରାବାଦ ଗ୍ରାମର ମାଳିସାହି ଓ ପାତ୍ରସାହିରେ ଲକ୍ଷ୍ମୀପୂଜା

## ଧନଦାତ୍ରୀ ମା' ଲକ୍ଷ୍ମୀଙ୍କ ପୂଜା



ଧର୍ମଶାଳା,୭।୧୦(ସମିସ): ଧର୍ମଶାଳା ବ୍ଲକର ବିଭିନ୍ନ ସ୍ଥାନରେ କୁମାର ପୂର୍ଣ୍ଣମୀ ଅବସରରେ ଧନଦାତ୍ରୀ ମା' ଲକ୍ଷ୍ମୀଙ୍କ ପୂଜା ଉତ୍ସବ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ବିଶେଷ ଭାବେ ଏହି ବ୍ଲକର କାଏମା, ପାଟପୁର, ନୀଳାଦେଇପୁର, ଭାଲୁଖାଇ, ଚାନ୍ଦପୁର, କୁମାରୀ, ଜାରକା ବଜାର, ନେଉଳପୁର ଆଦି ବିଭିନ୍ନ ଅଞ୍ଚଳରେ ମା'ଙ୍କ ପୂଜା ଯଥାବିଧି ଅନୁଷ୍ଠିତ ହେଉଛି। ମା'ଙ୍କ ପୂଜାକୁ ସରସ ସୁନ୍ଦର କରିବା ପାଇଁ ପୂଜା କମିଟି ପକ୍ଷରୁ ବ୍ୟାପକ ସାଜସଜ୍ଜା ସହ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ମାନ ପରିବେଷଣ କରାଯାଉଛି। ଶ୍ରଦ୍ଧାଳୁମାନେ ମା'ଙ୍କୁ ଦର୍ଶନ କରିବା ସହ ଭୋଗ ଓ ଦୀପଦାନ କରୁଥିବା ଦେଖିବାକୁ ମିଳୁଛି।

## ବିଭିନ୍ନ ସ୍ଥାନରେ ପୂଜା ପାଇଲେ ଗଜଲକ୍ଷ୍ମୀ

ଯାଜପୁର,୭।୧୦(ସମିସ): ପବିତ୍ର କୁମାର ପୂର୍ଣ୍ଣିମା ଅବସରରେ ଯାଜପୁର ସହରର ବିଭିନ୍ନ ସ୍ଥାନରେ ମା' ଗଜଲକ୍ଷ୍ମୀଙ୍କର ପୂଜାର୍ଚ୍ଚନା କରାଯାଇଛି। ସୋମବାର ରାତ୍ର ସମୟରେ ବିଭିନ୍ନ ମଣ୍ଡପ ପକ୍ଷରୁ କଳସ ବୁଡ଼ାଯାଇ ଘଟ ସ୍ଥାପନ କରାଯିବା ପରେ ମା'ଗଜଲକ୍ଷ୍ମୀଙ୍କର ପୂଜା ଆରମ୍ଭ ହୋଇଥିଲା। ଯାଜପୁର ସହରର ଭାଗବତପୁର, ସାନବଜାର, ବଲ୍ଲଭିଘାଟ, ଦାଣ୍ଡସୁନ୍ଦରପୁର, ମଝି ଦାଣ୍ଡସୁନ୍ଦରପୁର, କୁଆଁସରପୁର, ବିରଜାହାଟ, ସନ୍ତେଶ୍ୱରପୁର, ଗୋଖନା ପ୍ରମୁଖ ସ୍ଥାନରେ ମା' ଗଜଲକ୍ଷ୍ମୀଙ୍କର ପୂଜା ଅନୁଷ୍ଠିତ ହୋଇଛି। ସେହିପରି କିଛି ଘରୁଆ ପକ୍ଷରୁ ମା' ଲକ୍ଷ୍ମୀଙ୍କର ପୂଜାର୍ଚ୍ଚନା କରିଥିବା ଦେଖିବାକୁ ମିଳିଛି। ସେହିପରି ଯାଜପୁର ବ୍ଲକ ଖଇରାବାଦ ପଞ୍ଚାୟତ ମାଳିସାହି ଓ ପାତ୍ର ସାହିରେ ଅତି ଧୁମଧାମରେ ମା' ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହେଉଛି।



# ମହାଲକ୍ଷ୍ମୀ ଯୁବକ ସଂଘରେ ରକ୍ତଦାନ ଶିବିର

**ଶଙ୍ଖଚିଲା,୭।୧୦(ସମିସ):** କୋରେଇ ବ୍ଲକ ଅନ୍ତର୍ଗତ ଜହ୍ନା ଗ୍ରାମର ମହାଲକ୍ଷ୍ମୀ ଯୁବକ ସଂଘ ଓ ନଟବର ବିଶ୍ୱାଳ ସ୍ମୃତି ସଂସଦ ସହଯୋଗରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଓ ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଯାଜପୁର ଜିଲ୍ଲା ଉପନିବନ୍ଧକ (ଡିଏସ୍ଆର୍) ତିଳୋତ୍ତମା ପୃଷ୍ଟି ଉଦ୍‌ଘାଟନ କରିଥିଲେ। ଏଥିରେ ମୁଖ୍ୟଅତିଥି ଭାବେ ପାଣିକୋଇଲି ଥାନା ଅଧିକାରୀ ରଞ୍ଜିତ ମହାନ୍ତି, ମୁଖ୍ୟବକ୍ତା ଭାବେ ଯାଜପୁର ରୋଡ୍ ମେଡିକାଲ ଅଫିସର ପ୍ରସନଜିତ ଯୋଗଦେଇଥିଲେ। ସ୍ମୃତି ସଂସଦର ସଭାପତି ବ୍ରଜକିଶୋର ପୃଷ୍ଟିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସମସ୍ତ ଡାକ୍ତର, ରକ୍ତଦାତା ଓ ସହଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ମଞ୍ଚରେ ମହାଲକ୍ଷ୍ମୀ ପୂଜା କମିଟିର ସମ୍ପାଦକ ନିମାଇଁ ପରିଡ଼ା, ସ୍ମୃତି ସଂସଦର ଉପସଭାପତି ନିତ୍ୟାନନ୍ଦ ବିଶ୍ୱାଳ ଉପସ୍ଥିତ ଥିଲେ। ସମୁଦାୟ ୮୦ ଜଣ ରକ୍ତଦାତା ଉପସ୍ଥିତ ରହି ରକ୍ତଦାନ କରିଥିବା ବେଳେ ଶତାଧିକ ବୃଦ୍ଧବୃଦ୍ଧାଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ଭୂମିକା ଆଖି ଚିକିତ୍ସାଳୟର ଡ. ସବିତା ବ୍ରତ ପାଞ୍ଚା, ପରିଚାଳକ ଅଜୟ ଦାସ, ସାଇକୃପା ଦନ୍ତ ଚିକିତ୍ସାଳୟ ଯାଜପୁର ରୋଡର ଡାକ୍ତର ଅଭିଜିତ ଶୁକ୍ଳା, କୋରେଇ ମେଡିକାଲର ଡାକ୍ତର ବିଶ୍ୱରଞ୍ଜନ ପ୍ରଧାନ, ଡ. ସ୍ମିତାପ୍ରଜ୍ଞା ସାହୁ, ପାରାମେଡ଼ିକାଲ କର୍ମଚାରୀ, ଜହ୍ନା ଆରୋଗ୍ୟ ମନ୍ଦିର ସ୍ୱାସ୍ଥ୍ୟ ଅଧିକାରୀ ଶୁଭଶ୍ରୀ ସ୍ୱାଇଁ, ଯାଜପୁର ରୋଡ ରକ୍ତଭଣ୍ଡାର ତରଫରୁ ଏଲ୍‌ଟି ସମ୍ବିତ ମଲ୍ଲିକ ପ୍ରମୁଖ ଉପସ୍ଥିତଥିଲେ। ଉପଦେଷ୍ଟା ବିଶ୍ୱଜିତ ନାୟକ, ଯୁବକ ସଂଘ ତରଫରୁ ବରିଷ୍ଠ କର୍ମକର୍ତ୍ତା ବାବାଜୀ ବେହେରା, କୁଳମଣି ରାଉତ, ପ୍ରଦୀପ୍ତ ବିଶ୍ୱାଳ, ଲଲାଟେନ୍ଦୁ ନାୟକ, କାର୍ଯ୍ୟକ୍ରମର ସଂଯୋଜକ ପ୍ରଭାସ ରାଉତ, ସହସଂଯୋଜକ ଅଭୟ ବିଶ୍ୱାଳ ପ୍ରମଖୁ ଉପସ୍ଥିତି ଥିଲେ।



# ୫ଟି ଟ୍ରକ୍‌ରୁ ତେଲ ଚୋରି ଅଭିଯୋଗ

**ପାଣିକୋଇଲି, ୭।୧୦(ସମିସ):** ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥ ପାଶ୍ୱର୍ ସଦ୍‌ଗୁରୁ ପେଟ୍ରୋଲ ପମ୍ପ ନିକଟରେ ଅଟକିଥିବା ୫ଟି ଟ୍ରକ୍‌ରୁ ତେଲ ଚୋରି ନେଇ ପାଣିକୋଇଲି ଥାନାରେ ଅଭିଯୋଗ ହୋଇଛି। ପାଣିକୋଇଲି ପୁଲିସ ଘଟଣାସ୍ଥଳେ ପହଞ୍ଚି ଘଟଣାର ତଦନ୍ତ ଜାରି ରଖିଛି। ପ୍ରକାଶଯେ ଲୁହାପଥର ଲୋଡ କରି ୫ଟି ଟ୍ରକ୍ ପେଟ୍ରୋଲ ପମ୍ପ ନିକଟରେ ସୋମବାର ବିଳମ୍ବିତ ରାତ୍ରୀରେ ଗାଡି ରଖିଥିଲେ। ମାତ୍ର ବିଳମ୍ବିତ ରାତ୍ରୀରେ କେହି ଦୁର୍ବୃତ୍ତ ୫ଟି ଗାଡିରୁ ତେଲ ଚୋରି କରିନେଇଛି। ପ୍ରତ୍ୟେକ ଗାଡିରୁ ୨୮୦ ଲିଟର ଲେଖାଁଏ ତେଲ ଚୋରି ହେବା ନେଇ ଅଭିଯୋଗ ହୋଇଛି। ଏନେଇ ଚାଳକ ଯାଜପୁର ସଦର ଥାନା ଅନ୍ତର୍ଗତ ରେକିବାଜାର ଅଞ୍ଚଳର ସେକ୍ ତାଜଉଦ୍ଦିନ ଅଭିଯୋଗ କରିଛନ୍ତି। ତାଙ୍କ ସହିତ ସେହି ରେକି ବଜାରର ଫୁରକାନ ଖାଁ, ସେକ ଅରସାଦ, ସେକ ସଫିଉଲ୍ଲା, ସେକ ଫିରଦାସ ଆଲାମ ମଧ୍ୟ ସମାନ ଅଭିଯୋଗ କରିଛନ୍ତି। ସେମାନେ ପେଟ୍ରୋଲପମ୍ପ ନିକଟରେ ନିଜକୁ ସୁରକ୍ଠଷତ ଭାବି ଗାଡି ରଖିଥିଲେ। ବିଳମ୍ବିତ ରାତ୍ରୀ ପର୍ଯ୍ୟନ୍ତ ସେମାନେ ଉଜାଗର ଥିବା କହିଛନ୍ତି। ହେଲେ ସବୁ ପରେ କିପରି ଚୋରି ହେଲା ତାହା ତଦନ୍ତ ସାପେକ୍ଷ। ଏକକାଳୀନ ଗୋଟିଏ ଗ୍ରାମର ୫ ଚାଳକ ଓ ୫ଟି ଗାଡିରୁ ଚୋରି ହେବା ଓ ସମ ପରିମାଣର ତେଲ ଚୋରି ହେବା ଘଟଣା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି। ପେଟ୍ରୋଲ ପମ୍ପର ସିସିଟିଭି ଯାଞ୍ଚ କଲେ ପ୍ରକୃତ ଘଟଣାର ପର୍ଦ୍ଦାଫାସ ହେବ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି। ଗୋଟିଏ ଗ୍ରାମର ୫ ଚାଳକ ୫ଟି ଗାଡ଼ି ଏକାଠି ରଖିବା ଓ ଏକକାଳୀନ ସମପରିମାଣରେ ତେଲ ଚୋରି ହେବା ଅଭିଯୋଗ ସାଧାରଣରେ ସନ୍ଦେହ ପ୍ରକାଶ ପାଇଛି। ପୁଲିସ ପ୍ରକୃତ ଯାଞ୍ଚ କଲେ କିଏ ଚୋରି କରିଛି ତାହା ପର୍ଦ୍ଦାଫାସ ହୋଇପାରିବ ବୋଲି ମତ ପ୍ରକାଶ ପାଇଛି।

# ଆଧ୍ୟାତ୍ମିକ ପତ୍ରିକା 'ମୁକ୍ତି' ଉନ୍ମୋଚିତ



ଯାଜପୁର,୭।୧୦(ସମିସ): ବିରଜା ସାହିତ୍ୟ ସଂସ୍କୃତି ଗବେଷଣା ପରିଷଦ ଅନୁକୂଲ୍ୟରେ ୨୫ତମ ବାର୍ଷିକ ଉତ୍ସବ ସହ ପରିଷଦର ମୁଖପତ୍ର 'ମୁକ୍ତି'ର ସପ୍ତମବର୍ଷ ସପ୍ତମ ସଂଖ୍ୟା ମା'ବିରଜା ମନ୍ଦିର ପରିସରସ୍ଥ ଦୋଳମଣ୍ଡପରେ ଉନ୍ମୋଚିତ ହୋଇଯାଇଛି। ବିରଜାରତ୍ନ ପଣ୍ଡିତ ଭୂପତି ଭୂଷଣ ମିଶ୍ରଙ୍କ ଅଧକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପରିଷଦର ମୁଖ୍ୟ ଉପଦେଷ୍ଟା ତଥା ବିରଜା ମନ୍ଦିର ମୁକ୍ତିମଣ୍ଡପ ସେବାୟତ ପରିଷଦର ସଭାପତି ପଣ୍ଡିତ ଦେବୀପ୍ରସାଦ ପାଣି, ଗବେଷଣା ପରିଷଦର ସଭାପତି ସାର୍ ନଟବର ଦାସ, ପ୍ରାକ୍ତନ ଯାଜପୁର ସାଂସଦ ଅଞ୍ଚଳ ଦାସ, ପ୍ରାଧ୍ୟାପକ ଅଜୟ କୁମାର ଓଝା, ଔପନ୍ୟାସିକ ଜଗନ୍ନାଥ ଧଳ, ଅବସରପ୍ରାପ୍ତ ପୁଲିସ ପ୍ରଶାସକ ଗଦାଧର ରାଉତ, ପ୍ରାଧ୍ୟାପକ ଦାମୋଦର ବେହେରା, ରବି ଶତପଥୀ, କବୟିତ୍ରୀ ନିର୍ମଳାବାଳା ମିଶ୍ର, କବି ତ୍ରିଲୋଚନ ପତି, ବରିଷ୍ଠ ସାହିତ୍ୟିକ କାମେଶ୍ୱର ପଣ୍ଡା, ଅଧିକାରୀ ନବକିଶୋର ଦାସ, ଉଦୟଭାନୁର ସଂପାଦକ ସରୋଜ ମଲ୍ଲିକ, ଦୀନଚର୍ଯ୍ୟାର ସଂପାଦକ ତପନ ମହାରଣ୍ୟଶର୍ମା, ସାମ୍ବାଦିକ ହରିହର ସ୍ୱାଇଁ, ପଣ୍ଡିତ ସୁବାସ ଚନ୍ଦ୍ର ପାଣି, ହିମସାରମନାର ସଂପାଦକ ଦାମୋଦର ନାୟକ, ପଣ୍ଡିତ ହରେକୃଷ୍ଣ ପାଣିଗ୍ରାହୀ, ସମାଜସେବୀ ରାମକୃଷ୍ଣ ବେହୁରିଆ, ଶିକ୍ଷାବିତ ବିଜୟାନନ୍ଦ ନାୟକ, ପ୍ରମୁଖ ଉପସ୍ଥିତ ଥିଲେ। ଗବେଷଣା ପରିଷଦର ସଂପାଦକ, ଶିକ୍ଷାବିତ ପ୍ରଶାନ୍ତ କୁମାର ରାଉତରାୟ ବାର୍ଷିକ ବିବରଣୀ ପାଠ କରିବା ସହ ବାର୍ତ୍ତା ସଂପାଦକ ମୀନକେତନ ସାହୁ ଧନ୍ୟବାଦ ପ୍ରଦାନ କରିଥିଲେ। ଇଂ. ପବିତ୍ର ରାଉତରାୟ ସଭା ପରି.ଳନା କରିଥିଲେ।

# କୁମ୍ଭୀର ଟାଣି ନେଇଥିବା ମହିଳାଙ୍କ ଶବ ଉଦ୍ଧାର

**ବିଞ୍ଝାରପୁର,୭।୧୦(ସମିସ):** ବିଞ୍ଝାରପୁର ଥାନା କନ୍ତିଆ ଗାଁ ଖରସ୍ରୋତା ନଦୀରେ ଗତ ସୋମବାର ଅପରାହ୍ନରେ କୁମ୍ଭୀର ଟାଣି ନେଇ ଯାଇଥିବା ଘଟଣାରେ ମଙ୍ଗଳବାର ଦିନ ୧ ଘଟିକା ସମୟରେ ମହିଳାଙ୍କ ଶବ ବାଙ୍କିପାଳ ନିକଟରୁ ଉଦ୍ଧାର ହୋଇଛି। ସୂଚନା ମୁତାବକ ମୃତକ ମହିଳା ଜଣଙ୍କ କନ୍ତିଆ ଗାଁର ସୁକଦେବ ମହଲାଙ୍କ ପତ୍ନୀ ସୌଦାମିନ ମହଲା (୫୫)। ନିକଟସ୍ଥ ଖରସ୍ରୋତା ନଦୀରେ ସେ ଗାଧୋଉଥିବା ବେଳେ କୁମ୍ଭୀର ତାଙ୍କୁ ଟାଣି ନେଇଥିଲା। ସ୍ଥାନୀୟ ଗ୍ରାମବାସୀ ସୌଦାମିନଙ୍କ ହାତକୁ ଧରି କୁମ୍ଭୀର ନଦୀରେ ଟାଣି ଟାଣି ନେଉଥିବା ଦୃଶ୍ୟ ଦେଖି ପାରୁଥିଲେ ମଧ୍ୟ ନଦୀରେ ସ୍ରୋତଥିବାରୁ ତାଙ୍କୁ କୌଣସି ପ୍ରକାର ଉଦ୍ଧାର କରି ନପାରି ଅଗ୍ନିଶମ ବିଭାଗକୁ ଉଦ୍ଧାର କରିବା ପାଇଁ ଫୋନ କରିଥିଲେ। କିନ୍ତୁ ଅଗ୍ନିଶମ ବିଭାଗ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି ଆରମ୍ଭ କରିଥିଲେ ସୁଦ୍ଧା ରାତି ସୁଦ୍ଧା ସୌଦାମିନଙ୍କୁ ଉଦ୍ଧାର କରିବା ଅସମ୍ଭବ ହୋଇପଡ଼ିଥିଲା। ମଙ୍ଗଳବାର ଅଗ୍ନିଶମ ବିଭାଗ ଏବଂ ବନ ବିଭାଗ କର୍ମଚାରୀଙ୍କ ମିଳିତ ଉଦ୍ୟମରେ ଖୋଜାଖୋଜି ପରେ ମହିଳାଙ୍କ ମୃତ ଶରୀରକୁ ଉଦ୍ଧାର କରାଯାଇଥିଲା। ବିଞ୍ଝାରପୁର ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଶରୀରଙ୍କୁ ଜବତ କରି ଏକ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପାଇଁ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ପଠାଇଛି।

# ଦାନଗଦିରେ ବୃଦ୍ଧି ପାଉଛି ନିଶା କାରବାର

**ଦାନଗଦି,୭।୧୦(ସମିସ):** ଦାନଗଦି ବ୍ଲକ ଅଞ୍ଚଳରେ ନିଶା କାରବାର ବୃଦ୍ଧି ପାଉଥିବା ଅଭିଯୋଗ ହୋଇଛି। ମୁଖ୍ୟତଃ ନଡ଼ିଆଭଙ୍ଗା, ଶାଳୀଜଙ୍ଗା, କିଆଝର, ଦେଉଳକଣ, ରଣାଗୁଣ୍ଡି, ଓଲ୍ଲଳ, ତ୍ରିଜଙ୍ଗା, ଧୂଳିଗଡ଼, ଚାନ୍ଦିଆ, ପଙ୍କପାଳ, ମାଣତୀରା ଆଦି ପଞ୍ଚାୟତମାନଙ୍କରେ ବ୍ୟାପକ ଦେଶୀ ମଦ (ହାଣ୍ଡିଆ) ବିକ୍ରି ହେଉଛି। ନିୟମିତ ଭାବେ ପଙ୍କପାଳ ଛକ, ମାନପୁର ହାଟିଙ୍ଗ, ତ୍ରିଜଙ୍ଗା କଲୋନୀ ଓ ବ୍ଲକ ସାଇଡରେ ଟମକା ଛକ, ମହୁଲ ମୂଳ ଛକ, ବାରାଖାଇ ଛକ, ସାତବାଟିଆ ଗାଁ, ମଣ୍ଡପଡା, ନଡ଼ିଆଭଙ୍ଗା ବଜାର, କିଆଝର ଛକ, ଡୁବୁରୀ ହାଟ ପଡିଆ, ଓଲ୍ଲଳ ଗାଁ, ମାନପୁର ସୁଆଁଲୋ ଗାଁ ଭିତରେ, ଶୋଳେଇ ଗାଁ ଆଦି ଜାଗାମାନଙ୍କରେ ବ୍ୟାପକ ଦେଶୀ ମହୁଲି ମଦ ବିକ୍ରି ହେଉଥିବା ଦେଖିବାକୁ ମିଳିଛି। ଏହି ଦେଶୀ ମଦକୁ ପିଇବା ପରେ ଲୋକେ ଅଧିକ ନିଶାଶକ୍ତ ହୋଇ ବହୁ ଅପରାଧିକ ଘଟଣା ଘଟାଉଛନ୍ତି। ବିଶେଷ କରି ଦିନ ମଜୁରିଆମାନେ ଏଥିରେ ବେଶି ସମ୍ପୃକ୍ତ ଥିବା ଦେଖିବାକୁ ମିଳିଛି। ଦିନ ସାରା ଯାହା ରୋଜକାର କରୁଛନ୍ତି ସନ୍ଧ୍ୟାହେଲେ ଏହି ମଦ ଭାଟିରେ ଉଡ଼େଇ ଦେଉଛନ୍ତି। ଅଖିଆ ଅପିଆ ଯୁରିଆ ସାର ଓ ବାଖର ମିଶା ଏହି ମହୁଲି ମଦକୁ ପିଇବା ଦ୍ୱାରା ବିଭିନ୍ନ ରୋଗରେ ଆକ୍ରାନ୍ତ ହୋଇ ଅର୍ଥ ଅଭାବରୁ ମୃତ୍ୟୁ ମୁଖରେ ପଡୁଛନ୍ତି। ଯୁବପିଢ଼ି କିଛି ରୋଜଗାର ନ ପାଇ ଧାନ ଚାଉଳ ସବୁକୁ ବିକ୍ରି କରି ସର୍ବସ୍ୱାନ୍ତ ହେଉଛନ୍ତି। ତୁରନ୍ତ ଅବକାରୀ ବିଭାଗର ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

# ଯାଦବ ମହାସଭାର କାର୍ଯ୍ୟକାରିଣୀ ବୈଠକ



**ପାଣିକୋଇଲି, ୭।୧୦(ସମିସ):** କୋରେଇ ବ୍ଲକ ଅନ୍ତର୍ଗତ ଅମୃତିଆ ପଞ୍ଚାୟତ ଅମୃତିଆ ମଠ ପଡିଆ ଠାରେ ଉତ୍କଳ ଯାଦବ ମହାସଭାର କାର୍ଯ୍ୟକାରିଣୀ ଓ କର୍ମକର୍ତ୍ତା ଚୟନ ବୈଠକ ନିରଞ୍ଜନ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଛି। ଅମୃତିଆ ପଞ୍ଚାୟତ କର୍ମକର୍ତ୍ତା ଚୟନ କରାଯାଇ ସଭାପତି ଭାବେ ମାନସ ଦାସ, ସମ୍ପାଦକ ଭାବେ ରବିନ୍ଦ୍ର ସେନାପତି, ଉପସଭାପତି ଭାବେ ବିଷ୍ଣୁ ଚରଣ ଦାସ ଓ ଯୁବ ଯାଦବ ସଭାପତି ଭାବେ ପ୍ରଶାନ୍ତ ଦାସ, ଯୁବ ସମ୍ପାଦକ ଭାବେ ମାଧବ ପରିଡା ଓ ଉପଦେଷ୍ଟା ମଣ୍ଡଳୀରେ ବାବନ ପରିଡା, ବନ ବିହାରୀ ଦାସ, ଭାଗବତ ଦାସ, ବେଣୁଧର ସେନାପତିଙ୍କୁ ଚୟନ କରାଯାଇଥିଲା। ଉକ୍ତ ସଭାରେ ସମ୍ମାନିତ ଅତିଥି ଭାବେ ଯାଜପୁର ଜିଲ୍ଲା ସଭାପତି ଗଣେଶ୍ୱର ଦାସ ଓ କୋରେଇ ବ୍ଲକ ସମ୍ପାଦକ ବିପିନ ବାରିକ ପ୍ରମୁଖ ଉଦବୋଧାନ ଦେଇଥିଲେ। ଶେଷରେ ରଞ୍ଜନ କୁମାର ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

## ହୋ ଭାଷା ରେ ପ୍ରଥମ AI ଗବେଷଣାରେ ଐତିହାସିକ ସଫଳତା ସହିତ ବିକ୍ରମଙ୍କ ଡକ୍ଟରେଟ ଲାଭ



ସ୍କୁଲ ଅଫ୍ ଇଣ୍ଡିଜେନୋଓସ ନଲେଜ, ସାଇନ୍ସ ଆଣ୍ଡ ଟେକ୍ନୋଲୋଜିର କମ୍ପ୍ୟୁଟର ବିଜ୍ଞାନ ବିଭାଗର ଶ୍ରୀ ବିକ୍ରମ ବିରୁଲି କିସ୍ ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱରରୁ କମ୍ପ୍ୟୁଟର ବିଜ୍ଞାନ ବିଭାଗରେ Doctor of Philosophy (Ph. D) ଉପାଧି ପାଇବା ନିମିତ୍ତ ଯୋଗ୍ୟ ବିବେଚିତ ହୋଇଛନ୍ତି । ସେ କିସ୍ ବିଶ୍ୱବିଦ୍ୟାଳୟର ଡ଼.ଯଶୋବନ୍ତ ଦାସ ଓ କିଟ୍ ବିଶ୍ୱବିଦ୍ୟାଳୟର ଡ. ସତ୍ୟ ରଞ୍ଜନ ଦାଶଙ୍କ ତତ୍ୱାବଧାନରେ ଗବେଷଣା କରୁଥିଲେ । ଶ୍ରୀ ବିରୁଲିଙ୍କ ସନ୍ଦର୍ଭଟି "APPLICATION OF ARTIFICIAL INTELLIGENCE (AI) RECOGNITION FOR LANGUAGE MAINTENANCE IN HO LANGUAGE". ବିହାର ସ୍ଥିତ IIT PATNA ର କମ୍ପ୍ୟୁଟର ବିଜ୍ଞାନ ଏବଂ ଇଞ୍ଜିନିୟରିଂ ବିଭାଗର Profesor ଡ. ଶ୍ରିପର୍ନା ସାହା ଏବଂ ଶାର୍ଯାହ UAE ସ୍ଥିତ ଉନିଭର୍ଶିଟୀ ସିଟି ଓଫ୍ ଶାର୍ଯାହ୍ ର ଡ. ମାନସ ରଂଜନ ପ୍ରଧାନ (School of Information Technology)ଙ୍କ ଦ୍ୱାରା ପରୀକ୍ଷିତ ଏବଂ ଉଚ୍ଚ ପ୍ରଶଂସିତ ହୋଇଅଛି । ଡ଼. ବିକ୍ରମ ବିରୁଲି ମୟୂରଭଞ୍ଜ ଜିଲ୍ଲା ମାଟକାମ ସାହି ଗ୍ରାମର ପୁରୁଷୋତ୍ତମ ବିରୁଲି ଏବଂ ବିରେଙ୍ଗ ଦେଇଙ୍କ ମଝିଆ ପୁତ୍ର ଅଟନ୍ତି । ସେ ତାଙ୍କ ଏହି ସମ୍ମାନ ଏବଂ ସଫଳତାର ଶ୍ରେୟ କିଟ୍ ଓ କିସ୍ ର ପ୍ରତିଷ୍ଠାତା ପ୍ର.(ଡ଼.) ଅଚ୍ୟୁତ ସାମନ୍ତ ଙ୍କୁ ଅର୍ପଣ କରିବା ସହିତ ନିଜ ପିତାମାତା , ସମସ୍ତ ପରିବାର ବର୍ଗ , ସମସ୍ତ ସହକର୍ମୀ ଏବଂ ଶୁଭେଚ୍ଛୁ ମାନଙ୍କୁ ଆନ୍ତରିକ କୃତଜ୍ଞତା ଜ୍ଞାପନ କରୁଛନ୍ତି ।

# ଜାତୀୟ ରାଜପଥରେ ଓଭରବ୍ରିଜ ନିର୍ମାଣ ଦାବି

ପାଣିକୋଇଲ,୭।୧୦(ସମିସ):

ପାଣିକୋଇଲି ବଜାର ଦେଇ ଯାଇଛି ୧୬ ଓ ୨୦ ନଂ ଜାତୀୟ ରାଜପଥ। ୧୬ ଓ ୨୦ ନମ୍ବର ଜାଜୀୟ ରାଜପଥ ପାଣିକୋଇଲିକୁ ଦୁଇ ଭାଗରେ ବିଭକ୍ତ କରିଛି। ଅଳତିରି ଓ ମଣିପୁର ମୌଜାକୁ ଦୁଇ ଭାଗରେ ବିଭିକ୍ତ କରିଛି ରାଜପଥ। ରାଜପଥର ଗୋଟିଏ ପଟରେ ଜୀବନ ଅନ୍ୟ ପଟେ ଜୀବିକା। ଗୋଟିଏ ପଟେ ଘର ଅନ୍ୟ ପଟେ ଚାଷ ଜମି ରହିଛି। ରାସ୍ତା ପାରି ହେବା ପାଇଁ ଅନ୍ୟୁନ ୩ କିଲୋମିଟର ଭିତରେ କୌଣସି ଡାଇଭରସନ ନାହିଁ। ଫଳରେ ସାଧାରଣ ଲୋକଙ୍କ ଜୀବିକା ପ୍ରଭାବିତ ହୋଇଛି। ପାଣିକୋଇଲି ଓଭରବ୍ରିଜ ପରେ ସିଙ୍ଗଡା ଗଳିପୋଲ ୩ କିମି ମଧ୍ୟରେ କୌଣସି ଗଳିପୋଲ କରାଯାଇ ନାହିଁ। ଶର୍ମା ପେଟ୍ରୋଲ ପମ୍ପ ନିକଟରେ ଥିବା ଡାଇଭରସନ ୬ ଲେନ୍ ଯୋଗୁ ବନ୍ଦ ହୋଇଛି। ଫଳରେ ଚାଷ ଜମିକୁ ହଳ ଲଙ୍ଗଳ ବା ଟ୍ରାକ୍ଟର ନେଇ ଯିବାକୁ ୩ କିମି ବୁଲିବାକୁ ପଡିବ। ପାଣିକୋଇଲି ଠାରୁ ସିଙ୍ଗଡ଼ା ମଧ୍ୟରେ ଏକ ଗଳି ପୋଲ ମଣିପୁର ବା କାଙ୍କଲା ନିକଟରେ ହେବାକୁ ଦାବି କରାଯାଇଥିଲା। କିନ୍ତୁ ଜିଲ୍ଲା ପ୍ରଶାସନ ଏହାକୁ ଅଗ୍ରାହ୍ୟ କରିଦେଇଥିଲା। ବାସ୍ତବ ସ୍ଥିତ ଅନୁଧ୍ୟାନ ନ କରି ଜିଲ୍ଲା ପ୍ରଶାସନ ବା ରାଜନେତା ଏହାକୁ ଅଗ୍ରାହ୍ୟ ପଛରେ କି ରହସ୍ୟ ଲୁଚି ରହିଛି ତାହା ତଦନ୍ତ ସାପେକ୍ଷ। ରାଜପଥ ଅଧିକାରୀଙ୍କ ନିକଟରେ ପ୍ରଶାସନ ଓ ଜନପ୍ରତିନିଧି କେଉଁ କାରଣରୁ ବନ୍ଧା ପଡିଛନ୍ତି ତାହା ମଧ୍ୟ ଖୁଲାସା ହେବା ଦରକାର। ଏଥି ସହିତ ରାଜପଥ ନିର୍ମାଣ ବେଳେ ଅନେକ ତ୍ରୁଟି ଦେଖିବାକୁ ମିଳିଛି। ଯାହା ଦ୍ୱାରା ରାଜପଥ ଆରପଟର ଚାଷ ଜମିକୁ ଯିବା ସମ୍ଭବ ନୁହେଁ। ଫଳରେ ଚାଷ ବୁଡିବା ଥୟ। ୨୦ ନମ୍ବର ଜାତୀୟ ରାଜପଥରୁ ଜାତୀୟ ରାଜପଥକୁ ଭାରୀଯାନ ଗୁଡିକ ଯାତାୟତ କରୁଥିବା ବେଳେ ସେହି ରାସ୍ତାକୁ ଚଉଡା କରାଗଲା ନାହିଁ। ଯାହା ଫଳରେ ସେହି ବାଟ ଦେଇ ଚାଷ ଜମିକୁ ହଳ ଲଙ୍ଗଳ ବା ଟ୍ରାକ୍ଟର ନେଇ ଯାତାୟତ କରିବା ସମ୍ଭବ ପର ନୁହେଁ। ୮୦ ଭାଗ ଲୋକ ଚାଷ ଉପରେ ନିର୍ଭର କରି ଜୀବିକା ନିର୍ବାହ କରୁଥିବା ବେଳେ ଚାଷ ବନ୍ଦ କରିବାକୁ ଯୋଜନା କରାଯାଉଛି। ଚାଷ ବନ୍ଦ ହେଲେ ଶତାଧିକ ପରିବାର ଯେଉଁମାନେ କେବଳ ଚାଷ ଉପରେ ନିର୍ଭର କରି ବସବାସ କରନ୍ତି ସେମାନଙ୍କ ପରିବାର ଉଜୁଡିବା ସାର ହେବ। ୩ କିମି ମଧ୍ୟରେ ଗୋଟିଏ ବି ଗଳି ପୋଲ ନକରିବା ଏକ ସୁଚିନ୍ତିତ ଷଡ଼ଯନ୍ତ୍ର ବୋଲି ସାଧାରଣରେ ଚର୍ଚ୍ଚା ଜୋର ଧରିଛି।

**୨ ଦିନ ହେଲା ଅଚଳ ବିଏସ୍‌ଏନ୍‌ଏଲ୍ ୪ଜି ମୋବାଇଲ ସେବା**

# କେୱାଇସି ନାମରେ ଲୋକଙ୍କୁ ହଇରାଣ କରୁଛନ୍ତି କର୍ମଚାରୀ

**ବ୍ୟାସନଗର, ୭।୧୦(ସମିସ)**

ବ୍ୟାସନଗର ସହରରେ ଭୁଶୁଡ଼ିଛି ସରକାରୀ ମୋବାଇଲ ସେବା ପ୍ରଦାନକାରୀ ବିଏସ୍‌ଏନ୍‌ଏଲ୍‌ର ସେବା। ଗତ ୨ ଦିନ ହେଲା ବିଏସଏନଏଲର ୪ଜି ମୋବାଇଲ ସେବା ବାଧାପ୍ରାପ୍ତ ହେବା ଫଳରେ ବ୍ୟାସନଗର ସମେତ ନିକଟବର୍ତ୍ତୀ ଅଞ୍ଚଳରେ ବିଏସ୍‌ଏନ୍‌ଏଲ୍ ସେବା ନେଇଥିବା ଲୋକେ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେବେ ଏହି ଘଟଣା ବ୍ୟାସନଗର ଭଳି ଏକ ଗୁରୁତ୍ୱପୂର୍ଣ୍ଣ ଅଞ୍ଚଳରେ ପ୍ରତିମାସରେ ବାରମ୍ବାର ହେଉଥିଲେ ମଧ୍ୟ ବିଏସ୍‌ଏନ୍‌ଏଲ୍‌ର ସ୍ଥାନୀୟ ଅଧିକାରୀ ଏନେଇ ଆଦୌ ଦାୟିତ୍ୱବାନ ନଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ସେହିପରି ପୂର୍ବ ୨ଜି ସିମ୍ ଗୁଡିକର କେୱାଇସି ନାମରେ ସାଧାରଣ ଉପଭୋକ୍ତାଙ୍କୁ ହଇରାଣ କରାଯାଉଥିବା ଜଣାପଡ଼ିଛି। ଏପରିକି ସ୍ଥାନୀୟ ବିଏସ୍‌ଏନ୍‌ଏଲ୍ ଅଫିସରରେ କେୱାଇସି ନିମନ୍ତେ କିଛି କର୍ମଚାରୀ ଅର୍ଥ ମାଗୁଥିବା ବେଳେ ଏନେଇ ରସିଦ ମାଗିଲେ କୌଣସି ରସିଦ ନାହିଁ ବୋଲି କାର୍ଯ୍ୟରତ କର୍ମଚାରୀ କହୁଛନ୍ତି। ତେବେ କିଛି ବ୍ୟକ୍ତି ପ୍ରାୟ ୧୦-୧୨ ଦିନ ତଳେ କେୱାଇସି କରିବା ପରେ ବି ଏଯାଏଁ ସେମାନଙ୍କ କେୱାଇସି ହୋଇନଥିବାରୁ ସେମାନେ କଲ୍ କରିବା ସମୟରେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସେହିପରି କେନ୍ଦ୍ର ସରକାରଙ୍କ ସଂସ୍ଥା ହୋଇଥିବା ବିଏସ୍‌ଏନ୍‌ଏଲ୍ ଏବେ ୨ଜି ସିମ୍‌କୁ ୪ଜି ସିମରେ ପରିବର୍ତ୍ତନ କରିବାକୁ ବିନା ମୂଲ୍ୟରେ ସିମ୍ ମିଳିବ ବୋଲି ମୋବାଇଲରେ ମେସେଜ ଦେଉଥିବା ବେଳେ ବାସ୍ତବତା କିନ୍ତୁ ଭିନ୍ନ ରହିଛି। ବିଏସ୍‌ଏନ୍‌ଏଲର ଯାଜପୁର ରୋଡ ଅଫିସରେ କିନ୍ତୁ ସିଧାସଳଖ ଏନେଇ ଅର୍ଥ ଦାବି କରାଯାଉଥିବା ଏପରିକି ଆମକୁ ଏନେଇ କୌଣସି ନିର୍ଦ୍ଦେଶ ନଥିବା କିଛି କର୍ମଚାରୀ ନିଜ ନାମ ଗୋପନ ରଖି କହିଛନ୍ତି। ଫଳରେ ଦିନକୁ ଦିନ ଏହି ସରକାରୀ ସଂସ୍ଥାଠାରୁ ଗ୍ରାହକମାନେ ମୁହଁ ଫେରାଇ ବେସରକାରୀ ସଂସ୍ଥା ସହିତ ଯୋଡି ହେଉଛନ୍ତି। ତେବେ ଯଦି ୪ଜି ସିମ୍ ପାଇଁ ଅର୍ଥ ଉପଭୋକ୍ତାଙ୍କ ନିକଟରୁ ଆଦାୟ କରିବାର ଅଛି ତେବେ ମେସେଜ ମାଧ୍ୟମରେ ଗ୍ରାହକଙ୍କୁ ଏଭଳି ମିଛ ମେସେଜ କାହିଁକି ବୋଲି ସ୍ଥାନୀୟ କିଛି ଉପଭୋକ୍ତା ପ୍ରଶ୍ନ କରିଛନ୍ତି। ତେବେ ଏନେଇ ଯାଜପୁର ରୋଡ୍ ବିଏସ୍‌ଏନ୍‌ଏଲ ଜେଟିଓ ଆଶିଷ ଲେଙ୍କାଙ୍କୁ ଯୋଗାଯୋଗ କରିବାରୁ ସେ ୫୦ ଟଙ୍କା ଦେଇ ଏକ ନୂଆ ସିମ୍ ନେବାକୁ ପରାମର୍ଶ ଦେବା ସହିତ କେୱାଇସି ନେଇ ଅଭିଯୋଗ ଥିଲେ ୧୫୦୩ରେ ଅଭିଯୋଗ କରନ୍ତୁ ବୋଲି କହିଥିଲେ। ତେବେ ବ୍ୟାସନଗରରେ ଏହି ସମସ୍ୟା ଦିନକୁ ଦିନ ଜଟିଳ ହେଉଥିବା ବେଳେ ଏଦିଗରେ କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଦୃଷ୍ଟି ଦେବା ସହିତ ସେବା ପ୍ରଦାନରେ ଅବହେଳା କରୁଥିବା ଏବଂ ଲାଞ୍ଚ ନେଉଥିବା ଅଧିକାରୀଙ୍କ ଉପରେ ଦୃଢ କାର୍ଯ୍ୟାନୁଷ୍ଠାନ ନେବାକୁ ସାଧାରଣରେ ଦାବି ହେଉଛି।

# ରାଷ୍ଟ୍ରୀୟ ସୁଦର୍ଶନ ମହାସଭା ସମ୍ମାନ



**ଯାଜପୁର, ୭।୧୦(ସମିସ):** ଯାଜପୁର ସଂସ୍କୃତ ଗବେଷକ ଡ. ଜ୍ଞାନରଞ୍ଜନ ପତିଙ୍କୁ ରାଷ୍ଟ୍ରୀୟ ସୁଦର୍ଶନ ମହାସଭା ପକ୍ଷରୁ ସମ୍ମାନିତ କରାଯାଇଛି। ବନାରସର କେଏନ୍ ଉଡୁପା ଅଡିଟୋରିୟମ ଠାରେ କାଶୀ ହିନ୍ଦୁ ବିଶ୍ୱବିଦ୍ୟାଳୟ ଆନୁକୂଲ୍ୟରେ ଡ. ଜ୍ଞାନ ରଞ୍ଜନ ପତିଙ୍କୁ ବ୍ରହ୍ମଶ୍ରୀବୋଧ ଉପାଧିରେ ସମ୍ମାନିତ କରାଯାଇଥିଲା। ଦେଶର ୨୩ଟି ରାଜ୍ୟରୁ ଗବେଷକ, ବିଦ୍ୱାନ ଯୋଗଦେଇ ସନାତନ ଦର୍ଶନ ଓ ସଂସ୍କୃତିର ବିଭିନ୍ନ ଦିଗ ସମ୍ପର୍କରେ ଆଲୋଚନା କରିଥିଲେ। ଏହି ରାଷ୍ଟ୍ରୀୟ ସମ୍ମିଳନୀରେ ପ୍ରାକ୍ତନ କୁଳପତି ଓ ଉପକୁଳପତି ଡ. ଯୋଗେଶ ତେହେରାନ୍, ପରିବର୍ତ୍ତନ ଯୋଗେ ସଂରକ୍ଷକ ଓମ୍ ଋଷି ଚନ୍ଦ୍ରଭୂଷଣ ମିଶ୍ର, କାଶୀ ହିନ୍ଦୀ ବିଦ୍ୟାପୀଠର କୁଳପତି ଡ. ରାଜାରାମ୍ କବିସ୍କର ଭରଦ୍ୱାଜ, ସନାତନ ଆଖଡ଼ାର ୧୦୮ ମହା ମଣ୍ଡଳେଶ୍ୱର ନିରଙ୍କରା ନନ୍ଦ ମହାରାଜ, ମହା ମଣ୍ଡଳେଶ୍ୱର କୃଷ୍ଣାନନ୍ଦ ଗିରି ମହାରାଜ ପ୍ରଭୃତି ଭାରତର ବିଭିନ୍ନ ସ୍ଥାନରୁ ଆସିଥିବା ସାଧୁ ମହାତ୍ମାଙ୍କୁ ସନାତନ ଧର୍ମ ଦର୍ଶନରେ ବୈଶିଷ୍ଟ୍ୟ ଓ ବୈଚିତ୍ର୍ୟ ସମ୍ପର୍କରେ ଆଲୋଚନା କରିଥିଲେ। ଯାଜପୁର ବିରଜା ମନ୍ଦିର ପଣ୍ଡିତ ସଭାର ସମ୍ପାଦକ, ବିରଜା ମନ୍ଦିରର ବରିଷ୍ଠ ପୁରୋଧା, ଜିଲା ସଂସ୍କୃତି ପରିଷଦର ଉପଦେଷ୍ଟା ଡ. ଜ୍ଞାନରଞ୍ଜନ ପତିଙ୍କୁ ଭାରତୀୟ ଧର୍ମ ସଂସ୍କୃତି କ୍ଷେତ୍ରରେ ନିରନ୍ତର ଯୋଗଦାନ ନିମିତ୍ତ ଆଚାର୍ଯ୍ୟ ପଦ ସହ ବ୍ରହ୍ମଶ୍ରୀ ବୋଧ ଉପାଧିରେ ସମ୍ମାନିତ କରାଯାଇଥିଲା। ଡ. ଜ୍ଞାନ ରଞ୍ଜନ ପତି ସମ୍ମାନିତ ହେବା ପରେ ବହୁ ଶୁଭେଚ୍ଛୁ ତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

# ଦଶରଥପୁର ଅଞ୍ଚଳରେ ଗଜଲକ୍ଷ୍ମୀ ପୂଜା



**ଦଶରଥପୁର, ୭।୧୦(ସମିସ):** ଦଶରଥପୁର ବ୍ଲକର ବିଭିନ୍ନ ପଞ୍ଚାୟତରେ ବହୁ ଆଡ଼ମ୍ବରରେ ଗଜଲକ୍ଷ୍ମୀପୂଜା ଅନୁଷ୍ଠିତ ହେଉଛି। ଖଣ୍ଡରା ପଞ୍ଚାୟତ ଓ ଆଖପାଖ ଅଞ୍ଚଳରେ ପ୍ରସିଦ୍ଧ ଲାଭ କରିଥିବା ଖଣ୍ଡରା ଗ୍ରାମର ମା' ଗଜଲକ୍ଷ୍ମୀ ପୂଜା ଚଳିତ ବର୍ଷ ୬୯ ବର୍ଷରେ ପଦାର୍ପଣ କରିଛି। ରୀତିନୀତି ଅନୁଯାୟୀ ସୋମବାର ନିକଟସ୍ଥ କପିଳେଶ୍ୱର ମହାଦେବ ସଂଲଗ୍ନ ମନିକର୍ଣ୍ଣିକା ତୀର୍ଥ ପୁଷ୍କରିଣୀରୁ ପୂଜାକମିଟିର ଶ୍ରଦ୍ଧାଳୁମାନେ କଳସ ଅଧିବାସରେ ଯାଇ ଜଳ ଆଣିବା ପରେ ମା'ଙ୍କ ବିଗ୍ରହ ପ୍ରତିଷ୍ଠା ସହିତ ଷୋଡ଼ଶ ଉପଚାର ପୂଜା, ହୋମଯଜ୍ଞ ଆଦି ଆରମ୍ଭ କରାଯାଇଥିଲା। ପୂଜା ମଣ୍ଡପରେ ସୁନ୍ଦର ସାଜସଜା ସାଙ୍ଗକୁ ସବୁଜ ତୋରଣରେ ଗାଁ ରାସ୍ତା ଝଲକିବା ସହ ଝିଲିମିଲି ଆଲୋକ ଦୈନିକ ସନ୍ଧ୍ୟାକୁ ରଙ୍ଗୀନ କରୁଥିବା ପରିଲକ୍ଷିତ ହୋଇଛି। ପୂଜା ପାଇଁ ଗାଁର ଏବେ ପ୍ରତି ଘରେ ଘରେ ବନ୍ଧୁବାନ୍ଧବଙ୍କ ଭିଡ଼ ଲାଗି ରହିଛି। ଖଣ୍ଡରା, ରଣୁଆ, ସୁଧ ଗୋବିନ୍ଦା, ଅଷ୍ଟପ୍ରହରାଜପୁର ଗ୍ରାମରେ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଛି। ଆନନ୍ଦ ଉଲ୍ଲାସରେ ଗଜଲକ୍ଷ୍ମୀ ପୂଜା ଉପଭୋଗ କରୁଥିବା ବେଳେ ସନ୍ଧ୍ୟାରେ ପୂଜା ଦେଖିବାକୁ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ପରିଲକ୍ଷିତ ହେଉଛି। ଚଳିତ ବର୍ଷ ଗ୍ରାମର ଗଜଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ଦୈନିକ ସନ୍ଧ୍ୟାରେ ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବାକୁ ଥିବାବେଳେ ଆସନ୍ତା ୧୩ ତାରିଖ ସୋମବାର ଭସାଣି ଉତ୍ସବ ଅନୁଷ୍ଠିତ ହେବ ବୋଲି ପୂଜାକମିଟି ତରଫରୁ କୁହାଯାଇଛି।

# ଛିନ୍‌ତାଇ ଗ୍ୟାଙ୍ଗ କାବୁ; ସୁନାଚେନ ଜବତ




**ଯାଜପୁର, ୭।୧୦(ସମିସ):** ଯାଜପୁର ସହରରେ କିଛି ଦିନ ହେବ ଛିନ୍‌ତାଇ ଗ୍ୟାଙ୍ଗ ସକ୍ରିୟ ହୋଇଉଠିଥିବା ବେଳେ ପୁଲିସ ଏହିଭଳି ଏକ ଗ୍ୟାଙ୍ଗକୁ କାବୁ କରିବାରେ ସକ୍ଷମ ହୋଇଛି। ଯାଜପୁର ସହରର ବିରଜା ରିଂରୋଡ଼ ଠାରେ ଏହି ଚେନ୍ ଛିନ୍‌ତାଇ ଅଧିକ ମାତ୍ରାରେ ହେଉଥିବା ଅଭିଯୋଗ ହେଉଛି। ଯାଜପୁର ଥାନା ଅଞ୍ଚଳର ବଲ୍ଲଭିଘାଟ ଛକ ନିକଟରୁ ଦୁଇଜଣ ମହିଳାଙ୍କ ଠାରୁ ସୁନା ଚେନ୍ ଦୁର୍ବୃତ୍ତମାନେ ମୋଟର ସାଇକଲ ଯୋଗେ ଆସି ଝାମ୍ପି ନେଇଥିଲେ। ଏହା ଛିନ୍‌ତାଇକୁ ରୋକିବା ପାଇଁ ଯାଜପୁର ଟାଉନ ଥାନା ପକ୍ଷରୁ ୭ଜଣିଆ ଟିମ୍ ଗଠନ କରାଯାଇଥିଲା। ଉକ୍ତ ଟିମ୍‌ରେ ଡିଏସ୍‌ପି ତଥା ଭାରପ୍ରାପ୍ତ ଥାନାଧିକାରୀ ଶରତ ଚନ୍ଦ୍ର ପାତ୍ରଙ୍କ ସମେତ ଏସ୍‌ଆଇ ସୁବାସ ମୁଦୁଲି, ଅଜୟ ସାହୁ, ଆଶୁତୋଷ ନାୟକ, ସଂଯୁକ୍ତା ବେହେରା, ଶଙ୍କର ମାଝୀ, ମହେନ୍ଦ୍ର ସେଠୀ ଏହାର ତଦନ୍ତ କରୁଥିଲେ। ତେବେ ଯାଜପୁର ସଦରଥାନା ମାଳହାଟ ଅଞ୍ଚଳର ରାମ ଓରଫ ଶ୍ରୀକୃଷ୍ଣ ଦଳେଇ(୨୨), ଶଙ୍କର ଦଳେଇ(୧୯), ସତ୍ୟପ୍ରକାଶ ଦଳେଇ(୧୯)କୁ ପୁଲିସ ପ୍ରଥମେ ଗିରଫ କରି ଏମାନଙ୍କ ଠାରୁ ୪ଟି ସୁନା ଚେନ୍, ଗୋଟିଏ ବଜାଜ ପଲସର, ଗୋଟିଏ ହିରୋ ପ୍ୟାସନ ପ୍ରୋ, ଗୋଟିଏ ୟାମା ମୋଟର ସାଇକଲ ଜବତ କରାଯାଇଛି। ଉପରୋକ୍ତ ଅଭିଯୁକ୍ତମାନେ ଗତ ସେପ୍ଟେମ୍ବର ୨୨, ୨୪, ୨୭ ଓ ୩୦ ତାରିଖରେ ମାନସାପୋଲର ପ୍ରମିତା ଜେନା, ଆଙ୍କୁଲା ଅଞ୍ଚଳର କ୍ଷଣପ୍ରଭା ଜେନା, ଖଣ୍ଡରା ଅଞ୍ଚଳର ସ୍ରୋତସ୍ୱିନୀ ମହାଳିକ, ରାମବାଗ ଅଞ୍ଚଳର ଅମିଷା ପଣ୍ଡାଙ୍କ ଠାରୁ ଚେନ୍ ଛିଣ୍ଡାଇ ନେଇ ପଳାଇଥିଲେ। ପୁଲିସ ଏମାନଙ୍କ ଠାରୁ ଲିଖିତ ଅଭିଯୋଗ ପାଇ ଥାନା କେଶ ନଂ. ୪୩୫/୨୫, ୪୩୮/୨୫, ୪୫୦/୨୫, ୪୫୧/୨୫ ଚାରୋଟି ପୃଥକ୍ ପୃଥକ୍ ମାମଲା ରୁଜୁ କରିଥିଲେ। ମଙ୍ଗଳବାର ଯାଜପୁର ଟାଉନ ଥାନା ପରିସରରେ ଏକ ସାମ୍ବାଦିକ ସମ୍ମିଳନୀ କରି ଡିଏସ୍‌ପି ପ୍ରଶାନ୍ତ କୁମାର ମାଝୀଙ୍କ ନେତୃତ୍ୱରେ ଟାଉନଥାନା ଭାରପ୍ରାପ୍ତ ଅଧିକାରୀ ଶରତ ଚନ୍ଦ୍ର ପାତ୍ର, ଏସ୍‌ଆଇ ସୁବାସ ମୁଦୁଲି, ଅଜୟ ସାହୁ, ଆଶୁତୋଷ ନାୟକ, ସଂଯୁକ୍ତା ବେହେରା, ଶଙ୍କର ମାଝୀ, ମହେନ୍ଦ୍ର ସେଠୀ ପ୍ରମୁଖ ଉପସ୍ଥିତ ରହିଥିଲେ। ଅଭିଯୁକ୍ତ ୩ଜଣଙ୍କୁ କୋର୍ଟ କରାଯାଇଥିବା ବେଳେ ସେମାନଙ୍କ ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ଜେଲ୍ ହାଜତକୁ ପଠାଇ ଦିଆଯାଇଛି। ଥାନା ପରିସରରେ ଲୁଟ୍ ହୋଇଥିବା ମହିଳାମାନଙ୍କ ଠାରୁ ସୁନା ଚେନ୍ ଗୁଡ଼ିକୁ ସେମାନଙ୍କର ପ୍ରମାଣ ପତ୍ର ଦେଖାଇ ସମ୍ପୃକ୍ତ ଥାନାଧିକାରୀଙ୍କ ଠାରୁ ସୁନା ଚେନ୍ ଗୁଡ଼ିକୁ ହସ୍ତାନ୍ତର କରାଯାଇଥିଲା।

# ଶିକ୍ଷାବିତ୍ ନିରଞ୍ଜନ ମହାପାତ୍ରଙ୍କ ସ୍ମୃତିସଭା



**ବରୀ, ୭।୧୦(ସମିସ):** ଆଦର୍ଶ ଶିକ୍ଷକ ତଥା ପରିବେଶବିତ୍ ନିରଞ୍ଜନ ମହାପାତ୍ରଙ୍କ ୬ଷ୍ଠ ବାର୍ଷିକ ଶ୍ରାଦ୍ଧ ଉତ୍ସବ ଓ ସ୍ମୃତିଚାରଣ ସଭା ବରୀ ବ୍ଲକ ଅନ୍ତର୍ଗତ ବାଲିଆସ୍ଥିତ ଅଭିମନ୍ୟୁ ସାମନ୍ତସିଂହାର ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ନିରଞ୍ଜନା ଅନୁଷ୍ଠାନର ସଭାପତି ସାହିତ୍ୟିକ ଶରତ କୁମାର ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ ଶିକ୍ଷାବିତ୍ ତଥା ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଗଗନ ବିହାରୀ ଜେନା ଯୋଗ ଦେଇ ସ୍ୱର୍ଗତ ମହାପାତ୍ର ଜଣେ ଶିକ୍ଷା ସଂଗଠକ, ଶିକ୍ଷା ପ୍ରେମୀ ତଥା ପରିବେଶବିତ୍ ଥିଲେ ଯାହା ତାଙ୍କ କର୍ମକ୍ଷେତ୍ର ଗୁଡିକରେ ସ୍ପଷ୍ଟ ବାରି ହୋଇପଡେ ବୋଲି କହିଥିଲେ। ଅନ୍ୟତମ ଅତିଥି ଭାବେ ବରୀ ଶିକ୍ଷାମଣ୍ଡଳର ଅବସରପ୍ରାପ୍ତ ମଣ୍ଡଳ ସହ ଶିକ୍ଷାଧିକାରୀ କପିଳ ଚରଣ ସାମଲ ଓ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ନଟବର ଜେନା ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିବା ବେଳେ ପ୍ୟାରୀମୋହନ ଏକାଡେମୀ କଟକର ପୂର୍ବତନ ପ୍ରଧାନଶିକ୍ଷକ ମକର ଚରଣ ଘଡ଼ାଇ ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ। ଅନୁଷ୍ଠାନର ସମ୍ପାଦକ ଡ. ଅଜୟ କୁମାର ଜେନା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ସାମ୍ବାଦିକ ସନ୍ତୋଷ କୁମାର ରାଉତ ବାର୍ଷିକ ବିବରଣୀ ପାଠ କରିଥିଲେ। ବରିଷ୍ଠ ସାମ୍ବାଦିକ ଚୈତନ୍ୟ ଚରଣ ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

## ଗାଁରେ ବୁଲୁଛି ବାଘ; ଲୋକେ ଆତଙ୍କିତ

**ଧର୍ମଶାଳା, ୭।୧୦(ସମିସ):** ଧର୍ମଶାଳା ବ୍ଲକ ମିର୍ଜାପୁର ପଞ୍ଚାୟତ ମୁଣ୍ଡମାଳ ଗ୍ରାମରେ ଏକ ବାଘ ବୁଲୁଥିବା ଗାଁ ଲୋକେ ଦେଖି ଭୟଭିତ ହୋଇପଡ଼ିଛନ୍ତି। କିଛି ଦିନ ତଳେ ରାତିରେ ଏକ ବାଘ ନଦୀବନ୍ଧ ଅତିକ୍ରମ କରି ମୁଣ୍ଡମାଳ ଗ୍ରାମ ଆଡ଼କୁ ଆସିଥିବା ଲୋକେ ଦେଖିଥିଲେ। ତେବେ କିଛି ଦିନ ହେବ ବାଘର କୌଣସି ପତ୍ତା ମିଳି ନଥିଲା। ଏବେ କିନ୍ତୁ ୨ ଦିନ ହେବ ସନ୍ଧ୍ୟା ସମୟରେ ନିକଟସ୍ଥ ପରିବା କିଆରିରେ ବାଘ ବୁଲୁଥିବା ଲୋକେ ଦେଖି ଭୟଭିତ ହୋଇପଡ଼ିଛନ୍ତି। ତେବେ କିଛି ଦିନ ତଳେ ନଦୀବନ୍ଧ ଦେଇ ଗାଁ ଭିତରକୁ ଚାଲି ଅସିଥିବା ସେହି ବାଘ ବୋଲି ଲୋକେ ଆଶଙ୍କା କରୁଛନ୍ତି। ତେବେ ବାଘଟି ଅଦ୍ୟାବଧି କାହାରି କ୍ଷତି ଘଟାଇନଥିବା ଜଣପଡ଼ିଛି। ତେବେ ଏହା ସତ କି ଗୁଜବ ତାହା ଜଣାପଡ଼ିନାହିଁ। ବନବିଭାଗ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହୋଇଛି।

# ଚୋରା ମଦ କାରବାର ବନ୍ଦ ପାଇଁ ଦାବି




**ଯାଜପୁର, ୭।୧୦(ସମିସ):** ଯାଜପୁର ଜିଲ୍ଲାରେ କ୍ରମାଗତ ଭାବେ ନିଶା କାରବାର ବୃଦ୍ଧି ପାଉଥିବା ବେଳେ ଏହାକୁ ରୋକିବା ଦିଗରେ ଏକ ଦାବିପତ୍ର ଯାଜପୁର ସାଂସଦ ରବୀନ୍ଦ୍ର ନାରାୟଣ ବେହେରାଙ୍କୁ ପ୍ରଦାନ କରାଯାଇଛି। ଅବକାରୀ ବିଭାଗ ପକ୍ଷରୁ ଜିଲ୍ଲାର ବିଭିନ୍ନ ସ୍ଥାନରେ ଠିକଣା ଚଢ଼ଉ କରାଯାଉନଥିବାରୁ ଦେଶୀ ମଦ ପାଇଁ ଗୁଡ଼ ଓ ରାସାୟନିକ ୟୁରିଆ ସାର ବ୍ୟବହାର ହେଉଛି। ଯାହା ଫଳରେ ବିଭିନ୍ନ ସ୍ୱାସ୍ଥ୍ୟଗତ ସମସ୍ୟା ଦେଖିବାକୁ ମିଳିଛି। ନିଶାଡ଼ିଙ୍କ ସଂଖ୍ୟା ବୃଦ୍ଧି ହେବାରୁ ଚୋରି, ରାହାଜାନି, ଗଣ୍ଡଗୋଳ ଆଦି ବିଭିନ୍ନ ପ୍ରକାର ଅସାମାଜିକ କାର୍ଯ୍ୟ ସମାଜରେ ବୃଦ୍ଧି ପାଉଛି। ଅନ୍ୟପଟେ ହାତତିଆରି ନିଶା ଖାଇ ଲୋକେ ମଧ୍ୟ ମୃତ୍ୟୁବରଣ କରୁଛନ୍ତି। ଚୋରା ମଦ ବ୍ୟବସାୟୀ ମାନେ ବିଭିନ୍ନ ଅଞ୍ଚଳରେ କୁଟିଆ ସୃଷ୍ଟି କରି ବଟି ଆଦାୟ କରିବାରେ ଲାଗିଛନ୍ତି। ନିକଟ ଅତୀତରେ ଅବକାରୀ ବିଭାଗର ସଚିବ ଭାସ୍କରଜ୍ୟୋତି ଶର୍ମା ସେପ୍ଟେମ୍ବର ମାସରେ ସ୍ୱତନ୍ତ୍ର ଡ୍ରାଇଭ୍ କରି ବେସରକାରୀ ନିଶା କାରବାରକୁ ଚଢ଼ଉ କରିବା ଏବଂ ଆବଶ୍ୟକ ସ୍ଥଳେ ଆଇନ୍ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ନେଇ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ ଯାଜପୁର ଜିଲ୍ଲାରେ ଠିକଣା ଚଢ଼ଉ ହେଉନଥିବାରୁ ଚୋରା ବ୍ୟବସାୟ ବୃଦ୍ଧି ପାଉଥିବା ଅଭିଯୋଗ କରି ସାମାଜିକ କର୍ମୀ ସବ୍ୟସାଚୀ ସାହୁ ଯାଜପୁର ସାଂସଦଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ସେପଟେ ଏଭଳି ଅଭିଯୋଗ ସମ୍ପର୍କରେ ଯାଜପୁର ଅବକାରୀ ଅଧିକ୍ଷକଙ୍କୁ ପଚାରିବାରେ ଚୋରା ମଦ କାରବାରକୁ ରୋକିବାକୁ ବାରମ୍ବାର ଚଢ଼ଉ କରାଯାଉଛି ଏବଂ ଅବକାରୀ ବିଭାଗରେ ଅଳ୍ପ ସଂଖ୍ୟକ କର୍ମଚାରୀ ଯୋଗୁଁ ଏହି ଚଢ଼ଉ ଠିକଣା ହୋଇପାରୁନଥିବା ମଧ୍ୟ ପରୋକ୍ଷରେ ସ୍ୱୀକାର କରିଛନ୍ତି।

## ୫ ଚୋରା ଖଣିଜ ବୋଝେଇ ଟ୍ରକ୍ ଜବତ; ଜଣେ ଗିରଫ

**ବଡ଼ବିଲ, ୭।୧୦(ସମିସ)** କେନ୍ଦୁଝର ଜିଲ୍ଲା ରୁଗୁଡ଼ି ଥାନା ଅନ୍ତର୍ଗତ ଗୁଆଲି ପଞ୍ଚାୟତ ନୂଆଗାଁ ଗ୍ରାମ ନିକଟ ଉଦଲବାଡି ଷ୍ଟକୟାର୍ଡରୁ ୫ଟି ଚୋରା ଲୁହାପଥର ବୋଝେଇ ଟ୍ରକକୁ ଜବତ କରିଛି ପୁଲିସ। ଏକ ଟିମ୍ ବେଆଇନ୍ ଭାବରେ ଚୋରା ଲୁହାପଥର ପରିବହନ ହେଉଥିବା ସ୍ଥାନରେ ଚଢ଼ଉ କରି ଏହି ଘଟଣାରେ ଜଣେ ଡ୍ରାଇଭରକୁ କାବୁ କରିଛନ୍ତି। ଅନ୍ୟ ଡ୍ରାଇଭର ଫେରାର ମାରିଥିବା ଜଣାପଡ଼ିଛି। ଲୋଡିଂ ପାଇଁ ବ୍ୟବହୃତ ଜେସିବି ମେସିନ ଘଟଣାସ୍ଥଳରୁ ଚାଲି ଯାଇଥିଲେ। ପୁଲିସ ଅଧିକ ତଦନ୍ତ ଲାଗି ଗିରଫ ଡ୍ରାଇଭରକୁ ପଚରା ଉଚରା ଜାରି ରଖିଛି।

**● ଗୋରୁ ଚରାଇବା ବେଳେ ବିନ୍ଧିଲେ**

# ଆକ୍ରମଣରେ ଜଣେ ମୃତ, ୧ ଗୁରୁତର




**କେନ୍ଦୁଝର, ୭।୧୦(ସମିସ):** ମହୁମାଛି ନେଲେ ଜଣଙ୍କ ଜୀବନ। ଗୋରୁ ଚରାଇବା ସମୟରେ ଆକ୍ରମଣ କରିଥିଲେ ମହୁମାଛି। ମୃତ ବ୍ୟକ୍ତି ଜଣକ ହେଲେ ହିରୁ ସାହାନ୍ତ। ତାଙ୍କ ସହ ଥିବା ଆଉ ଜଣେ ମଧ୍ୟ ଗୁରୁତର ଅବସ୍ଥାରେ ଚିକିତ୍ସାଧୀନ ଅଛନ୍ତି। ସୂଚନା ଅନୁସାରେ, କେନ୍ଦୁଝର ଜିଲ୍ଲା ବାଙ୍ଶପାଳ ବ୍ଲକ୍ ତଳ ବୈତରଣୀ ଗାଁରେ ଗୋରୁ ଚରାଇବା ସମୟରେ ମହୁମାଛି ଆକ୍ରମଣରେ ୨ ଜଣ ଗୁରୁତର ହୋଇଥିଲେ। ଫଳରେ ଉଭୟଙ୍କୁ ଧରଣୀଧର ମେଡିକାଲ କଲେଜରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ହିରୁଙ୍କର ମୃତ୍ୟୁ ହୋଇଛି। ହିରୁ ପ୍ରତିଦିନ ଭଳି ଗୋରୁ ଚରାଇବା ପାଇଁ ଯାଇଥିବା ବେଳେ ହଠାତ ମହୁମାଛି ଆକ୍ରମଣର ଶିକାର ହୋଇଥିଲେ। ପ୍ରଥମେ ବାଂଶପାଳ ମେଡିକାଲରେ ଚିକିତ୍ସା କରାଯିବା ପରେ ଗୁରୁତର ଅବସ୍ଥାରେ ଜିଲ୍ଲା ମୁଖ୍ୟ ମେଡିକାଲରେ ଭର୍ତ୍ତି ହୋଇଥିଲେ। ହିରୁ ପରିବାରର ଜଣେ ମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଥିବାବେଳେ ତାଙ୍କର ସ୍ତ୍ରୀ, ତିନି ଝିଅ ଓ ଜଣେ ପୁଅଙ୍କୁ ପ୍ରତିପୋଷଣ କରୁଥିଲେ। ତାଙ୍କ ମୃତ୍ୟୁ ପରେ ସ୍ତ୍ରୀ ଓ ପୁଅ କିଛି ଆର୍ଥିକ ସହାୟତା ଦେବା ପାଇଁ ସରକାରଙ୍କୁ ନିବେଦନ କରିଛନ୍ତି।

# ରାଷ୍ଟ୍ରୀୟ ମର୍ଯ୍ୟାଦା ସହ ସିଆର୍‌ପିଏଫ୍ ଏସ୍‌ଆଇଙ୍କ ଶେଷକୃତ୍ୟ ସମ୍ପନ୍ନ



**ବାଲିବନ୍ଧ, ୭।୧୦(ସମିସ):** ଜମ୍ମୁ ଓ କଶ୍ମୀରର କିସ୍ତ୍ୱାରରେ କାର୍ଯ୍ୟରତ ୫୨ ବାଟାଲିୟନର ସିଆରପିଏଫ୍ ସବ୍‌ଇନ୍ସପେକ୍ଟର ବଳରାମ ବେହେରା (୫୭)ଙ୍କ ଚିକିତ୍ସାଧୀନ ଅବସ୍ଥାରେ ରବିବାର ସନ୍ଧ୍ୟାରେ ମୃତ୍ୟୁ ଘଟିଥିଲା। ମଙ୍ଗଳବାର ସକାଳେ ଯବାନଙ୍କ ପାର୍ଥିବ ଶରୀର ଝୁମ୍ପୁରା ଥାନା, ଖୁଣ୍ଟାପଡା ପଞ୍ଚାୟତ ଖୁଣ୍ଟାପଡ଼ା ଗ୍ରାମ ଜନ୍ମମାଟିରେ ପହଞ୍ଚିଥିଲା। ଏହାକୁ ନେଇ ଖୁଣ୍ଟାପଡ଼ା ଗ୍ରାମରେ ଶୋକାର ଛାୟା ଖେଳି ଯାଇଥିଲା। ତାଙ୍କର ଶେଷ ଦର୍ଶନ କରିବା ଲାଗି ଆଖପାଖ ଅଞ୍ଚଳର ଶହ ଶହ ଲୋକଙ୍କ ସମାଗମ ହୋଇଥିଲା। ବିରାଟ ଶୋଭାଯାତ୍ରରେ ନେଇ ସିଆରପିଏଫ ଏସଆଇଙ୍କ ପାର୍ଥିବ ଶରୀର ଗାଁ ମଶାଣିରେ ରାଷ୍ଟ୍ରୀୟ ମର୍ଯ୍ୟାଦା ସହିତ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ଏଥିରେ ଝୁମ୍ପୁରା ବିଡିଓ ହୃଦାନନ୍ଦ ଅଢା, ଝୁମ୍ପୁରା ଥାନାଧିକାରିଣୀ ସମବାରୀ ହାଁସଦା, ଭୁବନେଶ୍ୱରସ୍ଥିତ ସିଆରପିଏଫ ଆସିଷ୍ଟାଣ୍ଟ କମାଣ୍ଡାଣ୍ଟ ଜଗମୋହନ ରାଓ, ଏସଆଇ ଏସଆର ମହାପାତ୍ର, ଏସଆଇ କିଶୋର ଲୁଗୁନଙ୍କ ସମେତ ସିଆରପିଏଫ ଯବାନ ଏବଂ ବହୁ ବୁଦ୍ଧିଜୀବୀ, ମାନ୍ୟଗଣ୍ୟ ବ୍ୟକ୍ତି, ସ୍ଥାନୀୟ ଲୋକପ୍ରତିନିଧି ପ୍ରମୁଖ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ତାଙ୍କ ଧର୍ମପତ୍ନୀ ମନ୍ଦାକିନୀ ବେହେରାଙ୍କୁ ୭୫ହଜାର ଟଙ୍କା ସହାୟତା ରାଶି ସିଆରପିଏଫ ପକ୍ଷରୁ ପ୍ରଦାନ କରାଯାଇଛି।

# ସମ୍ପାଦକୀୟ



କ୍ଷଣିକ ନିରାପତ୍ତା ପାଇଁ ଯେଉଁମାନେ ବ୍ୟକ୍ତି ସ୍ୱାଧୀନତାକୁ ଉତ୍ସର୍ଗ କରନ୍ତି, ସେମାନେ ସ୍ୱାଧୀନତା ଓ ନିରାପତ୍ତା ମଧ୍ୟରୁ କୌଣସିଟିକୁ ନ୍ୟାୟ ଦେଇପାରନ୍ତି ନାହିଁ।
-ବେଞ୍ଜାମିନ୍ ଫ୍ରାଙ୍କଲିନ୍

ସକାଳ THE SAKALA

## ପ୍ରସ୍ତୁତି ଓ ପ୍ରଘଟ

ସମଗ୍ର ଦେଶରେ ଦିନକୁ ଦିନ ବେକାରଙ୍କ ସଂଖ୍ୟା ବୃଦ୍ଧି ପାଉଥିବାରୁ ଯୁବବର୍ଗଙ୍କ ମଧ୍ୟରେ ମୁଣ୍ଡ ଟେକିଥିବା ଅସନ୍ତୋଷ ବିସ୍ଫୋରଣର ରୂପ ନେବାକୁ ଯାଉଛି। ତେଣିକି ତାହା ଜେନ-ଜେଡ୍ ହେଉ କି ଆଉ କିଛି। ଅପରପକ୍ଷରେ ନିଯୁକ୍ତିକୁ ନେଇ ନାନା ସମସ୍ୟା ମୁଣ୍ଡ ଟେକିଛି। ବିଭିନ୍ନ ସମୟରେ ନିଯୁକ୍ତି ପରୀକ୍ଷା ପାଇଁ ସରକାର ବିଜ୍ଞପ୍ତି ଜାରି କରୁଛନ୍ତି। କିନ୍ତୁ ପ୍ରଶ୍ନପତ୍ର ପ୍ରଘଟ କିମ୍ବା ଅନ୍ୟାନ୍ୟ ଦୁର୍ନୀତି ସକାଶେ ସେସବୁ ସ୍ଥଗିତ ରହୁଛି। ଶେଷ ମୁହୂର୍ତ୍ତରେ ପରୀକ୍ଷା ବାତିଲ୍ ଏବଂ ବାରମ୍ବାର ପରୀକ୍ଷା ଘୁଞ୍ଚୁଥିବାରୁ ଆଶାୟୀ ପ୍ରାର୍ଥୀଙ୍କ ମଧ୍ୟରେ ନୈରାଶ୍ୟ ସୃଷ୍ଟି ହେଉଛି। ନିକଟରେ ଉତ୍ତରାଖଣ୍ଡର ଯୁବବର୍ଗ ସରକାରଙ୍କ ଏପ୍ରକାର କାର୍ଯ୍ୟକଳାପ ବିରୋଧରେ ସମ୍ମିଳିତ. ଧାରଣା ଓ ଆନ୍ଦୋଳନ କରିଥିଲେ। ଉତ୍ତରପ୍ରଦେଶ ଓ ବିହାରରେ ପ୍ରଶ୍ନପତ୍ର ପ୍ରଘଟ ଯୋଗୁଁ ପରୀକ୍ଷା ବାତିଲ ଏକ ନିୟମିତ ଘଟଣାରେ ପରିଣତ ହୋଇଛି। ଏହି ପରିସ୍ଥିତିକୁ ଅନୁଶୀଳନ କରୁଥିବା କିଛି ପର୍ଯ୍ୟବେକ୍ଷକଙ୍କ ମତ ହେଉଛି, ସରକାର ନିୟମିତ ନିଯୁକ୍ତି ଦେବାକୁ ଆଗ୍ରହୀ ଥିବା ଭଳି ମନେ ହେଉନାହିଁ। ବରଂ ଅତ୍ୟାବଶ୍ୟକ କ୍ଷେତ୍ରରେ ଠିକାରେ ନିଯୁକ୍ତି ଦେଇ କାମ ଚଳାଇନେବାକୁ ଅଧିକ ପସନ୍ଦ କରୁଛନ୍ତି। ନହେଲେ କ୍ରମାଗତ ପ୍ରଶ୍ନପତ୍ର ପ୍ରଘଟ ଭଳି ନିନ୍ଦିତ ଘଟଣାକୁ ରୋକିବାରେ ସରକାରଙ୍କ ଅସାମର୍ଥ୍ୟ ପଦାରେ ପଡ଼ି ଯାଉଥିଲେ ମଧ୍ୟ ଅବିଚାରିତ ଭାବେ ସେଥିପ୍ରତି ଉଦାସୀନ ହେଉ ନଥା'ନ୍ତେ।

ଆଜିକାଲି ସରକାରୀ ନିଯୁକ୍ତି ପ୍ରତି ସର୍ବାଧିକ ଆକର୍ଷଣ। ଅଭିଭାବକମାନେ ସବୁକିଛି ବିନିମୟରେ ତାଙ୍କ ପିଲା କିଭଳି ସରକାରୀ ଚାକିରିଟିଏ ପାଇଯିବେ ସେ ନେଇ ବ୍ୟସ୍ତ ଓ ବିବ୍ରତ। ଲିଖିତ ପରୀକ୍ଷା ପ୍ରସ୍ତୁତି ପାଇଁ ସହରରେ ଖୋଲିଥିବା କୋଚିଙ୍ଗ ସେଣ୍ଟରରେ ପିଲାଙ୍କୁ ପଢ଼ାଇବାରେ ସେମାନେ ହାତଖୋଲା ଖର୍ଚ୍ଚ କରି ଚାଲିଛନ୍ତି। ସ୍ୱାଭାବିକ ଭାବେ ଏକ୍ଷେତ୍ରରେ ନିଶ୍ଚିତ ନିଯୁକ୍ତି ସୁଯୋଗ ହାସଲ ପାଇଁ ଅର୍ଥକୁ ଆଉ ବାଧକ ରୂପେ ଗ୍ରହଣ କରିହେଉନି। ନିଜର ସମ୍ପତ୍ତିବାଡ଼ି ବିକ୍ରି କରି ଅଭିଭାବକ ଅର୍ଥ ଯୋଗାଡ଼ କରି ତଥାକଥିତ ଦଲାଲଙ୍କ ହାତରେ ଧରାଇ ଦେଉଛନ୍ତି। କିନ୍ତୁ କିନ୍ତୁ ଶେଷ ମୁହୂର୍ତ୍ତରେ ପ୍ରଶ୍ନପତ୍ର ପ୍ରଘଟ ହୋଇଗଲେ କିମ୍ବା କର୍ତ୍ତୃପକ୍ଷଙ୍କ ଦାୟିତ୍ୱହୀନତା କାରଣରୁ ପରୀକ୍ଷା ବାତିଲ୍ ହୋଇଗଲେ ପରୀକ୍ଷାର୍ଥୀଙ୍କ ପରିଶ୍ରମ ଓ ପ୍ରସ୍ତୁତି ପାଣିରେ ପଡ଼ିବା ସହ ଖର୍ଚ୍ଚାନ୍ତ ଅଭିଭାବକ ମୁଣ୍ଡରେ ହାତଦେଇ ବସୁଛନ୍ତି। ଏଭଳି ଘଟଣାର ସଦ୍ୟତମ ଉଦାହରଣ ଆମ ରାଜ୍ୟର ପୁଲିସ ଏସଆଇ ନିଯୁକ୍ତି ପରୀକ୍ଷା କ୍ଷେତ୍ରରେ ପରିଦୃଷ୍ଟ ହୋଇଛି।

ପ୍ରଶ୍ନପତ୍ର ପ୍ରଘଟ ଜନିତ ବିଳମ୍ବ ପାଇଁ ଅଯଥାରେ ଅପେକ୍ଷା କରିବାକୁ ପଡ଼ିବ ନାହିଁ- ଏହି ଉଦ୍ଦେଶ୍ୟରେ ପରୀକ୍ଷା ଓ ନିଯୁକ୍ତି ଦୁର୍ନୀତିର ଏକ ନୂଆ ଫନ୍ଦି କରାଯାଇଥିଲା। କିନ୍ତୁ ଏହି କେଳେଙ୍କାରୀ ପଦାରେ ପଡ଼ିଯିବା ପରେ ଅର୍ଥ ବିନିମୟରେ ନିଯୁକ୍ତି ଆଶାକରିଥିବା ୧୧୪ ଜଣ ପରୀକ୍ଷାର୍ଥୀଙ୍କୁ ଗିରଫ କରାଯାଇଛି। ଏହାଥିଲା ସେମାନଙ୍କ ପାଇଁ ଶେଷ ଭରସା। ଏହି ତଦନ୍ତର ଘଟଣାକ୍ରମ କେଉଁଆଡ଼କୁ ଯିବ ତାହା ଏବେ ଠାରୁ କହିବା କଷ୍ଟକର। କାରଣ ପଦପଦବୀରେ ଥିବାଅସଲ ଅଭିଯୁକ୍ତ ତଦନ୍ତ ପରିସର ବାହାରେ ଅଛନ୍ତି। ଏଠାରେ ସୂଚାଇ ଦିଆଯାଇ ପାରେକି ଏହି ନିଯୁକ୍ତି ପରୀକ୍ଷାରେ ଦୁର୍ନୀତିର ଗନ୍ଧ ବାରି ଓଡ଼ିଶା ପୁଲିସ୍ ରିକ୍ରୁଟମେଣ୍ଟ ବୋର୍ଡ( ଓପିଆରବି)ର ଅଧ୍ୟକ୍ଷ ପଦରୁ ଜଣେ ଅଧିକାରୀ ଓହରି ଯାଇଥିବା ଘଟଣା ଦୃଷ୍ଟିକୁ ଆସିଛି। ସବୁଠାରୁ ଉଲ୍ଲେଖଯୋଗ୍ୟ ଘଟଣା ହେଲା, ଏହି ପରୀକ୍ଷା ପରିଚାଳନା ଭାର କେନ୍ଦ୍ର ସରକାରଙ୍କ ପିଏସୟୁ ଗୁଜରାଟର ଆଇଟିଆଇ ଲିମିଟେଡ୍ ସଂସ୍ଥାକୁ ଦିଆଯାଥିଲା। ସେ ଅନ୍ୟଏକ ସଂସ୍ଥା ରିଡ୍‌ମାଇନ୍ସ ଡିଜିଟାଲକୁ ଦାୟିତ୍ୱ ହସ୍ତାନ୍ତର କଲା। ତାହା ପରେ ଭୁବନେଶ୍ୱରର ସିଲିକନ ଟେକ୍‌ଲାବ୍ ସଂସ୍ଥାକୁ ସବକଣ୍ଟ୍ରାକ୍ଟ ଦିଆଗଲା। କାର୍ଯ୍ୟପରିଚାଳନା ସକାଶେ ସେ ସଂସ୍ଥା ମଧ୍ୟ ପଞ୍ଚସଫ୍ଟ ଟେକ୍ନୋଲୋଜି ହାତକୁ ଦାୟିତ୍ୱ ଟେକିଦେଲା। ବିଚିତ୍ର ବ୍ୟବସ୍ଥା ଓ ବିଚିତ୍ର ଘଟଣା। ଏଥିପ୍ରତି ସରକାରୀ କଳର କାହାର ନିଘା ନାହିଁ। ସମଗ୍ର ଘଟଣାକ୍ରମକୁ ଅନୁଧ୍ୟାନ କଲେ ମନେ ହେଉଛି ଏବେ ଚାଲିଥିବା ତଦନ୍ତ କେବଳ ଧର୍ମକୁ ଆଖିଠାର।

୨୦୨୪ ଜୁନ ପରଠାରୁ କ୍ରମାଗତ ଭାବେ ୧୫ ମାସରେ ୧୬ଟି ବିଭିନ୍ନ ନିଯୁକ୍ତି ପରୀକ୍ଷା ବାତିଲ ହେବା ପରେ ନିକଟରେ ସରକାରଙ୍କ ନିଦ ଭାଙ୍ଗିଛି। ପରୀକ୍ଷା ବାତିଲ୍ ହେବାର କାରଣ ସଂପର୍କରେ ତଥ୍ୟ ସଂଗ୍ରହ ପାଇଁ ଦାୟିତ୍ୱରେ ଥିବା ବିଭିନ୍ନ ବିଭାଗ ଓ ସଂସ୍ଥାର ଅଧିକାରୀଙ୍କ ଠାରୁ ରିପୋର୍ଟ ମଗାଯାଇଛି। ରାଜ୍ୟର ଯେଉଁ ଯୋଗ୍ୟ ଓ ମେଧାବୀ ପରୀକ୍ଷାର୍ଥୀ ପ୍ରଶ୍ନପତ୍ର ପ୍ରଘଟ ଓ ଅନ୍ୟାନ୍ୟ କାରଣରୁ ସାକ୍ଷାତକାର ସ୍ଥଗିତ ଜନିତ ଭୟଙ୍କର ମାନସିକ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି ସରକାରୀ କଳ କସରତରୁ ସେମାନଙ୍କୁ କ'ଣ ମିଳିବ?

## ପାଲେଷ୍ଟାଇନ ସାର୍ବଭୌମତ୍ୱକୁ ସ୍ୱୀକୃତିର ପ୍ରାସଙ୍ଗିକତା

ଡ. ପ୍ରଦୀପ କୁମାର ନାୟକ



ଗତ ସେପ୍ଟେମ୍ବର ମାସ ପ୍ରାରମ୍ଭରେ ମିଳିତ ଜାତିସଂଘର ୧୯୩ ସଦସ୍ୟ ରାଷ୍ଟ୍ରମାନଙ୍କ ମଧ୍ୟରୁ ୧୫୭ଟି ରାଷ୍ଟ୍ର ପାଲେଷ୍ଟାଇନକୁ ଏକ ସାର୍ବଭୌମ ରାଷ୍ଟ୍ର ଭାବେ ସ୍ୱୀକୃତି ଦେଇଛନ୍ତି। ଏକ ସ୍ୱାଧୀନ, ସାର୍ବଭୌମ ଓ ଅଖଣ୍ଡ ପାଲେଷ୍ଟାଇନ ରାଷ୍ଟ୍ର ଗଠନ ପାଇଁ ୧୯୪୮ ସାଲରୁ ନିରନ୍ତର ଜନଆନ୍ଦୋଳନ କରି ଆସୁଥିବା ଅଗଣିତ ପାଲେଷ୍ଟିନୀୟଙ୍କ ସ୍ୱପ୍ନ ସାକାର ହୋଇଛି। ମିଳିତ ଜାତିସଂଘର ସଂକଳ୍ପ ସଂଖ୍ୟା- ୧୮୧(୨), ଯାହାକି ୧୯୪୭ ସାଲ ନଭେମ୍ବର ୨୯ ତାରିଖରେ ଜାତିସଂଘର ସଧାରଣ ପରିଷଦ ଦ୍ୱାରା ଗୃହୀତ ହୋଇଥିଲା, ତାହା ଅନୁଯାୟୀ ପାଲେଷ୍ଟାଇନ ଅଞ୍ଚଳରୁ ଇହୁଦୀମାନଙ୍କ ପାଇଁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ଇସ୍ରାଏଲ ୧୯୪୮ ମସିହା ମେ' ମାସ ୧୪ ତାରିଖରେ ସୃଷ୍ଟି କରା ଯାଇଥିଲା। ଉପରୋକ୍ତ ସଂକଳ୍ପରେ ପାଲେଷ୍ଟାଇନ ଅଞ୍ଚଳରେ ଦୁଇଟି ରାଷ୍ଟ୍ର, ଅର୍ଥାତ ଗୋଟିଏ ଇହୁଦୀ ରାଷ୍ଟ୍ର ଏବଂ ଆଉଗୋଟିଏ ଆରବୀୟ ମୁସଲିମ ରାଷ୍ଟ୍ର ସ୍ଥାପନ କରି ଜେରୁଜେଲମକୁ ଆନ୍ତର୍ଜାତିକ ପ୍ରଶାସନ ଦ୍ୱାରା ପରିଚାଳିତ ହେଉ ବୋଲି ଉଲ୍ଲେଖ ରହିଥିଲା। କିନ୍ତୁ ଆରବୀୟ ମୁସଲମାନ ଓ ପାଲେଷ୍ଟିନୀୟମାନେ ଇହୁଦୀ ରାଷ୍ଟ୍ର ଇସ୍ରାଏଲର ସ୍ଥାପନାକୁ ପ୍ରବଳ ବିରୋଧ କରି ମିଳିତ ଜାତିସଂଘର ଦୁଇ-ରାଷ୍ଟ୍ର ପ୍ରସ୍ତାବକୁ ପ୍ରତ୍ୟାଖ୍ୟାନ କରିଥିଲେ। ସେହିଦିନଠାରୁ ଏକ ସ୍ୱତନ୍ତ୍ର ଓ ସ୍ୱାଧୀନ ପାଲେଷ୍ଟାଇନର ସୃଷ୍ଟି ପାଇଁ ପାଲେଷ୍ଟିନୀୟମାନଙ୍କର 'ପାଲେଷ୍ଟାଇନ ଜାତୀୟତାବାଦୀ ଆନ୍ଦୋଳନ' ଆରମ୍ଭ ହୋଇଥିଲା।

ଦ୍ୱିତୀୟ ବିଶ୍ୱ ଯୁଦ୍ଧ ସମୟରେ (ପାଲେଷ୍ଟାଇନ ୧୯୩୬-୧୯୩୯ ମସିହା ପର୍ଯ୍ୟନ୍ତ) ବ୍ରିଟେନ ଅଧୀନରେ ଏକ ଆଦେଶଭିତ୍ତିକ ଅଞ୍ଚଳ(ମାଣ୍ଡେଟ୍ ଟେରିଟୋରି) ଥିଲା। ତେଣୁ ଏହି ଅଞ୍ଚଳରୁ ବ୍ରିଟେନ ଇସ୍ରାଏଲ ସୃଷ୍ଟି କରିଥିଲା। କିନ୍ତୁ ତତ୍କାଳୀନ ଆରବୀୟ ତୁଙ୍ଗ ନେତୃବୃନ୍ଦ ଯଥା- ମକ୍କାର ଅମୀର ସାରିଫ ହୁସେନ ବିନ ଅଲି ଏବଂ ଜେରୁଜେଲମ୍‌ର ଗ୍ରାଣ୍ଡ ମୁଫତି ମହମ୍ମଦ ଅମିନ ଅଲ ହୁସେନି ଇସ୍ରାଏଲର ସ୍ଥାପନା ବିରୁଦ୍ଧରେ କଡ଼ା ବିରୋଧ କରିଥିଲେ ଏବଂ ଏକ ସ୍ୱତନ୍ତ୍ର ଆରବୀୟ ରାଷ୍ଟ୍ର ପାଲେଷ୍ଟାଇନ ସ୍ଥାପନ ପାଇଁ ଦୃଢ଼ ଦାବି କରିଥିଲେ। ବିଭିନ୍ନ ଦେଶ, ବିଶେଷତଃ ୟୁରୋପରେ ବାସ କରୁଥିବା ପ୍ରବାସୀ ଇହୁଦୀମାନେ, ବ୍ୟାକୁଳ ହୋଇଥିଲେ ନିଜର ଏକ ମାତୃଭୂମି ପାଇଁ। ଥିଓଡର ହେରଜଲ ନାମକ ଜଣେ ହଙ୍ଗେରୀୟ ସାମ୍ବାଦିକ ତଥା ଆଇନଜ୍ଞ ୧୮୯୬ ସାଲରେ ଏକ ସ୍ୱତନ୍ତ୍ର ଇହୁଦୀ ରାଷ୍ଟ୍ରର ପରିକଳ୍ପନା କରିଥିଲେ ଏବଂ 'ବିଶ୍ୱ ଇହୁଦୀ କଂଗ୍ରେସ'ର ସ୍ଥାପନା କରିଥିଲେ। ବିଂଶ ଶତାବ୍ଦୀର ପ୍ରାରମ୍ଭରେ ଇହୁଦୀ ଜାତିବାଦ ଆନ୍ଦୋଳନ ସାରା ବିଶ୍ୱରେ ଏକ ଶକ୍ତିଶାଳୀ ଜନଆନ୍ଦୋଳନର ରୂପ ନେଇଥିଲା, ଯାହାର ମୁଖ୍ୟ ଉଦ୍ଦେଶ୍ୟ ଥିଲା ପାଲେଷ୍ଟାଇନ ଅଞ୍ଚଳରେ ଏକ ସ୍ୱତନ୍ତ୍ର ଇହୁଦୀ ରାଷ୍ଟ୍ର ଇସ୍ରାଏଲ ଗଠନ।

ସେହି ସମୟରେ ଆରବୀୟ ମୁସଲମାନଙ୍କ ପାଇଁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ପାଲେଷ୍ଟାଇନ ଗଠନ ଦାବି ଜୋର ଧରିଥିଲା ଏବଂ ପାଲେଷ୍ଟେନୀୟ ଜାତୀୟତାବାଦ ଆନ୍ଦୋଳନର ବସ୍ତୁତଃ ଆରମ୍ଭ ହୋଇଥିଲା କହିଲେ ଭୁଲ ହେବନି। ପାଲେଷ୍ଟିନୀୟ ଜାତୀୟବାଦୀ ନେତା ଅହମ୍ମଦ ସୁକେରି ୧୯୬୪ ସାଲରେ 'ପାଲେଷ୍ଟାଇନ ମୁକ୍ତି ସଂଗଠନ' ପ୍ରତିଷ୍ଠା କରିଥିଲେ ଏବଂ ୧୯୬୪ ସାଲରୁ ୧୯୬୭ ସାଲ ପର୍ଯ୍ୟନ୍ତ ଏହାର ଅଧ୍ୟକ୍ଷ ରୂପେ ଦାୟିତ୍ୱ ନିର୍ବାହ କରିଥିଲେ। କିନ୍ତୁ କ୍ଷୋଭର ବିଷୟ ୧୯୬୯ ସାଲରୁ ୟାସେର ଆରାଫତ ପାଲେଷ୍ଟାଇନ ମୁକ୍ତି ସଂଗଠନର ଅଧ୍ୟକ୍ଷ ହେବା ପରେ ସ୍ୱତନ୍ତ୍ର ପାଲେଷ୍ଟାଇନ ଗଠନ ପାଇଁ ହିଂସାକାଣ୍ଡ, ରକ୍ତପାତ ଓ ଆତଙ୍କବାଦର ସୂତ୍ରପାତ ହୋଇଥିଲା। ଆନ୍ଦୋଳନ କ୍ରମଶଃ ସଶସ୍ତ୍ର ସଂଗ୍ରାମରେ ପରିଣତ ହୋଇଥିଲା।

୧୯୭୦ ମସିହାରେ ସ୍ଥାପିତ ଏକ ଉଗ୍ରବାଦୀ ସଂଗଠନ 'ବ୍ଲାକ ସେପ୍ଟେମ୍ବର' ଇସ୍ରାଏଲ ଉପରେ ଚାପ ପକେଇ ବିଶ୍ୱବାସୀଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ୧୯୭୨ ମସିହା ସେପ୍ଟେମ୍ବର ମାସରେ ପଶ୍ଚିମ ଜର୍ମାନୀର ମ୍ୟୁନିକଠାରେ ଅଲିମ୍ପିକ ଖେଳ ଚାଲିଥିବା ବେଳେ ୧୧ ଜଣ ଇସ୍ରାଏଲୀ ଖେଳାଳିଙ୍କୁ ଅପହରଣ କରି ନେଇ ସେମାନଙ୍କୁ ହତ୍ୟା କରିଥିଲା। ୧୯୪୮ ମସିହାଠାରୁ ଇସ୍ରାଏଲ ଓ ପାଲେଷ୍ଟିନୀୟଙ୍କ ମଧ୍ୟରେ ଯେଉଁ ତିକ୍ତତା ଥିଲା ତାହା ଏହି ଘଟଣା ପରେ ତୀବ୍ର ଶତ୍ରୁତାରେ ପରିଣତ ହେଲା। ୧୯୭୬ ମସିହା ଜୁନ ମାସ ୨୭ ତାରିଖରେ ୨୪୮ ଯାତ୍ରୀଙ୍କୁ ନେଇ ଇସ୍ରାଏଲ୍‌ର ତେଲଆଭିବରୁ ପ୍ୟାରିସ ଯାଉଥିବା ଏୟାର ଫ୍ରାନ୍ସର ଏକ ବିମାନକୁ ପାଲେଷ୍ଟିନୀୟ ଉଗ୍ରବାଦୀମାନେ ଅପହରଣ କରି ଉଗାଣ୍ଡା ଦେଶର ଏଣ୍ଟେବେ ବିମାନ ବନ୍ଦରକୁ ନେଇ ଯାଇଥିଲେ। ୪୦ ଜଣ ପାଲେଷ୍ଟିନୀୟ ବନ୍ଦୀଙ୍କୁ ଇସ୍ରାଏଲ ମୁକ୍ତି ଦେଉ ବୋଲି ଦାବି କରିଥିଲେ। ଇସ୍ରାଏଲ କମାଣ୍ଡୋମାନେ ସେହି ଅପହୃତ ଯାତ୍ରୀମାନଙ୍କୁ ଶେଷରେ ମୁକୁଳାଇ ଥିଲେ।

ଇତିମଧ୍ୟରେ ଆରାଫାତଙ୍କ ନେତୃତ୍ୱରେ ଆନ୍ତର୍ଜାତିକ ସ୍ୱୀକୃତି ନ ଥାଇ ଏକ 'ପାଲେଷ୍ଟାଇନ ଅଥରିଟି' ମଧ୍ୟ ଘୋଷିତ ହୋଇଥିଲା, ଯାହାର ରାଷ୍ଟ୍ରପତି ସେ ନିଜେ ୨୦୦୪ ସାଲ ଯାଏଁ ନିଜର ମୃତ୍ୟୁ ପର୍ଯ୍ୟନ୍ତ ଥିଲେ। ସେ ୧୯୮୮ ମସିହାରେ ଇସ୍ରାଏଲ ଇହୁଦୀ ରାଷ୍ଟ୍ର ରୂପେ ଅଧିକାରରେ ପ୍ରତିକ୍ରିୟା ପ୍ରକାଶ କରି ପୁଣି ଥରେ ପାଲେଷ୍ଟାଇନ ଅଞ୍ଚଳରେ ଦୁଇଟି ରାଷ୍ଟ୍ର ରହିବାର ଅଧିକାରକୁ ଦାବି କଲେ।

ଏକ ସ୍ୱାଧୀନ, ସ୍ୱତନ୍ତ୍ର ଓ ଆନ୍ତର୍ଜାତିକ ସ୍ୱୀକୃତିପ୍ରାପ୍ତ ପାଲେଷ୍ଟାଇନ ସ୍ଥାପିତ ହେଉ ବୋଲି ଇଜିପ୍ଟର ତତ୍କାଳୀନ ରାଷ୍ଟ୍ରପତି ଗାମେଲ ନାସେର, ଜୋର୍ଡାନର ରାଜା ହୁସେନ, ଆରବ ଲିଗ/ ସଂଗଠନ, ଆମେରିକୀୟ -ପାଲେଷ୍ଟିନୀୟ ବୁଦ୍ଧିଜୀବୀ ଏଡୱାର୍ଡ ସେଡ, ଆମେରିକୀୟ ବୁଦ୍ଧିଜୀବୀ ନୋଆମ ଚମସ୍କି, ପାଲେଷ୍ଟିନୀୟ ରାଜନୀତିଜ୍ଞ କର୍ମା ନାବୁଲସି, ଆମେରିକୀୟ ରାଜନୀତି ବିଶେଷଜ୍ଞ ନର୍ମାନ ଫିନକେଲଷ୍ଟେଇନ, ପାଲେଷ୍ଟିନୀୟ ଐତିହାସିକ ରସିଦ ଖାଲିଦି ଓ ଇସ୍ରାଏଲ ଐତିହାସିକ ଇଲାନ ପାପେ ଦୃଢ଼ ସମର୍ଥନ ପ୍ରକାଶ କରିଥିଲେ। କିନ୍ତୁ ଇସ୍ରାଏଲର ବର୍ତ୍ତମାନ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ଜୋର୍ଡାନ ନଦୀର ପଶ୍ଚିମରେ କୌଣସି ପାଲେଷ୍ଟାଇନ ତିଷ୍ଠି ରହିବାକୁ ଦିଆଯିବନି ବୋଲି ଜିଦ୍‌ରେ ଅଟଳ ଅଛନ୍ତି। ଅନେକ ବୁଦ୍ଧିଜୀବୀ ମତ ପ୍ରକାଶ କରନ୍ତି ଯେ ଏକ ପାଲେଷ୍ଟାଇନ ଦେଶକୁ ସ୍ୱୀକୃତି ଦେଲେ ହମାସ, ହେଜବୋଲା ଓ ପିଏଲଓ ପରି ଉଗ୍ରବାଦୀ ସଂଗଠନମାନଙ୍କୁ ପ୍ରୋତ୍ସାହିତ କଲା ଭଳି ହେବ। ୨୦୧୨ ମସିହାରେ ମିଳିତ ଜାତିସଂଘର ସଦସ୍ୟମାନେ ସଂଖ୍ୟାଧିକ ଭୋଟ ଦ୍ୱାରା ପାଲେଷ୍ଟାଇନକୁ ଏକ 'ପର୍ଯ୍ୟବେକ୍ଷକ ରାଷ୍ଟ୍ର'ର ମାନ୍ୟତା ଦେଇଥିଲେ। ସେଥିପାଇଁ ପାଲେଷ୍ଟାଇନକୁ ପୂର୍ଣ୍ଣ ରାଷ୍ଟ୍ରର ମର୍ଯ୍ୟାଦା ଦେବା ବିଷୟ ଏକ ନିର୍ଦ୍ଦିଷ୍ଟ ଜାତିର ସ୍ୱପ୍ନକୁ ସାକାର କରିବ। କିନ୍ତୁ ଏହାର ବିରୋଧୀ ରାଷ୍ଟ୍ରମାନଙ୍କୁ ସବୁବେଳେ କ୍ରୋଧାନ୍ୱିତ କରିବ।

(ଅବସରପ୍ରାପ୍ତ ଅଧ୍ୟକ୍ଷ)
ଭୁବନେଶ୍ୱର, ମୋ: ୯୪୩୭୬୪୪୩୪୧

## ସାର କଷଣର ସଂକେତ

ଜୟନ୍ତ ପଟ୍ଟନାୟକ



ଗତ କିଛିଦିନ ହେଲା ଆମ ଚାଷ ଓ ଚାଷୀର ଅତ୍ୟାବଶ୍ୟକ ପଦାର୍ଥ 'ସାର'କୁ ନେଇ ରାଜ୍ୟ ରାଜନୀତି ସରଗରମ ରହିଛି। ଠିକ୍ ସମୟରେ ପର୍ଯ୍ୟାପ୍ତ ପରିମାଣର ସାର ନ ମିଳିବାରୁ ଆମ ରାଜ୍ୟର ଚାଷୀମାନେ ଆନ୍ଦୋଳନ/ବିକ୍ଷୋଭ କରିଆସୁଛନ୍ତି। ସାର ସଂଗ୍ରହ କେନ୍ଦ୍ର ଆଗରେ ଜୋତା, ଆଧାର କାର୍ଡ ବା ଅନ୍ୟ କିଛି ସାମଗ୍ରୀ ଧାଡ଼ିରେ ରଖାଯାଇଥିବା ପରି ଦୃଶ୍ୟ ଦେଖିବାକୁ ମିଳିଛି। ଏଥିରୁ ଚାଷୀମାନଙ୍କର ଆତୁରତା ଓ ଅସହାୟତା ବାରି ହୋଇପଡୁଛି। ମାସ ମାସ ଧରି ଲହୁଲୁହ ଢାଳି ଫଳାଇଥିବା ଫସଲ ଯେତେବେଳେ ସାର ମୁଠାଏ ପାଇଁ ଦୁର୍ବଳ ହୋଇଯାଉଥିବ ସେ କଥା କେବଳ ଚାଷୀ ହିଁ ହୃଦୟଙ୍ଗମ କରିପାରିବ। କିନ୍ତୁ ରାଜନେତା, ପ୍ରଶାସନ ସମସ୍ତେ ନିର୍ବିକାର।

ରାଜନେତାମାନଙ୍କୁ ସାମ୍ବାଦିକମାନେ ଯେତେବେଳେ ପ୍ରଶ୍ନ କଲେ ଉତ୍ତର ମିଳିଲା, ସାର ଯଥେଷ୍ଟ ପରିମାଣରେ ଅଛି। କିନ୍ତୁ ସାଧାରଣ ଚାଷୀର ସାର ବସ୍ତାଏ ପାଇଁ ପ୍ରତୀକ୍ଷାର ଅନ୍ତ ନାହିଁ। ଇଏ ସବୁ ବ୍ୟାପାର ଅନ୍ୟପ୍ରକାର। କଳାବଜାରୀ/କିଳାପୋତେଇ ପାଇଁ ରାସ୍ତା ସଫା କରିବାକୁ ପଡ଼ିବ ନା! ତେଣିକି ଚାଷୀକୁଳର ସମସ୍ୟାର ଯାଏ ଆସେ କେତେ? ଏ ସମସ୍ୟା କେବଳ ଆମ ରାଜ୍ୟର ନୁହେଁ। ସାରା ଦେଶରେ ଶୀତତାପ ନିୟନ୍ତ୍ରିତ କୋଠରି ଭିତରେ କୃଷକକୁଳର ଭାଗ୍ୟ ନିର୍ଦ୍ଧାରଣ ହୁଏ, ସୁଟବୁଟ ପିନ୍ଧା ବାବୁମାନଙ୍କ ଦ୍ୱାରା, ଯିଏ ଦିନେ ଜମି କେମିତି ଦେଖି ନଥା'ନ୍ତି। ତେଣୁ ଯାହା ହେବା କଥା ହୁଏ। ଗତ ୨୨ ସେପ୍ଟେମ୍ବର ୨୦୨୫ରେ ଗଞ୍ଜାମ ଜିଲ୍ଲା ଦିଗପହଣ୍ଡି ବ୍ଲକ ମଉଳାଭଣଜା ଗ୍ରାମରେ ପଞ୍ଚାୟତ ଘରେ ପଶି ଲୋକମାନେ ୩୦ ବସ୍ତା ସାର ବୋହି ନେଲେ। ବିନା ପଇସାରେ ନୁହେଁ, ପଇସାଦେଇ। ଏକଥା ହେଲା କାହିଁକି? ସାର ଦେଇ ଦେଇଥିଲେ ତ କାମ ସରିଥା'ନ୍ତା। ବୋହିନେବା ଯାଏଁ କଥା ଯାଇଥା'ନ୍ତା କାହିଁକି? ଏଥିପାଇଁ ପ୍ରଶାସନ/କର୍ତ୍ତୃପକ୍ଷ/ପୁଲିସ ସମସ୍ତେ ଦାୟୀ କହିଲେ ଭୁଲ୍ ହେବ ନାହିଁ। ସେଇ ଜିନିଷ ହୋଇଥା'ନ୍ତା। ଖାଲି ଯାହା ନାଁ ପଡ଼ିଲା। ତେଣୁ ବେଳହୁଁ ସାବଧାନ ହେବା ଉଚିତ୍। ଉଲ୍ଲେଖଯୋଗ୍ୟ କେବଳ ଗଞ୍ଜାମ ଜିଲ୍ଲାରେ ୨୭ ମେଟ୍ରିକ୍ ଟନ୍ ସାର ଆବଶ୍ୟକ ହେଉଥିବା ବେଳେ ମାତ୍ର ୦୯ ଟନ୍ ସାର ଉପଲବ୍ଧ ଅଛି।ଏଣେ ସରକାରୀ ହିସାବ ଅନୁଯାୟୀ ରାଜ୍ୟରେ ୭, ୯୪, ୦୦୦ ଟନ୍ ସାର ଉପଲବ୍ଧ ଅଛି। ତା'ହେଲେ ସାରର ଏପ୍ରକାର ଅଭାବୀ ବିକ୍ରୀ କାହିଁକି? ସାର କେନ୍ଦ୍ର ବା ସମବାୟ କାର୍ଯ୍ୟାଳୟରେ ସାର କ୍ରେତାଙ୍କର ଏ ବିକଳ ଧାରଣା କ'ଣ ପାଇଁ?

ଆଜିକାଲି ଆଉ ସେ ଯୁଗ ନାହିଁ ଯେ କେଉଁଠି କ'ଣ ହେଉଛି ବାକି ଲୋକ ଜାଣିପାରିବେ ନାହିଁ। ଆଜିକାଲି ଡିଜିଟାଲର ଦୁନିଆ। ମୋବାଇଲ ଚିପିଲେ ସାରାଦୁନିଆ ଆଖିଆଗରେ ଦିଶିବ। ଯଦି ଅନ୍ନଦାତାଙ୍କ ସହିତ ପାତରଅନ୍ତର କରାଯିବ, ଟାଳଟୁଳ ନୀତି ଆପଣାଯିବ, ତା'ର ଫଳ ଭୟଙ୍କର ହେବ। ସାର ଜବରଦସ୍ତ ନେଇଯିବା କେବଳ ଏକ ସଂକେତ ମାତ୍ର। କଥାରେ ଅଛି, ଉପରେ ପଡ଼ିଲେ ପ୍ରମାଦ, ଗୁରୁ ବ୍ରାହ୍ମଣ ଶିରଚ୍ଛେଦ।' ଅର୍ଥାତ୍ ନିଜ ଉପରକୁ ବିପଦ ଆସିଲେ କେହି ଆଉ ଭଲ-ମନ୍ଦ, ଉଚ୍ଚ-ନୀଚକୁ ଅପେକ୍ଷା ରଖି ପାରେ କି ? ଆପେ ବଞ୍ଚିଲେ ବାପର ନାଁ।

ଭାରତ ସରକାର ଆଜିପର୍ଯ୍ୟନ୍ତ ତାଳଚେର ସାର କାରଖାନାରୁ ଉତ୍ପାଦନ ଦିଗରେ ମନ ଦେଲେ ନାହିଁ।୨୦୧୮ରୁ ୭ବର୍ଷରୁ ଅଧିକ ହୋଇଗଲାଣି। ଅଭାବୀ ଯୋଗାଣ ହେତୁରୁ ସମବାୟ କର୍ମଚାରୀ ଓ ଜନସାଧାରଣଙ୍କ ମଧ୍ୟରେ କଳହର ସୂତ୍ରପାତ ହେଉଛି। ଅନ୍ୟ ଉତ୍ସରୁ ପର୍ଯ୍ୟାପ୍ତ ସାର ଆସିବାର ବ୍ୟବସ୍ଥା ହୋଇପାରିଲା ନାହିଁ। ଯାହା ବା ଅଛି ତା' ଚାଷୀକୁ ସୁବିଧାରେ ନ ଦେଇ କଳାବଜାରୀ ହେଲା। ଟ୨୭୦/ ହେଉଥିବା ସାରବସ୍ତା ଟ୭୦୦ -୮୦୦/-ରେ ବିକ୍ରୀ ହେଲା। ସବୁବେଳେ ତ ଚାଷୀ ଭାଇ ଉପରେ ମାଡ଼। ବର୍ଷସାରା କଷ୍ଟରେ ନିଜ ପିଲାଛୁଆଙ୍କ ମୁହଁରେ ଆହାର ଦେଲା ପରେ ଆଉ କେତେ ବଳିବ ଯେ ଏତେ ଅଧିକ ଦେଇ ସାର କିଣି ପାରିବ?

ସାର ପ୍ରସଙ୍ଗ ଆଗରୁ ଦାଣ୍ଡରେ ପଡ଼ି ହାଟରେ ଗଡୁଥିବା ବେଳେ କଥା ଯାଇ ବିଧାନସଭାରେ ଉଠିଲା। ବିରୋଧୀଦଳ ନେତା ଏଇ ପରିପ୍ରେକ୍ଷୀରେ କେନ୍ଦ୍ର ସାର ମନ୍ତ୍ରୀଙ୍କୁ ରାଜ୍ୟର ସାର ଯୋଗାଣକୁ ସ୍ୱଚ୍ଛଳ କରିବାକୁ ଚିଠି ଲେଖିଛନ୍ତି। ଯେପରି ରାଜ୍ୟର କୃଷକସମାଜ ଠିକଣା ସମୟରେ ସାର ପାଇ କୃଷି କାର୍ଯ୍ୟକୁ ସଠିକ୍ ଭାବରେ ଆଗେଇ ନେବେ ସେଥିଲାଗି ଦୃଷ୍ଟି ଦେବାକୁ ଅନୁରୋଧ କରିଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧ ୯୦୦୬୯

## ରାଇ-ଜଗନ୍ନାଥ ବିବାହ

ସ୍ୱପ୍ନେଶ୍ୱର

### ଲୋକକଥାରେ ଲୋକଦେବତା

ବଡ଼ପଣ୍ଡା ମହାପ୍ରଭୁଙ୍କର ଜଣେ ସମର୍ପିତ ସେବାୟତ ସହିତ ଥିଲେ ଜଣେ ଅନନ୍ୟ ଭକ୍ତ। ତାଙ୍କର ସାଥୀ ସେବକମାନେ କୁହାକୁହି ହେଉଥିଲେ ଯେ ବଡ଼ପଣ୍ଡାଙ୍କ ସହ ମହାପ୍ରଭୁ ସାଙ୍ଗ ପରି କଥାଭାଷା ହେଉଥିଲେ। ମହାପ୍ରଭୁଙ୍କ କରୁଣାରୁ ବଡ଼ପଣ୍ଡା ଏକ ଅପୂର୍ବ ସୁନ୍ଦରୀ କନ୍ୟା ସନ୍ତାନ ଲାଭ କଲେ। ସେ ସେହି କନ୍ୟାର ନାମ ମହାପ୍ରଭୁ ସବୁଠାରୁ ବେଶୀ ଭଲ ପାଉଥିବା ନାରୀ ଚରିତ୍ର(ରାଧା) ନାମାନୁସାରେ 'ରାଇ'ରଖିଲେ।

ଦିନେ ବଡ଼ପଣ୍ଡା ବାପାଙ୍କ ବାର୍ଷିକ ଶ୍ରାଦ୍ଧ ପୂର୍ବ ଦିନ ସେବା ପରେ ଘରକୁ ଯିବା ପୂର୍ବରୁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲେ- 'ସାଆନ୍ତେ! ଆପଣଙ୍କଠାରୁ ବଡ଼ ବନ୍ଧୁ ମୋର ଆଉ କିଏ ଅଛି! ଆପଣଙ୍କ ପାଦ କାଲି ମୋ ଦୁଆରେ ପଡ଼ିଲେ ମୁଁ କୃତାର୍ଥ ମନେ କରନ୍ତି।' ଭକ୍ତବତ୍ସଳ ମହାବାହୁ ତା' ପରଦିନ ଠିକ ସମୟରେ ଭାଇ, ଭଉଣୀ ଓ ଭାରିଯାଙ୍କୁ ନ ଜଣେଇ ପଣ୍ଡାଙ୍କ ଘରେ ପହଞ୍ଚିଗଲେ ଏବଂ ପସନ୍ଦ ମୁତାବକ ଭୁରିଭୋଜନ କଲେ। ବିଶ୍ରାମ ନେବା ବେଳେ ପାଦ ପାଖରେ ବଡ଼ପଣ୍ଡା ହାତ ଯୋଡ଼ି ଠିଆ ହୋଇଥିବାର ଦେଖି ପଚାରିଲେ- 'ପଣ୍ଡାଏ! ଭୋଜନ ତ ବଢ଼ିଆ ହେଲା। ଆଉ କ'ଣ କିଛି କହୁଛ?' ବଡ଼ପଣ୍ଡା କହିଲେ- 'ମହାପ୍ରଭୁ! ମୋର ଏକମାତ୍ର କନ୍ୟା ରାଇ ସୁନ୍ଦରୀ ଯେମିତି ଗୁଣର ସେମିତି। ତା'ର ବିବାହ ବୟସ ହେଲାଣି। ମୁଁ ଆପଣଙ୍କୁ ତା'ର ବର ରୂପେ ମନେମନେ ବରଣ କରିଛି। ଆପଣଙ୍କଠାରୁ ବଡ଼ ବନ୍ଧୁ ମୁଁ ଆଉ କୋଉଠୁ ପାଇବି ସାଆନ୍ତେ?' ତହୁଁ ପ୍ରଭୁ କହିଲେ- 'ଆହେ ପଣ୍ଡାଏ! ମୁଁ ସେ କଥା ଜାଣେ। ତୁମର କନ୍ୟା ଲକ୍ଷ୍ମୀଙ୍କ କଳା ନେଇ ଜନ୍ମ ନେଇଛି। ତାକୁ ମୋ ବ୍ୟତୀତ ଆଉ କେହି ବାହା ହୋଇ ପାରିବେ ନାହିଁ।'

ଭଲ ତିଥିବାର ଦେଖି ରାଇ ସହ ମହାପ୍ରଭୁଙ୍କର ବିବାହ ସମ୍ପନ୍ନ ହୋଇଗଲା। ମନ୍ଦିରରୁ ଲୁଚିଛପି ଯାଇ ପ୍ରଭୁ ରାଇ ସହ ସମୟ ଅତିବାହିତ କରୁଥିବାରୁ ଭାଇ, ଭଉଣୀ ଓ ଲକ୍ଷ୍ମୀ ଏ କଥା ଜାଣି ପାରୁ ନ ଥିଲେ। ସମୟକ୍ରମେ ରାଇ ଗର୍ଭବତୀ ହେଲା। ମହାପ୍ରଭୁ ଜାଣିଥିଲେ ଯେ ମର୍ତ୍ତ୍ୟର ମହିଳାମାନେ ଗର୍ଭବତୀ ଥିବା ବେଳେ ସୁସ୍ୱାଦୁ ଖାଇବାକୁ ଭଲ ପାଆନ୍ତି। ତେଣୁ ଥରେ ସେ ରାଇକୁ ସରାଗରେ ସେ କଥା ପଚାରି ଦେଲେ। ରାଇ କହିଲା- 'ସାଆନ୍ତେ! ସମୁଦ୍ର କୂଳରେ ଆପଣଙ୍କ କୋଳରେ ବସି ଗଜା ମୁଗ, କଦଳୀ ଓ ନଡ଼ିଆ ଚକଟା ଖାଇବାକୁ ମୋର ମନ ହେଉଛି।' ସମୁଦ୍ର କୂଳରେ ରାଇକୁ ଧରି ସାଦ ଖୁଆଇଲେ କଥାଟା ଲକ୍ଷ୍ମୀଙ୍କ କାନକୁ ଚାଲିଯିବ। ତେଣୁ ମହାପ୍ରଭୁ କହିଲେ- 'ରାଇ! ଲକ୍ଷ୍ମୀଙ୍କ ଅଜାଣତରେ ତୋ ସହ ମୋର ବିବାହ ହୋଇଛି। ତୁ ତାଙ୍କୁ ପୂଜା କରି ସନ୍ତୁଷ୍ଟ କରି ତା'ର ଅନୁମତି ନେଇ ଆସିଲେ ଆମର ବେଳାଭୂମି ଲୀଳା ସମ୍ଭବ ହେବ।'

ମହାପ୍ରଭୁଙ୍କ ଆଦେଶାନୁସାରେ ରାଇ ଅଚଳା ଭକ୍ତି ଓ ନିଷ୍ଠାର ସହ ମହାଲକ୍ଷ୍ମୀଙ୍କୁ ଆରାଧନା କଲା। ତା'ର ପୂଜାରେ ଲକ୍ଷ୍ମୀ ସନ୍ତୁଷ୍ଟ ହୋଇ ସ୍ୱଦେହରେ ତା' ସମ୍ମୁଖରେ ଉଭା ହୋଇ ବର ଦେବାକୁ ଇଚ୍ଛା ପ୍ରକାଶ କଲେ। ରାଇ କହିଲା- 'ମାଆ! ଆପଣଙ୍କ ଅଜାଣତରେ ମହାପ୍ରଭୁ ମୋତେ ବିବାହ କରିଛନ୍ତି। ମୁଁ ବର୍ତ୍ତମାନ ଅନ୍ତସତ୍ତ୍ୱା। ମୋତେ ଆପଣଙ୍କ ପରିବାର ସହ ରହିବାକୁ ଅନୁମତି ଦିଅନ୍ତୁ।' ମହାଲକ୍ଷ୍ମୀ ଜାଣିଥିଲେ ଯେ ରସିକପଣିଆ ମହାପ୍ରଭୁଙ୍କର ପୁରୁଷୋତ୍ତମ ତତ୍ତ୍ୱର ଏହା ଏକ ବିଶିଷ୍ଟ ଅଙ୍ଗ। କଥାଟାକୁ ଘାଣ୍ଟଚକଟ କଲେ ତାହା ଜଣେ ନିରୀହା ଯୁବତୀର ପ୍ରଭୁଙ୍କ ପ୍ରତି ଥିବା ଭକ୍ତିକୁ ପ୍ରଭାବିତ କରିବାର ଆଶଙ୍କା ରହିଛି। ତେଣୁ ସେ କହିଲେ- 'ତୋ ସହ ପ୍ରଭୁଙ୍କର ବିବାହ ଏକ ସ୍ଥାନୀୟ ଘଟଣା। ସଚରାଚର ବିଶ୍ୱ ଜାଣେ ଯେ ଭୂଦେବୀ ଓ ମୁଁ ମହାପ୍ରଭୁଙ୍କର ଦୁଇ ପତ୍ନୀ। ତୁମକୁ ପରିବାରରେ ସ୍ଥାନ ଦେଇ ସାରା ବିଶ୍ୱର ବିଶ୍ୱାସକୁ ଆଘାତ ଦେବା ଉଚିତ ହେବ ନାହିଁ। କିନ୍ତୁ ମୁଁ ତୋତେ ବର୍ଷର ବାର ମାସରୁ ମାସେ ପ୍ରଭୁଙ୍କ ସାନ୍ନିଧ ପ୍ରାପ୍ତିର ବର ଦାନ କରୁଛି। ଆଶ୍ୱିନ ମାସର ଶେଷ ପାଞ୍ଚଦିନ ଓ କାର୍ତ୍ତିକ ମାସର ପଞ୍ଚକ ପାଞ୍ଚ ଦିନକୁ ଛାଡ଼ି ପ୍ରଥମ ପଚିଶ ଦିନ ତୁ ମହାପ୍ରଭୁଙ୍କ ସାନ୍ନିଧ ପାଇବୁ। ସେ ସମୟରେ ପ୍ରଭୁ ତୋତେ ସାଦ ଦେଇ ଆପ୍ୟାୟିତ କରିବେ। ପରବର୍ତ୍ତୀ କାଳରେ ହବିଷ୍ୟାଳୀମାନେ ତୋତେ ମହାପ୍ରଭୁଙ୍କ ସହ 'ରାଇଦାମୋଦର ବ୍ରତ' ପାଳନ ନାମରେ ପୂଜା କରିବେ।' ତା'ପରଠାରୁ ଆଶ୍ୱିନ ଶୁକ୍ଳ ଏକାଦଶୀଠାରୁ କାର୍ତ୍ତିକ ଶୁକ୍ଳ ଦଶମୀ ପର୍ଯ୍ୟନ୍ତ ଶ୍ରୀକ୍ଷେତ୍ରରେ ରାଇ ଦାମୋଦର ବ୍ରତ ପାଳନ କରାଯାଉଛି ଏବଂ ମହାପ୍ରଭୁ ରାଇଦାମୋଦର ବେଶରେ ଦର୍ଶନ ଦେଉଛନ୍ତି। -

(ଶ୍ରୀମନ୍ଦିର ପରମ୍ପରାରେ ରାଧାଙ୍କ ଗୁରୁତ୍ୱକୁ ହ୍ରାସ ପାଇଁ ଏ ଲୋକକଥା ରଚିତ ହୋଇ ଥାଇପାରେ)

ମୋ: ୯୯୦୦୦୮୩୪୩୩

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଡକାୟତି ଯୋଜନା ବେଳେ ମାଡ଼ି ବସିଲା ପୁଲିସ

# ଜିରା ବ୍ରିଜ୍ ନିକଟରୁ ୨ ଡକାୟତ ଗିରଫ, ବନ୍ଧୁକ ଜବତ

ବରଗଡ଼, ୭।୧୦ (ସମିସ): ଅମ୍ବାପାଲି ଜିରାନଦୀ ବ୍ରିଜ୍ ନିକଟରୁ ମଙ୍ଗଳବାର ବରଗଡ଼ ପୁଲିସ ୨ଜଣ ଡକାୟତଙ୍କୁ ଗିରଫ କରିବା ସହ ସେମାନଙ୍କଠାରୁ ଗୋଟିଏ ପିସ୍ତଲ ଜବତ କରିଛି। ପୁଲିସ୍‌କୁ ଚକ୍‌ମା ଦେଇ ୩ଜଣ ଫେରାର୍ ହୋଇଯାଇଛନ୍ତି। ଗିରଫ ୨ ଡକାୟତ ହେଲେ, କେନ୍ଦ୍ରାପଡ଼ା ଜିଲ୍ଲା ଟାଉନ ଥାନା ଜୟପୁରାର ଏସ୍.କେ ୱାଇଦ ଅଲ୍ଲୀ (୩୫) ଓ ସୋନପୁର ଜିଲ୍ଲା ଏସ୍. ରାମପୁର ଥାନା ବ୍ରହ୍ମାଣୀପାଲିର ତନ୍ମୟ ବାଗ (୨୫)।

ଆଜି ସକାଳ ପ୍ରାୟ ୧୧ଟାରେ ଜିରା ନଦୀ ବ୍ରିଜ୍ ନିକଟରେ ୫ ଜଣ ଡକାୟତି ପାଇଁ ଯୋଜନା କରୁଥିବା ନେଇ ଏକ ବିଶ୍ୱସ୍ତ ସୂତ୍ରରୁ ବରଗଡ଼ ଏସ୍‌ପି ପ୍ରହଲ୍ଲାଦ ସାହାଇ ମୀନା ଜାଣିବାକୁ ପାଇଥିଲେ। ଏ ସଂପର୍କରେ ସେ ଟାଉନ୍ ଥାନା ଅଧିକାରୀ ସୁରେନ୍ଦ୍ର ଛତ୍ରିଆଙ୍କୁ ସୂଚନା ଦେବା ପରେ ପୁଲିସର ଏକ ସ୍ୱତନ୍ତ୍ର ଟିମ୍ ଉକ୍ତ ବ୍ରିଜ୍ ନିକଟରେ ଚଢ଼ଉ କରିଥିଲା। ପୁଲିସକୁ ଦେଖି ୩ଜଣ ଫେରାର୍ ହୋଇଯାଇଥିବା ବେଳେ ୱାଇଦ୍ ଓ ତନ୍ମୟଙ୍କୁ ପୁଲିସ କାବୁ କରିଥିଲା। ସେମାନଙ୍କଠାରୁ ପୁଲିସ୍ ଗୋଟିଏ ପିସ୍ତଲ, ଗୋଟିଏ ମାଗାଜିନ, ୩ଟି ମୋବାଇଲ ସହ ଅନ୍ୟ ସାମଗ୍ରୀ ଜବତ କରିଥିଲା। ଗିରଫ ୨ ଅଭିଯୁକ୍ତଙ୍କ ନାମରେ ପୂର୍ବରୁ ବିଭିନ୍ନ ଥାନାରେ ଅନେକ ମାମଲା ରହିଥିବା ଏବଂ ଘଟଣାର ଅଧିକ ତଦନ୍ତ ଜାରି ଥିବା ପୁଲିସ ପକ୍ଷରୁ ପ୍ରକାଶ।





ଅପରପକ୍ଷେ, ଦୁଇଦିନ ମଧ୍ୟରେ ସହର ମଧ୍ୟରୁ ୬ଟି ଦେଶୀ ବନ୍ଧୁକ ଜବତ ହେବା ଘଟଣା ଚର୍ଚ୍ଚାର ବିଷୟ ହୋଇଛି। ଗତକାଲି ମଧ୍ୟ ବରଗଡ଼ ପୁଲିସ ପକ୍ଷରୁ ଏକ ଅନ୍ତଃରାଜ୍ୟ ଗ୍ୟାଙ୍ଗକୁ ଗିରଫ କରି ୫ଟି ଦେଶୀ ବନ୍ଧୁକ ଜବତ କରିଥିଲା। ତେବେ ଜିଲ୍ଲାକୁ ଏହି ବନ୍ଧୁକ କେମିତି ଓ କିଏ ଆଣୁଛି, ସେ ସଂପର୍କରେ ପୁଲିସ ତଦନ୍ତ ଚଳାଇଥିବା ଅତିରିକ୍ତ ଏସ୍‌ପି ଇନ୍ଦୁରେଖା ପଶ୍ଚିମକବାଟ ତଥା ଏସ୍‌ଡିପିଓ ପଦାରବିନ୍ଦ ତ୍ରିପାଠୀ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

## ସମଲେଶ୍ୱରୀ ମନ୍ଦିରର ବଂଶାନୁକ୍ରମିକ ସେବାୟତଙ୍କୁ ଥଇଥାନ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ, ୭।୧୦ (ସମିସ): ବଲାଙ୍ଗୀର ଜିଲ୍ଲାର ସମଲେଶ୍ୱରୀ ଦେବୀ ମନ୍ଦିରରେ ବଂଶାନୁକ୍ରମିକ ଭାବେ ନିତି ପୂଜା କରିଆସୁଥିବା ଜଣେ ସେବାୟତଙ୍କୁ ମନ୍ଦିର ପୁନରୁଦ୍ଧାର କାର୍ଯ୍ୟ ଶେଷ ପର୍ଯ୍ୟନ୍ତ ମନ୍ଦିର ସନ୍ନିକଟ ଅଞ୍ଚଳରେ ଥଇଥାନ କରିବା ପାଇଁ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଅକ୍ଷୟ ଦିଶ୍ରିଙ୍କ ପକ୍ଷରୁ ରୁଜୁ ଆବେଦନର ଶୁଣାଣିରେ ପୂର୍ଣ୍ଣଚ୍ଛେଦ ପକାଇବା ସହ ଡ. ଜଷ୍ଟିସ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଭକ୍ତମାନଙ୍କୁ ସହାୟତା କରିବାରେ ସେବାୟତଙ୍କ ଅତ୍ୟାବଶ୍ୟକ ଭୂମିକାକୁ ସ୍ୱୀକାର କରି ଅଦାଲତ କହିଛନ୍ତି ଯେ ଆବେଦନକାରୀଙ୍କୁ ଉଚ୍ଛେଦ ପୂର୍ବରୁ ଦେବତ୍ତୋର କର୍ତ୍ତୃପକ୍ଷ ଉପଯୁକ୍ତ ଥଇଥାନ ସୁନିଶ୍ଚିତ କରିବାକୁ ପଡ଼ିବ। ସେହିଭଳି ନିର୍ମାଣ କାର୍ଯ୍ୟ ସମାପ୍ତ ନ ହେବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ନିକଟସ୍ଥ ସ୍ଥାନରେ ଥଇଥାନ କରିବା ପାଇଁ ବଲାଙ୍ଗିର ଉପ ଜିଲ୍ଲାପାଳଙ୍କୁ ସକାରାତ୍ମକ ପଦକ୍ଷେପ ନେବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ଥଇଥାନ କରାନଯିବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ବର୍ତ୍ତମାନର ସ୍ଥାନରୁ ସମ୍ପୃକ୍ତ କର୍ତ୍ତୃପକ୍ଷ ବାହାର କରିବେ ନାହିଁ ବୋଲି ହାଇକୋର୍ଟ ସ୍ପଷ୍ଟ କରିଛନ୍ତି।

## ହୀରାକୁଦର ୭ ଗେଟ୍ ଖୋଲା

ସମ୍ବଲପୁର, ୭।୧୦ (ସମିସ): ହୀରାକୁଦ ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍‌ରେ ଗତ କେଇଦିନ ମଧ୍ୟରେ ଦୁଇଥର ପହଞ୍ଚିଥିବା ବେଳେ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଏହି ସ୍ତର ବଜାୟ ରଖିବାକୁ ଉଦ୍ୟମ ଜାରି ରହିଛି। ମଙ୍ଗଳବାର ସନ୍ଧ୍ୟା ୬ଟା ସୁଦ୍ଧା ଜଳଭଣ୍ଡାରର ଜଳସ୍ତର ୬୨୯.୬୭ ଫୁଟ୍ ରହିଛି। ନଦୀବନ୍ଧର ବାମପାର୍ଶ୍ୱର ୫ଟି ଓ ଡାହାଣ ପାର୍ଶ୍ୱର ୨ଟି ଏହିଭଳି ମୋଟ ୭ଟି ସ୍ଲୁଇସ୍ ଗେଟ୍‌ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୬୩,୦୩୮ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିକ୍ଷାନୁଷ୍ଠାନ, କେନାଲ ଆଦି ଦେଇ ୧,୫୦,୩୨୯ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୧,୧୪,୮୯୧ ଘନଫୁଟ ଜଳ ନିଷ୍କାସିତ ହେଉଥିବା ବେଳେ

**ଜଳସ୍ତର ୬୨୯.୬୭ ଫୁଟ୍**

ପାୱାର ଚେନାଲ ଦେଇ ୩୧,୬୨୪ ଘନଫୁଟ୍, ଶିକ୍ଷାନୁଷ୍ଠାନ ସକାଶେ ୨୪୩ ଘନଫୁଟ୍, କେନାଲ ପାଇଁ ୩,୫୭୧ ଘନଫୁଟ ଜଳ ନିଷ୍କାସିତ ହେଉଛି।

ଅନ୍ୟପକ୍ଷରେ ତଳମୁଣ୍ଡରେ ବେଲଗାଁଠାରେ ୩୨,୮୦୦ ଘନଫୁଟ ଜଳ ପ୍ରବାହିତ ହେଉଥିବା ବେଳେ ପଥର୍ଲାଠାରେ ୭୯,୧୮୦ ଘନଫୁଟ, ଖଇରମାଲଠାରେ ୨,୯୧,୦୦୦ ଘନଫୁଟ, ବାରମୁଲଠାରେ ୨,୬୨,୦୦୦ ଘନଫୁଟ୍ ଏବଂ ମୁଣ୍ଡଲୀଠାରେ ୩,୦୦,୫୧୬ ଘନଫୁଟ୍ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ।

ଗତ ୨୪ ଘଣ୍ଟାରେ ନଦୀବନ୍ଧର ଉପରମୁଣ୍ଡରେ ୭.୨୫ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୧୧.୧୯ମିମି ବର୍ଷା ହୋଇଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରରେ ଜଳସ୍ତର ୬୨୯.୮୯ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।

■ ଚର୍ଚ୍ଚାରେ କମାଣ୍ଡରଙ୍କ ଚିଠି

## ଅସ୍ତ୍ରଶସ୍ତ୍ର ଛାଡ଼ି ସାଧାରଣ ଜୀବନ ଜିଇଁବାକୁ ଆହ୍ୱାନ

ମାଲକାନଗିରି, ୭।୧୦ (ସମିସ): ମାଓବାଦୀଙ୍କ ଗଡ଼ ଛତିଶଗଡ଼ର 'ମାଡ୍' ମାଓ ଡିଭିଜନ୍‌ର କମାଣ୍ଡରଙ୍କ ଏକ ଚିଠି ଏବେ ଚର୍ଚ୍ଚାକୁ ଆସିଛି। ମାଓ କମାଣ୍ଡର 'ରଣୀତା' ସେଥିରେ ମାଓବାଦୀଙ୍କୁ ଅସ୍ତ୍ରଶସ୍ତ୍ର ତ୍ୟାଗ କରି ସାଧାରଣ ଜୀବନ ଯାପନ କରିବାକୁ ଆହ୍ୱାନ ଦେଇଛନ୍ତି। ଚିଠିରେ ସେ ଉଲ୍ଲେଖ କରିଛନ୍ତି ଯେ ବର୍ତ୍ତମାନ ସ୍ଥିତିରେ ସମସ୍ତଙ୍କୁ ଶାନ୍ତି ଓ ଆଲୋଚନାର ପଥ ଅନୁସରଣ କରିବା ଉଚିତ। ତେବେ ରଣୀତାଙ୍କ ଦ୍ୱାରା ଜାରି ହୋଇଥିବା ଏହି ପତ୍ରର ସତ୍ୟତା ସ୍ପଷ୍ଟ ହୋଇନାହିଁ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆଜିଠୁ ଫେସ୍ ସ୍କାନ...

ଡାଟା ମାଧ୍ୟମରେ କରାଯିବ। ଅର୍ଥାତ ୟୁଜର୍ସଙ୍କ ଫେସ୍ କିମ୍ବା ଫିଙ୍ଗରପ୍ରିଣ୍ଟ ସେମାନଙ୍କ ଆଧାର ତଥ୍ୟ ସହ ମେଳ କରାଯିବ। ଏହାପରେ ଯାଇ ପେମେଣ୍ଟକୁ ଅନୁମତି ମିଳିପାରିବ। ବର୍ତ୍ତମାନ ୟୁପିଆଇରେ ୟୁଜର୍ସଙ୍କୁ କାରବାର କରିବା ପାଇଁ ୪ କିମ୍ବା ୬ ଅଙ୍କର ପିନ୍ ଦେବାକୁ ପଡୁଛି। ନୂଆ ସିଷ୍ଟମ୍‌ଲାଗୁ ହେବା ପରେ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟ ସେନ୍ସର ଜରିଆରେ ପେମେଣ୍ଟ ତୁରନ୍ତ ଅଥେଣ୍ଟିକେସନ ବା ଭେରିଫାଏ ହୋଇଯିବ। ଏହାଦ୍ୱାରା ଅଥେଣ୍ଟିକେସନ ସମୟ କମିବ, ସୁରକ୍ଷା ବଢ଼ିବ ଏବଂ ୟୁଜର ଏକ୍ସପିରିଏନ୍ସ ଆହୁରି ସହଜ ହେବ। ବିଶେଷଜ୍ଞଙ୍କ କହିବା ଅନୁସାରେ ବାୟୋମେଟ୍ରିକ ଅଥେଣ୍ଟିକେସନ ଫଳରେ ଠକେଇ ସମ୍ଭାବନା ମଧ୍ୟ କମ୍ ରହିବ। କାରଣ କାହାର ଚେହେରା ଏବଂ ଫିଙ୍ଗରପ୍ରିଣ୍ଟକୁ କପି କରିବା ମୁସ୍କିଲ। ଅବଶ୍ୟ ଡାଟା ସୁରକ୍ଷା ଏବଂ ଗୋପନୀୟତା ସୁନିଶ୍ଚିତ କରିବା ପାଇଁ ଏନପିସିଆଇ ଏବଂ ୟୁଆଇଡିଏଆଇ ମଧ୍ୟରେ ମଜଭୁତ ବୈଷୟିକ ନବାଚାର ପାଳନ କରାଯିବ।

### ସୀମା ଟପିଲାଣି...

ଡକାୟତି, ୨,୫୮୨ ଛିନ୍ତାଇ, ୬,୪୦୮ ଚୋରି, ୧୭,୮୦୫ ଚୋରି, ୬,୩୦୭ ଠକେଇ, ୧୪୭୧ ଦଙ୍ଗା, ୩୦୫୪ ବଳାତ୍କାର ଘଟିଛି। ଗତ ୧୦ ମାସରେ ରାଜ୍ୟରେ ସାଢେ ୪ହଜାର ଉପରେ ଦୁଷ୍କର୍ମ ମାମଲା ରାଜ୍ୟର ବିଭିନ୍ନ ଥାନାରେ ରୁଜୁ ହୋଇଛି। ଗୋପାଳପୁର ଗଣଦୁଷ୍କର୍ମ ଘଟଣା ସାରା ଦେଶର ଆତ୍ମାକୁ ଦୋହଲାଇ ଦେଇଥିବା ବେଳେ ପୁରୀ ଜିଲ୍ଲାର ବାଲିହରଚଣ୍ଡୀ ପୀଠ ନିକଟରେ କିଛି ଦୁର୍ବୃତ୍ତ ବନ୍ଧୁଙ୍କୁ ଗଛରେ ବାନ୍ଧି ତାଙ୍କ ସାମ୍ନାରେ ତାଙ୍କର ବାନ୍ଧବୀକୁ ଗଣଦୁଷ୍କର୍ମ ଘଟଣା ରାଜ୍ୟରେ ପୁଣି ଆଲୋଡ଼ନ ସୃଷ୍ଟି କରିଛି। ଖୋଦ ରାଜଧାନୀର ଛାତି ଉପରେ ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ନିଶା ବଟିକା ଦେଇ ୩ ଜଣ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ସେପ୍ଟେମ୍ବର ୭ରେ ଅନୁଗୋଳର ଭାଲୁଖାଇ ନାଳରୁ ନିଖୋଜ ନାବାଳିକାର ମୃତଦେହ ମିଳିବା ପଛରେ ଗଣଦୁଷ୍କର୍ମ ହୋଇଥିବା ଅଭିଯୋଗ ହୋଇଛି। ଅଗଷ୍ଟ ୩୧ରେ ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ଗାଡ଼ି ଭିତରେ ଗଣଦୁଷ୍କର୍ମ କରି ରାସ୍ତାରେ ଫୋପାଡ଼ି ଦେଇଛନ୍ତି ଦୁର୍ବୃତ୍ତ। ଅଗଷ୍ଟ ୧୮ ରେ ସମ୍ବଲପୁର ଯୁଯୁମୁରା ଥାନା ଅଞ୍ଚଳରେ ଜଣେ ନାବାଳିକା ଗଣଦୁଷ୍କର୍ମର ଶିକାର ହୋଇଥିବା ବେଳେ ଅଗଷ୍ଟ ୧୩ରେ ରାଜନଗରରେ ଜଣେ ଦଶମ ଶ୍ରେଣୀ ଛାତ୍ରୀ ଗଣଦୁଷ୍କର୍ମ ଶିକାର ହୋଇଥିବା ଅଭିଯୋଗ ହୋଇଛି।

### କ୍ଷୋଭ ପ୍ରକାଶ...

ନବୀନ କହିଛନ୍ତି। ସାମାଜିକ ଗଣମାଧ୍ୟମ ଏକ୍ସରେ ଏନେଇ ପୋଷ୍ଟ କରି ନବୀନ କହିଛନ୍ତି ଯେ ରାଜ୍ୟରେ ପାର୍ବଣ ଉତ୍ସବର ପରିବେଶ ମଧ୍ୟରେ ଭୟର ବାତାବରଣ, ଲୋକେ ନିଜକୁ ଅସୁରକ୍ଷିତ ଭାବିବା ଆରମ୍ଭ କଲେଣି। ନିଜ ଘର ସାମ୍ନାରେ ଠିଆ ହୋଇଥିବା ସମୟରେ ଗଞ୍ଜାମର ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଯେପରି ଗୁଳି କରି ହତ୍ୟା କରାଗଲା ତାହା ଅତ୍ୟନ୍ତ ଜଘନ୍ୟ ଓ ଦୁଃଖଦାୟକ। ଦୁଃଖରେ ଭାଙ୍ଗି ପଡ଼ିଥିବା ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇବା ସହ ନବୀନ ଉଲ୍ଲେଖ କରିଛନ୍ତି ଯେ ଏହି ଖବର ସାଧାରଣ ଲୋକଙ୍କୁ ଭୟଭୀତ କରିଦେଇଛି। ସେହିପରି ରାଉରକେଲାରେ ଦୁଷ୍କର୍ମ, କଣାସରେ ଲକ୍ଷ୍ମୀ ବସ୍ ଭିତରେ ଘଟିଥିବା ଅଭାବନୀୟ କାଣ୍ଡ ସାଙ୍ଗକୁ ବାଲେଶ୍ୱରରେ ରାତ୍ରିକାଳୀନ କଟକଣା ସହ ଭାଇଚାରାର ସହର କଟକରେ ସାମ୍ପ୍ରଦାୟିକ ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ।

ଅନ୍ୟପକ୍ଷରେ ପୁଲିସ ଏସ୍‌ଆଇ ନିଯୁକ୍ତିରେ ମହାଘୋଟାଲା ଆଶାୟୀ ଯୁବଗୋଷ୍ଠୀଙ୍କ ମନୋବଳ ଭାଙ୍ଗି ଦେଇଥିବା ବେଳେ ସରକାରୀ ନିଯୁକ୍ତିରେ ସ୍ୱଚ୍ଛତା ଓ ଉତ୍ତରଦାୟିତ୍ୱ ବଜାୟ ରଖିବାରେ ମଧ୍ୟ ରାଜ୍ୟର ବିଜେପି ସରକାର ଅସମର୍ଥ ବୋଲି ନବୀନ କ୍ଷୋଭ ପ୍ରକାଶ କରିଛନ୍ତି। ଅପରାଧ ରୋକିବା ପାଇଁ ସରକାର କାହିଁକି ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରୁନାହାନ୍ତି ବୋଲି ନବୀନ ପ୍ରଶ୍ନ କରିବା ସହ ଲୋକଙ୍କ ସ୍ୱାର୍ଥ ପାଇଁ ସରକାର ତତ୍ପର ଓ ସଜାଗ ହେବା ଜରୁରୀ ବୋଲି ପରାମର୍ଶ ଦେଇଛନ୍ତି।

### ତଥ୍ୟ ମାଗିଲେ...

ତେବେ କିଛି ପୁରୁଣା ଭୋଟର ବି ରହିଛନ୍ତି। କୋର୍ଟ କହିଲେ, ତାହା ହେଲେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ସଂପର୍କରେ ମଧ୍ୟ ତଥ୍ୟ ଦେବାକୁ ପଡ଼ିବ। ସେପ୍ଟେମ୍ବର ୩୦ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇଛି ଏବଂ ସମସ୍ତ ତଥ୍ୟ କମିସନଙ୍କ ପାଖ।।ରେ ରହିବା ସ୍ୱାଭାବିକ। ତେଣୁ ଆସନ୍ତା ୯ତାରିଖ ସୁଦ୍ଧା ତୁଳନାତ୍ମକ ତଥ୍ୟ ଦାଖଲ କରାଯିବା ଆବଶ୍ୟକ। ଜଷ୍ଟିସ ବାଗଚି କହିଲେ ଯେ ଏସ୍‌ଆଇଆର୍ ମାମଲାରେ କୋର୍ଟ ହସ୍ତକ୍ଷେପ କରିବା ପରେ ସ୍ୱଚ୍ଛତା ବଢ଼ିଛି, କିନ୍ତୁ ବିଭ୍ରାନ୍ତି ରହିଛି। ବିଶେଷ କରି ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କୁ ନେଇ ଦ୍ୱନ୍ଦ୍ୱ ରହିଛି। ତେଣୁ ଯୋଡ଼ି ହୋଇଥିବା ଭୋଟରଙ୍କ ନାମ ସହିତ ସେମାନଙ୍କର ପରିଚୟ ସଂପର୍କରେ ତଥ୍ୟର ଯାଞ୍ଚ ଜରୁରି ହୋଇପଡ଼ିଛି।

ଚୂଡ଼ାନ୍ତ ଭୋଟର ତାଲିକାର ବିଶ୍ଳେଷଣରୁ ଜଣାପଡ଼ିଛି ଯେ ମଗଧ ଡିଭିଜନରେ ସର୍ବାଧିକ ଭୋଟର ଯୋଡ଼ି ହୋଇଥିବା ବେଳେ ମୁସଲିମ ବହୁଳ ସୀମାଞ୍ଚଳ ଅଞ୍ଚଳରେ ସର୍ବାଧିକ ଭୋଟରଙ୍କ ନାମ କଟାଯାଇଛି। ଏସ୍‌ଆଇଆର୍‌କୁ ଚାଲେଞ୍ଜ କରି ପିଟିସନ ଦାଖଲ କରିଥିବା ବିଭିନ୍ନ ଦଳ ଓ ସଂଗଠନ ଅଭିଯୋଗ କରିଛନ୍ତି ଯେ ଦଳିତ, ଗରିବ ଓ ମୁସଲିମ ଭୋଟରଙ୍କ ନାମ କାଟିବା ଉଦ୍ଦେଶ୍ୟରେ କ୍ଷମତାସୀନ ଦଳ ଇଙ୍ଗିତରେ ନିର୍ବାଚନ କମିସନ ଏଭଳି ପ୍ରକ୍ରିୟା ଆରମ୍ଭ କରିଥିଲେ। ଶୁଣାଣି ସମୟରେ ସର୍ବୋଚ୍ଚ ଅଦାଲତ ସ୍ପଷ୍ଟ କରିଦେଇଥିଲେ ଯେ ଏସ୍‌ଆଇଆର୍ ପ୍ରକ୍ରିୟାରେ ଟିକିଏ ବି ତ୍ରୁଟି ହୋଇଥିବା ଧରାପଡ଼ିଲେ, ସମଗ୍ର ପ୍ରକ୍ରିୟାକୁ ରଦ୍ଦ କରିଦିଆଯିବ।

ସୂଚନାଯୋଗ୍ୟ ଯେ ଏସ୍‌ଆଇଆର୍‌କୁ ନେଇ ମାମଲା ସୁପ୍ରିମ କୋର୍ଟଙ୍କ ବିଚାରାଧୀନ ଥିବା ବେଳେ ନିର୍ବାଚନ କମିସନ ଗତକାଲି ବିହାର ବିଧାନସଭା ନିର୍ବାଚନ ଲାଗି ତାରିଖ ଘୋଷଣା କରିଛନ୍ତି। ଆସନ୍ତା ନଭେମ୍ବର ୬ ଓ ୧୧ ତାରିଖରେ ଦୁଇଟି ପର୍ଯ୍ୟାୟରେ ମତଦାନ ହେବ ଏବଂ ୧୪ ତାରିଖରେ ଫଳାଫଳ ଘୋଷଣା କରାଯିବ।

### ପୁଲିସ ସ୍କାନରରେ...

କିଛି ସମୟ ପୂର୍ବରୁ ପୀତବାସଙ୍କ ଫୋନ୍‌କୁ ୪ଟି ନମ୍ବରରୁ କଲ୍ ଆସିଥିଲା। ସେହି ୪ଜଣ ବ୍ୟକ୍ତି କିଏ? ସେମାନଙ୍କ ସହିତ କ'ଣ କଥା ହୋଇଥିଲେ? ଏହି ୪ଜଣଙ୍କ ମଧ୍ୟରେ ରହିଛି କି ଗୁଳିକାଣ୍ଡର ମାଷ୍ଟରମାଇଣ୍ଡ? ଏଭଳି ବହୁ ଦିଗକୁ ଦୃଷ୍ଟିରେ ରଖି ପୁଲିସ ସ୍ୱତନ୍ତ୍ର ଟିମ୍ ଗଠନ କରି ବିଭିନ୍ନ ସ୍ଥାନରେ ଚଢ଼ଉ କରି ସମ୍ପୃକ୍ତ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ପ୍ରୟାସ ଜାରି ରଖିଛି। ଘଟଣାରେ ପୁଲିସ ଏକାଧିକ ଯୁବକଙ୍କୁ ସନ୍ଦେହରେ ଅଟକ ରଖି ଜେରା କରୁଛି। ପୀତବାସଙ୍କ ହତ୍ୟା ପଛରେ କାରଣ କ'ଣ ତାହା ସ୍ପଷ୍ଟ ହୋଇପାରୁନି। ବୃତ୍ତିଗତ ନା ରାଜନୈତିକ କିମ୍ବା ବ୍ୟକ୍ତିଗତ ଅଥବା ପୂର୍ବଶତ୍ରୁତାରୁ ହତ୍ୟା କରାଗଲା ସେନେଇ ପୁଲିସ ଖୋଳତାଡ଼ ଚଳାଇଛି। ଏପରିକି ସେ ସୂଚନା ଅଧିକାର କର୍ମୀ ଭାବେ ଅନେକ ଦୁର୍ନୀତିର ପର୍ଦ୍ଦାଫାସ୍ କରୁଥିବାରୁ ସେ ଦିଗକୁ ନେଇ ମଧ୍ୟ ପୁଲିସ ତଦନ୍ତ କରୁଛି।

ସୋମବାର ବିଳମ୍ବିତ ରାତି ପ୍ରାୟ ୩ଟାରେ ପୀତବାସଙ୍କ ମୃତଦେହକୁ ଏମକେସିଜି ମେଡ଼ିକାଲରେ ବ୍ୟବଚ୍ଛେଦ କରାଯାଇଥିଲା। ବ୍ୟବଚ୍ଛେଦ ସମୟରେ ଅନେକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ସାମ୍ନାକୁ ଆସିଛି। ଗୁଳିମାଡ଼ ଯୋଗୁଁ ନୁହେଁ ବରଂ ଛାତିରେ ଗୁଳିମାଡ଼ ପରେ ସେ ଛାନିଆଁ ହୋଇଯାଇଥିଲେ ଏବଂ ଅତ୍ୟଧିକ ରକ୍ତସ୍ରାବ ଯୋଗୁ ତାଙ୍କର ମୃତ୍ୟୁ ଘଟିଛି। ପୀତବାସଙ୍କ ଡ଼ାହାଣ ଛାତିର ଉପର ଭାଗରେ ଗୁଳି ଭେଦ କରି ସ୍ପାଇନାଲ କଲମ ନିକଟରେ ଅଟକି ରହିଥିଲା। ତାହାକୁ ବ୍ୟବଚ୍ଛେଦ ସମୟରେ ବାହାର କରାଯାଇଥିବା କହିଛନ୍ତି ଏମ୍‌କେସିଜି ମେଡ଼ିକାଲ ଏଫ୍‌ଏମ୍‌ଟି ବିଭାଗୀୟ ମୁଖ୍ୟ ପ୍ରଫେସର ଡ଼ାକ୍ତର ସୁଦୀପା ଦାସ। ଜଣେ ଆଇନଜୀବୀଙ୍କୁ ଏଭଳି ବିଚ୍ ରାସ୍ତାରେ ଗୁଳିମାଡ଼ କରିବା ଘଟଣାକୁ ତୀବ୍ର ନିନ୍ଦା କରାଯାଇଛି। ଏହାକୁ ନେଇ ବୁଧବାର ରାଜ୍ୟବ୍ୟାପୀ ଓକିଲଙ୍କ ପକ୍ଷରୁ କଲମ ଛାଡ ଆନ୍ଦୋଳନର ଡାକରା ଦିଆଯାଇଛି। ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତଙ୍କୁ ଗିରିଫ କରିବା ସହ ବିଚାର ବିଭାଗୀୟ ତଦନ୍ତ ପାଇଁ ମହଲତ ଦିଆଯାଇଥିବା କହିଛନ୍ତି ରାଜ୍ୟ ଆଇନଜୀବୀ ପରିଷଦର ଅଧ୍ୟକ୍ଷ ସୀତାଂଶୁ ମହୋନ ଦ୍ୱିବେଦୀ।

ଛାତ୍ର ଜୀବନରୁ କମ୍ୟୁନିଷ୍ଟ ଚିନ୍ତାଧାରାରେ ପ୍ରଭାବିତ ହୋଇ ପୀତବାସ ଅଖିଳ ଭାରତୀୟ ଛାତ୍ର ଫେଡେରେସନର ଜଣେ ସକ୍ରିୟ କର୍ମୀ ଓ କର୍ମକର୍ତ୍ତା ଭାବେ କାର୍ଯ୍ୟ କରୁଥିଲେ। ଜଣେ ଆଗ ଧାଡ଼ିର ଛାତ୍ରନେତା ଭାବେ ବିଭିନ୍ନ ଶିକ୍ଷାନୁଷ୍ଠାନର ସମ୍ପାଦକ ନିର୍ବାଚିତ ହୋଇଥିଲେ। ପରେ ସକ୍ରିୟ ରାଜନୀତିରେ ପ୍ରବେଶ କରି କଂଗ୍ରେସରେ ସାମିଲ ହୋଇ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଓ ରାଜ୍ୟ ମୁଖପାତ୍ର ଭଳି ଗୁରୁତ୍ୱପୂର୍ଣ୍ଣ ପଦବୀରେ ରହିଥିଲେ। ଗତ ନିର୍ବାଚନରେ ସର୍ବାଧିକ ଭୋଟ ପାଇ ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ଭାବେ ନିର୍ବାଚିତ ମଧ୍ୟ ହୋଇଥିଲେ। ଗତ ସାଧାରଣ ନିର୍ବାଚନ ସମୟରେ ପୀତବାସ ବିଜେପିରେ ଯୋଗଦେଇ ଗୋପାଳପୁର ବିଧାୟକ ତଥା ଖଣିମନ୍ତ୍ରୀ ବିଭୂତି ଭୂଷଣ ଜେନାଙ୍କ ପାଇଁ ପ୍ରଚାର କରି ତାଙ୍କ ନିକଟତର ହୋଇଥିଲେ।

### ରାଜ୍ୟରେ ଆଇନଜୀବୀଙ୍କ...

କ୍ଷତିପୂରଣ ରାଶି ପ୍ରଦାନ ଏବଂ ଏହି ଘଟଣାର ବିଚାର ବିଭାଗୀୟ ତଦନ୍ତ ପାଇଁ କାଉନସିଲ ତରଫରୁ ଦାବି କରାଯାଇଛି।

ଅନ୍ୟପଟେ, ଜଣେ ଆଇନଜୀବୀଙ୍କୁ ତାଙ୍କ ଘର ସମ୍ମୁଖରେ ଯେପରି ହତ୍ୟା କରାଗଲା, ତାହା ଦୁର୍ଭାଗ୍ୟଜନକ। ଏଣୁ ଆଇନଜୀବୀ ସୁରକ୍ଷା ଆଇନ ଅନୁସାରେ ଆଇନଜୀବୀମାନଙ୍କ ସୁରକ୍ଷା ଦିଗରେ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ପାଇଁ ସରକାରଙ୍କ ନିକଟରେ କାଉନସିଲ ଦାବି ଉପସ୍ଥାପନ କରିଛି। ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ମୁଖ୍ୟ ବିଚାରପତି, ଆଇନ ମନ୍ତ୍ରୀ ଓ ବାର କାଉନସିଲ ଅଫ୍ ଇଣ୍ଡିଆର ଅଧ୍ୟକ୍ଷଙ୍କୁ ରାଜ୍ୟ ବାର କାଉନସିଲ ପକ୍ଷରୁ ଗୃହୀତ ହୋଇଥିବା ପ୍ରସ୍ତାବ ସଂକ୍ରାନ୍ତରେ ଅବଗତ କରଯାଇଛି। ରାଜ୍ୟ ବାର କାଉନସିଲର ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀଙ୍କ ନେତୃତ୍ୱରେ ସମସ୍ତ ସଦସ୍ୟ ସ୍ୱର୍ଗତ ପଣ୍ଡାଙ୍କ ବାସଭବନକୁ ଯାଇ ଶୋକସନ୍ତପ୍ତ ପରିବାରକୁ ସମବେଦନା ମଧ୍ୟ ଜ୍ଞାପନ କରିଛନ୍ତି। ଏହି ହତ୍ୟା ଘଟଣାକୁ ବାର କାଉନସିଲ ଅଫ ଇଣ୍ଡିଆ (ବିସିଆଇ) ମଧ୍ୟ ନିନ୍ଦା କରିଛି। ଏନେଇ ବିସିଆଇ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖାଯାଇଛି। ରାଜ୍ୟ ବାର କାଉନସିଲର ଜଣେ ସଦସ୍ୟଙ୍କୁ ଗୁଳି କରି ହତ୍ୟା କରାଯିବା ନେଇ ସମଗ୍ର ଦେଶରେ ଆଇନଜୀବୀ ମାନେ ସ୍ତବ୍ଧ। ଏଣୁ ଏହି ଘଟଣାରେ ତ୍ୱରିତ କାର୍ଯ୍ୟାନୁଷ୍ଠାନ ପୂର୍ବକ ଦୋଷୀକୁ ଗିରଫ କରିବା ସହ ୭୨ଘଣ୍ଟା ମଧ୍ୟରେ ଏହାର ସ୍ଥିତି ସମ୍ପର୍କରେ ଜଣାଇବାକୁ ବିସିଆଇ କହିଛି।

### ଘାସିରାମ କଂଗ୍ରେସର...

ପ୍ରାର୍ଥିତ୍ୱ ସମ୍ପର୍କରେ ବିଧିବଦ୍ଧ ସୂଚନା ଦିଆଯାଇଛି। ଗତ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବେ ଘାସିରାମ ମାଝୀ ୫୦ ହଜାର ୯୪୧ ଖଣ୍ଡ ଭୋଟ ପାଇଥିଲା ବେଳେ କଂଗ୍ରେସ ପ୍ରାର୍ଥୀ ତଥା ତତ୍‌କାଳୀନ ପିସିସି ସଭାପତି ଶରତ ପଟ୍ଟନାୟକ ୧୫ ହଜାର ଭୋଟ ପାଇଥିଲେ। ଏହି ଦୁଇଜଣଙ୍କ ଭୋଟ୍ ମିଶାଇଲେ ୬୫ ହଜାର ଭୋଟ୍ ହେଉଛି। ମାତ୍ର ଏହି ଆସନରୁ ୨୦୨୪ରେ ନିର୍ବାଚନ ଜିତିଥିବା ରାଜେନ୍ଦ୍ର ଢୋଲକିଆ ୬୧ ହଜାର ଭୋଟ ପାଇ ବିଜୟୀ ହୋଇଥିଲେ। କଂଗ୍ରସ ଘାସିରାମଙ୍କୁ ଏଠାରୁ ପ୍ରାର୍ଥୀ କରିବା ସହ ପ୍ରଥମ ରାଜନୈତିକ ଦଳ ଭାବେ ଏହି ଆସନ ପାଇଁ ପ୍ରାର୍ଥୀ ଘୋଷଣା କରିଛି। ଅନ୍ୟପଟେ ଗତ କିଛି ଦିନ ପୂର୍ବରୁ ଘାସିରାମ ମାଝୀଙ୍କୁ ନୂଆପଡ଼ା ଜିଲ୍ଲା କଂଗ୍ରେସ ସଭାପତି ଭାବେ ମଧ୍ୟ ନିଯୁକ୍ତ କରାଯାଇଛି। ଏହିସବୁ ଦିଗକୁ ଆଧାର କରି କଂଗ୍ରେସ ଏହି ଆସନ ଦଖଲ କରିବା ନେଇ ସମ୍ପୂର୍ଣ୍ଣ ଆଶାବାଦୀ ରହିଛି।

ଘାସିରାମଙ୍କୁ ପ୍ରାର୍ଥୀ କରିବା ସହ ଦଳ ସୋମବାର ସେଠାରେ ନ୍ୟାୟ ସମାବେଶ କରିଛି। ସେଠାରେ ପିସିସି ସଭାପତି ଆଗୁଆ ଘାସିରାମଙ୍କ ସପକ୍ଷରେ ଭୋଟ୍‌ଭିକ୍ଷା ମଧ୍ୟ କରିଦେଇଛନ୍ତି। ଏହି ସମାବେଶରେ ଭକ୍ତ କହିଛନ୍ତି ଯେ ଅନ୍ୟ ଦଳ ଭଳି କଂଗ୍ରେସ କୋଟି କୋଟି ଟଙ୍କା ଖର୍ଚ୍ଚ କରି ନିର୍ବାଚନ ଲଢ଼ିବ ନାହିଁ। ଘାସିରାମ ମାଝୀ ଜଣେ ଅତ୍ୟନ୍ତ ପରୋପକାରୀ ଏବଂ ସାମାଜିକ ନ୍ୟାୟ ପାଇଁ ସଂଘର୍ଷଶୀଳ ନେତା। ଆମେ ସମସ୍ତେ ମିଶି ଲଢେଇ କରି ଜନସାଧାରଣଙ୍କ ପ୍ରିୟ ଭାଜନ ହୋଇ କଂଗ୍ରେସକୁ ଜୟଯୁକ୍ତ କରିବୁ।

### କାତ ପାଉନାହିଁ...

ବ୍ୟବସ୍ଥା କରାଯାଇଛି; ଅଥବା ପରୀକ୍ଷା ପରିଚାଳନାକୁ ଆଇଟିଲିମିଟେଡ୍‌କୁ ପ୍ରଦାନ କରି ଓପିଆର୍‌ବି ଏହାର ତତ୍ତ୍ୱାବଧାନରେ ଅତ୍ୟନ୍ତ ଦାୟିତ୍ୱହୀନ ଆଚରଣ ପ୍ରଦର୍ଶନ କରିଛି। ପରୀକ୍ଷା ପ୍ରଶ୍ନ ଅଭ୍ୟାସ ପାଇଁ ଯାଉଥିବା ପରୀକ୍ଷାର୍ଥୀମାନଙ୍କଠାରୁ ଏଯାଏ ଯେଉଁ ତଥ୍ୟ ମିଳିଛି ତାହା କ୍ରାଇମବ୍ରାଞ୍ଚକୁ କେବଳ ଶଙ୍କର ପୃଷ୍ଟି ଓ ମୁନା ମହାନ୍ତି ପର୍ଯ୍ୟନ୍ତ ପହଞ୍ଚାଇବାକୁ ସମର୍ଥ ହୋଇଛି। ମାତ୍ର କାହା ଛତ୍ରଛାୟାରେ ଥାଇ ଶଙ୍କର ଓ ମୁନା ଏପରି ଏକ ଜଘନ୍ୟ କାଣ୍ଡ ଘଟାଇବାକୁ ସମର୍ଥ ହୋଇଛନ୍ତି, ସେ ସମ୍ପର୍କରେ କ୍ରାଇମବ୍ରାଞ୍ଚ ସୂଚନା ପାଇନାହିଁ। ତେବେ ଏହି ଘଟଣାରେ ସମ୍ପୃକ୍ତ କୁହାଯାଉଥିବା ଆଉ ୨ ଜଣଙ୍କୁ କ୍ରାଇମବ୍ରାଞ୍ଚ ବ୍ରହ୍ମପୁର ଓ ଭୁବନେଶ୍ୱରରୁ ଉଠାଇ ଆଣିଛି। ଏମାନେ ଚାକିରି ପାଇଁ ପିଲା ଯୋଗାଡ଼ ଦାୟିତ୍ୱ ନେଇଥିବା ସୂଚନା ମିଳିଛି। ତେବେ ପରୀକ୍ଷା ପରିଚାଳନା ଦାୟିତ୍ୱ ନେଇଥିବା ସଂସ୍ଥା ସହ ଓପିଆର୍‌ବିର କିଛି କର୍ମଚାରୀଙ୍କ ସମ୍ପର୍କ ଥିବା ସଂକ୍ରାନ୍ତରେ କ୍ରାଇମବ୍ରାଞ୍ଚ ସୁରାକ ପାଇଛି। ପରୀକ୍ଷା ପରିଚାଳନା ଦାୟିତ୍ୱ ପାଇଥିବା ସିଲିକନ୍ ଟେକ୍ ଏବଂ ପଞ୍ଚସଫ୍ଟ ଟେକ୍ନୋଲୋଜିର ଅଫିସକୁ କିଛି ପୁଲିସ ଅଧିକାରୀ ନିୟମିତ ଯାଉଥିବା ସଂକ୍ରାନ୍ତ ସୂଚନା ଉପରେ ମଧ୍ୟ କ୍ରାଇମବ୍ରାଞ୍ଚ ତଦନ୍ତ କରୁଛି।

ସରକାରୀ ନିଯୁକ୍ତି ପରୀକ୍ଷା ପରିଚାଳନା ଦାୟିତ୍ୱ ଆଉଟସୋର୍ସିଂ କମ୍ପାନୀକୁ ନ ଦେବା ଲାଗି ଗତ ମାସ ୨୨ ତାରିଖରେ ରାଜ୍ୟ ସରକାର ନିର୍ଦ୍ଦେଶ ଜାରି କରିଥିଲେ। ଏହି ସମୟରେ ଓପିଆର୍‌ବି ପରୀକ୍ଷା ପରିଚାଳନା ଦାୟିତ୍ୱ ନେଇଥିବା ସିଲିକନ୍ ଟେକ୍‌ଲାବ ଓ ପଞ୍ଚ ସଫ୍ଟ ସମ୍ପର୍କରେ କାହିଁକି ସମୀକ୍ଷା କଲାନାହିଁ ବୋଲି ପ୍ରଶ୍ନ ଉଠିଛି। ସେହିପରି ପୁଲିସ ସବ୍ ଇନ୍ସପେକଟର ପାଇଁ ଥିବା ପରୀକ୍ଷା ଢାଞ୍ଚାକୁ ନେଇ ସାଧାରଣରେ ପ୍ରଶ୍ନ ଉଠିଛି। ପୂର୍ବରୁ ଓଡିଶା ଷ୍ଟାଫ୍ ସିଲେକସନ୍ କମିଶନ ଏସ୍‌ଆଇ ପରୀକ୍ଷା କରୁଥିଲା। ଏଥିରେ ପ୍ରିଲିମନାରୀ, ଫିଜିକାଲ ଟେଷ୍ଟ, ମେନ୍ ପରେ ମୌଖିକ ଏବଂ ଭଏସ କରାଯାଇ ଫାଇନାଲ ତାଲିକା ପ୍ରକାଶ କରାଯାଉଥିଲା। ମାତ୍ର ଏବେ କେବଳ ଗୋଟିଏ ଲିଖିତ ପରୀକ୍ଷା ପରେ ଶାରିରୀକ ପରୀକ୍ଷା କରାଯାଇ ଏସଆଇ ନିଯୁକ୍ତିକୁ ନେଇ ପ୍ରଶ୍ନ ଉଠିଛି।

### ହଟିଲା କର୍ଫ୍ୟୁ...

ରଖାଯାଇଛି। ସହରରେ ଶାନ୍ତି ଓ ଭାଇଚାରା ବଜାୟ ରଖିବାକୁ ପୁଲିସ କମିଶନର ଏସ. ଦେବଦତ୍ତ ସିଂ ନିବଦେନ କରିଛନ୍ତି। ଡିସିପିଙ୍କ କାର୍ଯ୍ୟାଳୟରେ ପୁଲିସ କମିଶନର ଦେବଦତ୍ତ ସିଂ କହିଛନ୍ତି ଯେ କଟକରେ ଏବେ ସ୍ଥିତି ସମ୍ପୂର୍ଣ୍ଣ ନିୟନ୍ତ୍ରଣାଧୀନ ରହିଛି। ଏହାକୁ ଦୃଷ୍ଟିରେ ରଖି କର୍ଫ୍ୟୁକୁ ହଟାଇ ଦିଆଯାଇଛି। ୩୬ଘଣ୍ଟା ସମ୍ପୂର୍ଣ୍ଣ ଭାବେ ଶାନ୍ତିପୂର୍ଣ୍ଣ ଭାବେ ବିତିଛି। ପରିସ୍ଥିତିର ଅନୁଧାନ କରାଯାଉଛି। ବିଭିନ୍ନ ସ୍ଥାନଗୁଡ଼ିକରେ ପୁଲିସର ପାଟ୍ରୋଲିଂ ଜାରି ରହିବ। ସୋସିଆଲ ମିଡିଆକୁ ସ୍ୱତନ୍ତ୍ର ଭାବେ ମନିଟରିଂ କରାଯାଉଛି। ଯେକୌଣସି ସ୍ଥାନରେ ଆଇନଶୃଙ୍ଖଳା ପରିସ୍ଥିତି ବିଗିଡ଼ିଲେ, ତୁରନ୍ତ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି କମିଶନର ଶ୍ରୀ ସିଂ ଚେତାବନୀ ଦେଇଛନ୍ତି।

ଡିସିପିଙ୍କ କାର୍ଯ୍ୟାଳୟରେ ଏକ ସ୍ୱତନ୍ତ୍ର ସେଲ୍ କାର୍ଯ୍ୟକ୍ଷମ ହେଉଛି। ସେଠାରେ ଫେସବୁକ୍, ଇନ୍‌ଷ୍ଟାଗ୍ରାମ, ହ୍ୱାଟସଆପ୍ ଏବଂ ଏକ୍ସ ଆକାଉଣ୍ଟଗୁଡ଼ିକୁ ଯାଞ୍ଚ କରାଯାଉଛି। ଅପପ୍ରଚାରକାରୀଙ୍କ ଉପରେ ପୁଲିସ ସ୍ୱତନ୍ତ୍ର ଦୃଷ୍ଟି ରଖିଛି। ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓଙ୍କ କହିବା ଅନୁଯାୟୀ, ଆଗକୁ କାଳୀପୂଜା ଓ କାର୍ତ୍ତିକେଶ୍ୱର ପୂଜା ଆସୁଥିବା ବେଳେ ଏହାକୁ ଶାନ୍ତିପୂର୍ଣ୍ଣ ଭାବେ କରାଯିବା ନେଇ କଟକ ମହାନଗର ଶାନ୍ତି କମିଟି ଓ ପୂଜା କମିଟିଗୁଡ଼ିକ ସହ ଆଲୋଚନା କରାଯିବ। ଯେପରି ଏଭଳି ପରିସ୍ଥିତି କେବେ ନ ଉପୁଜେ, ସେଥିପାଇଁ ସମସ୍ତ ପ୍ରସ୍ତୁତି କରାଯିବ ବୋଲି ଡିସିପି କହିଛନ୍ତି।

### ସରକାରଙ୍କ ସିନ୍ଧୁକରେ...

ମାତ୍ର ୭.୬ ପ୍ରତିଶତ ରହିଛି। ପଞ୍ଚାୟତିରାଜ ଓ ପାନୀୟ ଜଳ, ଶିଳ୍ପ, ଏମଏସଏମଇ, ଗ୍ରାମ୍ୟ ଉନ୍ନୟନ ଇସ୍ପାତ ଓ ଖଣି, ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା, ଇଲେକ୍ଟ୍ରୋନିକ୍ସ ଓ ଆଇଟି, ଜଳସମ୍ପଦ, ବାଣିଜ୍ୟ, ପର୍ଯ୍ୟଟନ ପରି ବିଭାଗ ଗୁଡ଼ିକର ଖର୍ଚ୍ଚ ୨୫ ପ୍ରତିଶତରୁ କମ୍ ରହିଛି। ଏହିସବୁ ବିଭାଗ ଗୁଡ଼ିକ ରାଜ୍ୟ ସରକାରଙ୍କ ବିଭିନ୍ନ ଜନମଙ୍ଗଳକାରୀ ଯୋଜନା କାର୍ଯ୍ୟାନ୍ୱୟନ ସହ ଭିତ୍ତିଭୂମି ବିକାଶ ଏବଂ ସାମାଜିକ କ୍ଷେତ୍ରରେ ବ୍ୟୟ ବୃଦ୍ଧି ପାଇଁ ବଡ଼ ଭୂମିକା ଗ୍ରହଣ କରିଥାନ୍ତି। ମାତ୍ର ଏସବୁ ବିଭାଗ ଗୁଡ଼ିକର ପ୍ରଦର୍ଶନ ଆଦୌ ସନ୍ତୋଷଜନକ ନୁହେଁ। ସରକାରଙ୍କୁ ଯଥାଶୀଘ୍ର ଏଦିଗରେ ଆତ୍ମସମୀକ୍ଷା ଜରୁରୀ ବୋଲି ବୁଦ୍ଧିଜୀବି ମହଲରେ ମତପ୍ରକାଶ ପାଇଛି। ତେବେ ଏହି ଅବଧି ମଧ୍ୟରେ ଅର୍ଥ, ପୂର୍ତ୍ତ, ଅବକାରୀ, ସ୍କୁଲ ଓ ଗଣଶିକ୍ଷା, କୃଷି, ମହିଳା ଓ ଶିଶୁ ବିକାଶ, ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ପରି ବିଭାଗ ଗୁଡ଼ିକ ଭଲ ପ୍ରଦର୍ଶନ କରିଛନ୍ତି। ଏପରିକି କେତେକ ବିଭାଗ ନିର୍ଦ୍ଧାରିତ ୪୦ ପ୍ରତିଶତ ଅର୍ଥ ଖର୍ଚ୍ଚ ସୀମାକୁ ମଧ୍ୟ ଅତିକ୍ରମ କରିଥିବା ଜଣାପଡ଼ିଛି। ଆସନ୍ତା ଡିସେମ୍ବର ସୁଦ୍ଧା ସରକାର ମୋଟ ବଜେଟ ଆବଣ୍ଟିତ ଅର୍ଥର ୬୦ ପ୍ରତିଶତ ଅର୍ଥ ଖର୍ଚ୍ଚ କରିବାକୁ ଲକ୍ଷ୍ୟ ରଖିଛନ୍ତି। ଏଯାବତ୍ ମାତ୍ର ୨୭ ପ୍ରତିଶତ ଅର୍ଥ ଖର୍ଚ୍ଚ ହୋଇଥିବା ବେଳେ ଆସନ୍ତା ୪ ମାସରେ ୩୩ ପ୍ରତିଶତ ଅର୍ଥ କିପରି ଖର୍ଚ୍ଚ ହୋଇପାରିବ, ସେନେଇ ଅର୍ଥନୀତି ବିଶେଷଜ୍ଞ ଚିନ୍ତା ପ୍ରକଟ କରିଛନ୍ତି। ମୁଖ୍ୟମନ୍ତ୍ରୀ ଅର୍ଥ ବିଭାଗ ସମ୍ଭାଳୁଥିବାରୁ ପ୍ରତିଟି ବିଭାଗର ପ୍ରଦର୍ଶନକୁ ନିଜେ ତଦାରଖ କରିବା ଜରୁରୀ। ବିଶେଷକରି ବିଭାଗଗୁଡ଼ିକ ଅର୍ଥ ଖର୍ଚ୍ଚ କରିବାରେ କେଉଁଠି ପ୍ରତିବନ୍ଧକର ସାମ୍ନା କରୁଛନ୍ତି, ତାହାର ଚିହ୍ନଟ ସହ ନିରାକରଣ ଯଥାସମ୍ଭବ ହେବା ଆବଶ୍ୟକ। ନହେଲେ ବଜେଟ ଆକାର ବୃଦ୍ଧିର କୌଣସି ଅର୍ଥ ରହିବ ନାହିଁ ବୋଲି ଅର୍ଥନୀତି ମହଲରେ ମତପ୍ରକାଶ ପାଇଛି।


**AFFIDAVIT**

I RADHA NARAYANSETTY, W/O.: SANTOSH KUMAR NARAYANSETTY, AT- SHRIDISAI NAGAR, PO/PS/DIST- NABARANGPU-764059, DECLARE BY THIS AFFIDAVIT NO - 33160, DATE- 06.10.2025. THAT NOW ONWARDS, I SHALL BE KNOWN AS **RADHA GEMBALI** FOR ALL FUTURE PURPOSES.

**AFFIDAVIT**

I, Priti Ranjan Das, S/o- Kshirod Prasad Das, resident at Naulo, Po/ Arodai,Ps- Tirtol, Dist- Jagatsinghpur, Pin- 754138 Odisha declare by this affidavit No. 1577, dtd- 06/10/2025 that my wrong name in passport is corrected from Pritiranajan das to **Priti Ranjan Das.**

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 06.10.2025, I Daka Behera S/o- Sibaram Behera resident at Haladipadia Basti, Po- Laxmisagar, Bhubaneswar, Dist- Khurda, Odisha, PIN- 751006, declare that I have changed my name from Dak Behera to Daka Behera. Henceforth, He shall be known as **DAKA BEHERA** for all future purposes.

**AFFIDAVIT**

I, Ajaya Kumar Chhotaray, aged about 45 years, S/o-nimei Charan Chhotray, resident of At- Kadalibari, Po- Daleiput, Ps- Khurda Sadar, Dist- Khurda, Odisha, Pin- 752056 declare by this affidavit No. 2023, dtd- 06/10/2025, that now onwards I shall be known as **AJAY KUMAR CHHOTRAY** for all future purposes.

**AFFIDAVIT**

By virtue of an affidavit before The Executive Magistrate, Titilagarh, on dated- 24/03/2025. I, **Sushree Sangita Mishra,** aged about 33 years, W/O- Babuli Kumar Sarangi, D/O- Naba Kishor Mishra, resident of AT/PO/PS: Titilagarh (Hatpada Pada), Dist- Bolangir, (Odisha), PIN- 767033 declare that I have changed my name from **Sangita Sarangi** (old name) to **Sushree Sangita Mishra** (new name). Henceforth, I shall be known as **Sushree Sangita Mishra** (new name) for all purposes.

**Sushree Sangita Mishra**

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ.ETCECONIBBS 2025044, ତା.25.09.2025ରିଖ

**କାର୍ଯ୍ୟର ନାମ :** ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳ ଅଧୀନସ୍ଥ କଟକ ରେଳ ଷ୍ଟେସନ ଠାରେ ୟାର୍ଡ଼ R1 ଠାରୁ R5 ପର୍ଯ୍ୟନ୍ତ ବାଲାଷ୍ଟ ବିହୀନ (Ballast less) ଟ୍ରାକ୍‌ର ନିର୍ମାଣ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) :** 1999.38 ଲକ୍ଷ, EMD (ଟଙ୍କାରେ): 11,49,700/-, କାର୍ଯ୍ୟଶେଷ ହେବା ଅବଧି: 12 ମାସ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.28.10.2025 ରିଖ 1200 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ। ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି। ଟେଣ୍ଡରଦାତା/ବିଡ୍‌ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ୍‌ରମାନେ ଇ-ଟେଣ୍ଡରିଂରେ ଅଂଶଗ୍ରହଣ କରିପାରିବେ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଚାର୍ଟର୍ଡ ଆକାଉଣ୍ଟାଣ୍ଟଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B ର ଦାଖଲ ସହିତ, ଟେଣ୍ଡର ନଥିପତ୍ର ଉପ୍ପର 2 ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍) ର ଯାଞ୍ଚ ସୂଚୀ, ପାରା 3.1 (ଅତିରିକ୍ତ ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକ ଅନୁପାଳନ କରିବା ଆବଶ୍ୟକ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-123/CI/25-26

**AFFIDAVIT**

I ALLHADINI DASH, W/o. RADHA KRISHNA DASH resident of Main Road, PO.- Kolnara, Ps.- Chandili, Dist.- Rayagada, Pin - 765017, Odisha declare by this Affidavit No. 1467, Dated - 03/10/2025, that now onwards I shall be known as **ALHADINI DASH** for all future purpose.

**Notice (for Minor)**

By virtue of an affidavit sworn before Executive Magistrate, Keonjhar, dated 10th September 2025. I, **Deepak Dehury,** Address: At/Po-Khuntapada, Ps- Telkoi, Dist-Keonjhar, Odisha, India, Pin Code-758019 declare that I have changed the name of my daughter from **Ruby Dehury** to **Khusi Dehury.** Henceforth, she shall be known as Khusi Dehury for all purposes.

**Sd/- Deepak Dehury**

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

By virtue of an affidavit vide No.3734, sworn before the Executive Magistrate and Tahasildar, Basta, Balasore, on dtd- 25/09/2025, I, Husani Khan W/O- Mahibu Khan of At/Po- Lachhmankhunta, Ps- Basta, Dist- Balasore, declare that in ROR vide Mouza- Lachhmankhunta, Ps- Basta Khata No. 341 mentioned as Hossain Khan, W/O- Majabu Khan. Both Husani Khan W/O- Mahibu Khan and Hossain Khan W/O- Majabu Khan of above mentioned address is same and one person for all future propose.

**AFFIDAVIT**

I, Shaik Haidar Ali, S/o- Sekh Ajagar Alli, resident of At/Po- Rasulpur, Dist- Jagatsinghpur, PIN- 754104, Odisha declared by this affidavit No. 70AA 787471, dtd- 03/10/2025 that now onwards I shall be known as **SK HAIDER ALI** for all future purposes.

**AFFIDAVIT**

I, Shaik Didar Ali, S/o- Sk Haider Ali, resident of At/Po- Rasulpur, Dist- Jagatsinghpur, PIN- 754104, Odisha declared by this affidavit No. 70AA 787470, dtd- 03/10/2025 that now onwards I shall be known as **SHAIKH DIDAR ALI** for all future purposes.

## ଭଦ୍ରକ ଜିଲ୍ଲାରେ ଚାଷୀ ପଞ୍ଜୀକରଣ ଓ ଧାନ ବିକ୍ରିରେ ଜାଲିଆତି ଅଭିଯୋଗ

# ୫ ଦିନ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ନେବାକୁ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ

**ଭଦ୍ରକ, ୭ ।୧୦(ସମିସ)**

ଭଦ୍ରକ ଜିଲ୍ଲାରେ ଚାଷୀ ପଞ୍ଜୀକରଣ ଓ ଧାନ ବିକ୍ରିରେ ବ୍ୟାପକ ଜାଲିଆତି ହୋଇଥିବା ନେଇ ଅଭିଯୋଗ ହୋଇଛି । ଯୋଗାଣ ବିଭାଗ, ଡିଆରସିଏସ, ଏଆରସିଏସ, ଆରଏମସି, ସମବାୟ ସମିତି ଓ ମିଲ ମାଲିକମାନେ ମିଳିତ ଭାବେ ଏହି ଜାଲିଆତି କରିଥିବା ଜଣାପଡ଼ିଛି । ଏଭଳି ଜାଲିଆତି ବର୍ଷବର୍ଷ ଧରି ଭଦ୍ରକ ଜିଲ୍ଲାରେ ଚାଲୁଥିବା ବେଳେ କିଛି ଦଲାଲ, ସମବାୟ ସମିତି ସମ୍ପାଦକ ଓ କର୍ମଚାରୀ, ମିଲ ମାଲିକ ଓ କିଛି ଅଧିକାରୀ ମାଲାମାଲ ହେଉଥିବା ବେଳେ ଚାଷୀ ଭକୁଆ ହୋଇ ରହୁଛି । ଏବେ ଅନଲାଇନରେ ଚାଷୀଙ୍କ ନାମ ପଞ୍ଜୀକରଣ କରିବା ପରେ ଏଭଳି ଜାଲିଆତି ହୋଇଥିବା ନେଇ ପଦାକୁ ଆସୁଛି । ବିଶେଷ କରି ୨ବର୍ଷ ମଧ୍ୟରେ ଭଦ୍ରକ ଜିଲ୍ଲାରେ ଏଭଳି ଜାଲିଆତି ହୋଇଥିବା ତଥ୍ୟ ପଦାକୁ ଆସିଛି । ଚାଷ ନ କରି ବହୁ ଚାଷୀଙ୍କ ନାମରେ ଗୋଚର, ଅନାବାଦୀ, ଜଳାଶୟ, ସରକାରୀ ପଡ଼ିଆ ଓ ଠାକୁର ଜମିକୁ ତଞ୍ଚକତା କରି ଚାଷୀଙ୍କ ନାମରେ ପଞ୍ଜୀକରଣ କରାଯାଇ ବହୁ ସମବାୟ ସମିତିର ସମ୍ପାଦକ ବ୍ୟାପକ ଅର୍ଥ ଉପାର୍ଜନ କରିଛନ୍ତି । ଏହି ସମ୍ପାଦକମାନେ ଅନଲାଇନ୍ ପଞ୍ଜୀକରଣ କରିବା ବେଳେ ଧରାପଡ଼ିବା ସହ ନକଲି ଚାଷୀଙ୍କ ନାମ ସବୁ ପଞ୍ଜୀକରଣରୁ ବାଦ ଦିଆଯାଇଥିଲା; ତଥାପି ସମବାୟ ସମିତିମାନେ ସେମାନଙ୍କର ଜାଲିଆତି କାରସାଦିକୁ ଛାଡି ନାହାନ୍ତି । ଯେତେ କଟକଣା କରାଯାଉଛି, ସମବାୟ ସମିତି ସମ୍ପାଦକମାନେ ଆଉ ପାଦେ ଆଗକୁ ଯାଇ ନୂଆ ନୂଆ ତରିକାରେ ଚାଷୀଙ୍କ ଜମିକୁ ଜାଲିଆତି କରି ଅନଲାଇନ୍‌ରେ ପଞ୍ଜୀକରଣ କରିବାରେ ସିଦ୍ଧହସ୍ତ ହୋଇଛନ୍ତି । ଏଭଳି ଜାଲିଆତି ସମ୍ପର୍କରେ ଜିଲ୍ଲାର କିଛି ଚାଷୀ ଭଦ୍ରକ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅତୀତରେ ସେମାନେ ଅଭିଯୋଗ କରିଥିଲେ । ମାତ୍ର ସେମାନଙ୍କ ଅଭିଯୋଗକୁ କେହି ଗ୍ରହଣ କରି ନ ଥିଲେ । ଭଦ୍ରକ ଜିଲ୍ଲାପାଳଙ୍କ ସଦଭାବନା ସଭା ଗୃହରେ ହୋଇଥିବା ଜନଶୁଣାଣି ବେଳେ ଜାଲିଆତିରେ ଶିକାର ହୋଇଥିବା ଏଭଳି କିଛି ଚାଷୀ ଅଭିଯୋଗ କରିବା ପରେ ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ ସେମାନଙ୍କ ଅଭିଯୋଗପତ୍ର ଗ୍ରହଣ କରିବା ସହ ଏହାର ସତ୍ୟାସତ୍ୟ ଯାଞ୍ଚ କରିବା ସହ ଦୋଷୀ ସମବାୟ ସମିତି କର୍ମଚାରୀଙ୍କ ଉପରେ ୫ ଦିନ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ନେବାକୁ ଭଦ୍ରକ ଡିଆରସିଏସ ଦୁଃଖିଆ ଟୁଡୁଙ୍କୁ ନିର୍ଦ୍ଦେଶ ଦେଇଥିବା ସୂଚନା ମିଳିଛି । ଘଟଣାରୁ ପ୍ରକାଶ ଯେ, ଭଦ୍ରକ ଜିଲ୍ଲାର ହୋଇଥିବା ବେଳେ ଏହି ଚାଷୀଙ୍କର ଏହି ଜମିର ନିକଟସ୍ଥ ସମବାୟ ସମିତିରେ ପଞ୍ଜୀକରଣ କରାଯିବା କଥା । ମାତ୍ର ବ୍ୟକ୍ତିଙ୍କ ଚାଷ ର ଜମିକୁ ଭଦ୍ରକ ଜିଲ୍ଲାର ଅନ୍ୟ ଏକ ସମବାୟ ସମିତିରେ ଅନ୍ୟ ଚାଷୀଙ୍କ ନାମରେ ଫଞ୍ଜୀକରଣ କରାଯାଇଛି ବୋଲି ସେ ଆଜି ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ । ସେହିପରି ଭଦ୍ରକ ଜିଲ୍ଲାର ବନ୍ତ ବ୍ଲକ ଅନ୍ତର୍ଗତ ଆଗରପଡ଼ା ନିକଟ ଗୋପୀନାଥପୁର ପଞ୍ଚାୟତର ପାହାଡପୁର ଗାଁର ରମେଶ କୁମାର ପଣ୍ଡାଙ୍କ ୨ ଏକର ୩୯ ଡିସିମିଲ ଚାଷ ଜମି ରହିଥିବା ବେଳେ ଏଇ ଜମି ଆଗରପଡ଼ା ସମବାୟ ସମିତି ଅଧିନରେ ପଞ୍ଜୀକରଣ କରାଯିବା କଥା । ମାତ୍ର ତାଙ୍କର ଜମିକୁ ଅନ୍ୟ ସମବାୟ ସମିତି ନାମରେ ପଞ୍ଜୀକରଣ କରାଯାଇଛି ବୋଲି ସେ ଅଭିଯୋଗ କରିଥିଲେ । ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ପରେ ଭଦ୍ରକ ଡିଆରସିଏସ ଅଭିଯୋଗର ତଦନ୍ତ ଆରମ୍ଭ କରିଛନ୍ତି । ଡିଆରସିଏସ କହିଛନ୍ତି ପଞ୍ଜୀକରଣର ସମୟ ଶେଷ ହୋଇଯାଇଛି । ଆଉ ଚାଷୀଙ୍କର ନାମ ପଞ୍ଜୀକରଣ କରାଯିବ ନାହିଁ । ଅନ୍ୟପକ୍ଷରେ ଚାଷୀ ଆଗାମୀ ଦିନରେ ସେମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଅନଶନ କରିବେ ବୋଲି ସୂଚନା ଦେଇଛନ୍ତି ।

## ଧାମନଗରରେ କୁମାର ପୂର୍ଣ୍ଣିମା



**ଧାମନଗର, ୭ ।୧୦(ସମିସ):** ଧାମନଗରରେ କୁମାର ପୂର୍ଣ୍ଣିମା ପାଳିତ ହୋଇଛି । ପୌରାଣିକ ତଥ୍ୟ ଅନୁସାରେ ଏହି ଦିନ କାର୍ତ୍ତିକେୟଙ୍କ ଜନ୍ମ ହୋଇଥିବାରୁ ଏହାକୁ 'କୁମାର ପୂର୍ଣ୍ଣିମା' ବୋଲି କୁହାଯାଉଛି । ଏହି ଦିନ କୁଆଁରୀ ଝିଅମାନେ ତୁଳସୀ ଚଉରାକୁ ଫୁଲରେ ସଜାଇ ତାଳଗଜା ଭୋଗ ଲଗାଇ ପୂଜାର୍ଚ୍ଚନା କରିଥାନ୍ତି । ଆଜି ପୂର୍ଣ୍ଣିମାର ଶେଷ ଦିନ । ସକାଳେ କୁମାରୀମାନେ ସ୍ନାନ କରି ନୂଆ ପୋଷାକ ପିନ୍ଧି, ହାତରେ ମେହେନ୍ଦୀ, ଦେହରେ ଫୁଲ ଓ ସୁନା ଅଳଙ୍କାରରେ ସଜାଇ ହୋଇଥାନ୍ତି । ଦିନତମାମ ଉପବାସ ରହି ସନ୍ଧ୍ୟାରେ ଚଉରା ମୂଳରେ ମଣ୍ଡା ପିଠା, ଖଇ ଚକୋଟା, ନଡ଼ିଆ, କଦଳୀ, ଛେନା, ଦହି ଓ ତାଳ ଗଜା ମିଶାଇ ଦୀପ ଜଳାଇ ଚନ୍ଦ୍ର ପୂଜା କରନ୍ତି ।

## ଯୁବ ସଂଗଠକଙ୍କ ଅକାଳ ବିୟୋଗ

**ବାରିକପୁର, ୭ ।୧୦(ସମିସ):** ଭଣ୍ଡାରିପୋଖରୀ ବ୍ଲକ ମାଳଦା ଗ୍ରାମର ଯୁବ ସଂଗଠକ ଗଣେଶ ପ୍ରସାଦ ଦାସ (୩୬)ଙ୍କ ଅକାଳ ବିୟୋଗ ହୋଇଛି । ସେ କିଛି ଦିନ ହେବ ଅସୁସ୍ଥ ହୋଇ ଭୁବନେଶ୍ୱର ସ୍ଥିତ ଏକ ଘରୋଇ ମେଡ଼ିକାଲରେ ଚିକିତ୍ସିତ ହେଉଥିଲେ । ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ପରଲୋକ ଘଟିଛି । ସେ ଜଣେ ଯୁବ ସାମାଜିକ କର୍ମୀ ଭାବେ ବେଶ ଜଣାଶୁଣା ଥିଲେ । ଏହାଛଡା ଗ୍ରାମ ସମେତ ଆଖପାଖ ଅଞ୍ଚଳର ବିଭିନ୍ନ ସାମାଜିକ ଓ ଧାର୍ମିକ ଅନୁଷ୍ଠାନ ସହିତ ଜଡ଼ିତ ଥିଲେ । ସ୍ୱର୍ଗତ ଦାସ ଜଣେ ମେଳାପୀ ଓ ପରୋପକାରୀ ମଧ୍ୟ ଥିଲେ । ତାଙ୍କ ବିୟୋଗରେ ଶୋକର ଛାୟା ଖେଳିଯାଇଛି ।

## ହଜରତ ଅକ୍କୀଲ ସାହା ପୀରବାବାଙ୍କ ବାର୍ଷିକ ଉର୍ସ ଉତ୍ସବ

**ଧାମନଗର, ୭ ।୧୦(ସମିସ):** ଧାମନଗର ଏନଏସି ଅନ୍ତର୍ଗତ ୬ନମ୍ବର ୱାର୍ଡ ଅଧୀନ



ମୁନସିପାଟଣା ନାଜରସାହି ଗ୍ରାମରେ ପ୍ରତି ବର୍ଷ ଭଳି ଚଳିତ ବର୍ଷ ମଧ୍ୟ ପୀରବାବା ହଜରତ ମହମ୍ମଦ ଅକ୍କୀଲ ସାହା ବାବାଙ୍କ ବାର୍ଷିକ ଉର୍ସ ଉତ୍ସବ ପାଳିତ ହୋଇଯାଇଛି । ଗୁରୁବାର ସକାଳ ୬ଟା ସମୟରେ ପୀର ବାବାଙ୍କ ଆସ୍ଥାନକୁ ଗୋଲାପ ଜଳ ଓ ଚନ୍ଦନରେ (ସ୍ନାନ) ଗାଧୋଇବା ପରେ ୭ଟାରେ କୋରାନ ଖାନି ଓ (ଫାତେହା) ଭୋଗ ବଣ୍ଟନ କରାଯାଇଥିଲା । ପୀରବାବାଙ୍କ ଭକ୍ତ ଓ ଶ୍ରଦ୍ଧାଳୁ ୭ଟା ୩୦ରୁ ଚାଦର ଚଢାଇ ସର୍ବ ସାଧାରଣରେ ବାବାଙ୍କ ଦର୍ଶନ ଆରମ୍ଭ ହୋଇଥିଲା । ଧାମନଗର ଓ ଆଖପାଖ ଅଞ୍ଚଳରୁ ବହୁ ଭକ୍ତଙ୍କ ଭିଡ଼ ପରିଲକ୍ଷିତ ହୋଇଥିଲା । ଏହି ପରିପ୍ରେକ୍ଷୀରେ ରାତି ୮ଟା ସମୟରେ ଜଲସା ଓ ଧାର୍ମିକଚର୍ଚ୍ଚା କାର୍ଯ୍ୟକ୍ରମରେ ବିଭିନ୍ନ ପ୍ରାନ୍ତରୁ ଆସିଥିବା ଓଲମାଏକ୍ରାମ, ସାଏରେ ଇସଲାମ ଏବଂ ମୌଲାନା ଓ କବି ଯୋଗଦେଇ ପୀରବାବାଙ୍କ ଆଦର୍ଶ ଓ ଜିବନୀ ଉପରେ ଭକ୍ତଙ୍କୁ ବକ୍ତବ୍ୟ ପ୍ରଦାନ କରିଥିଲେ । ଉର୍ସ କମିଟିର କର୍ମକର୍ତ୍ତା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ଏହି ଅବସରରେ ସ୍ଥାନୀୟ କାଉନସିଲରଙ୍କ ସମେତ ବିଭିନ୍ନ ରାଜନେତା ପୀରବାବାଙ୍କୁ ଦର୍ଶନ କରି ଆଶୀର୍ବାଦ ଭିକ୍ଷା କରିଥିଲେ ।

## ଭଦ୍ରକ କ୍ରିକେଟ ଆସୋସିଏସନ ସଭାପତି ବିଜୟ ଜେନାଙ୍କ ପରଲୋକ

**ଭଦ୍ରକ, ୭ ।୧୦(ସମିସ):** ଭଦ୍ରକ କ୍ରିକେଟ ଆସୋସିଏସନର ସଭାପତି, ସୁସାହିତ୍ୟିକ, ବହୁ ସାହିତ୍ୟ, ସଂସ୍କୃତି ଓ କ୍ରୀଡା ଅନୁଷ୍ଠାନର ପ୍ରତିଷ୍ଠାତା ସଦସ୍ୟ ତଥା ଅଧ୍ୟାପକ, ଆଇନଜୀବୀ, ଭଦ୍ରକ ଚରମ୍ପା(ପଥରାଡିହ) ନିବାସୀ ବିଜୟ ଜେନା (୭୦)ଙ୍କ ମଙ୍ଗଳବାର ହୃଦଘାତରେ ପରଲୋକ ଘଟିଛି । ଆଜି ପୂର୍ବାହ୍ନରେ ଛାତିରେ ଯନ୍ତ୍ରଣା





ହେବାରୁ ତାଙ୍କୁ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା; ହେଲେ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା । ସ୍ୱର୍ଗତ ଜେନାଙ୍କ ଶିକ୍ଷା ଓ କ୍ରୀଡା କ୍ଷେତ୍ରରେ ଏକ ସ୍ୱତନ୍ତ୍ର ପରିଚୟ ଥିଲା । ବିଶେଷ କରି କ୍ରିକେଟ ଖେଳ ପ୍ରତି ଥିଲା ତାଙ୍କର ଏକ ସ୍ୱତନ୍ତ୍ର ରୁଚି । ସେ ଇତିହାସ ବିଭାଗର ଅଧ୍ୟାପକ ଭାବେ ଚାକିରି ଆରମ୍ଭ କରି ସିମୁଳିଆ ମହାବିଦ୍ୟାଳୟରେ ଅଧ୍ୟକ୍ଷଭାବେ ଅବସର ନେଇଥିଲେ । ଜଣେ ସୁଲେଖି, ବକ୍ତା, କ୍ରୀଡାପ୍ରେମୀ ଓ କ୍ରୀଡା ସଙ୍ଗଠକ ଭାବେ ସେ ବେଶ୍ ପରିଚିତ ଥିଲେ । ଭଦ୍ରକ ଚରମ୍ପା ୟୁନାଇଟେଡ୍ କ୍ଲବ, ସବୁଜ କ୍ଲବ, ଚରମ୍ପା କାଳୀପୂଜା, ଦୁର୍ଗାପୂଜା କମିଟି, ଟାଇକେଣ୍ଡୋ ଆସୋସିଏସନ, ଭଦ୍ରକ ଜିଲ୍ଲା ଆଥଲେଟିକ ଆସୋସିଏସନ ଆଦି ବହୁ ସଙ୍ଗଠନ ସେ ଜଡିତ ଥିଲେ । ନିକଟରେ ଭଦ୍ରକ କ୍ରିକେଟ ଆସୋସିଏସନ ସଭାପତି ଭାବେ ନିର୍ବାଚିତ ହୋଇଥିଲେ । ଖବର ପାଇ ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ, ପ୍ରାକ୍ତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲ, ପ୍ରାକ୍ତନ ବିଧାୟକ ନରେନ ପଲେଇ, ଭଦ୍ରକ ପୌରାଧ୍ୟକ୍ଷା ଗୁଲ୍ଲମକୀ ଦଲାୱାଜି ହବିବି, ଭଦ୍ରକ ବ୍ଲକ ଅଧ୍ୟକ୍ଷା ଉର୍ମିଳା ନାୟକ, ଭଦ୍ରକ କ୍ରିକେଟ ଆସୋସିଏସନ ସମ୍ପାଦକ ଧିରେନ୍ ପଲେଇ, ରୋଟାରିଆନ୍ ଶିଶିର ମିଶ୍ର, ସମାଜସେବୀ କିଶୋର ମହାପାତ୍ର, ରୋଟାରିଆନ୍ ଅତିସ କୁମାର ବେହେରା, ଆଇନଜୀବୀ ପବନ ଶର୍ମା, ବ୍ୟୋମକେଶ ସେନାପତି, ବରିଷ୍ଠ କାଉନସିଲର ଦିଲ୍ଲୀପ ନାୟକ, ପ୍ରଫୁଲ୍ଲ ନାୟକ, ରତ୍ନାକର ସାମଲ, କୁନା ପରିଡ଼ା, ପ୍ରଦୀପ ମହାନ୍ତି, ଦେବେନ୍ଦ୍ର ମହାନ୍ତି, ନରନାରାୟଣ ଜେନା, ରବିନାରାୟଣ ପାଣିଗ୍ରାହୀ, ଆଶୀଷ ଅମିତାଭ ମହାପାତ୍ର ଓ ଆଶୀଷ ରାଉତ ପ୍ରମୁଖ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କ ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ମୃତ୍ୟୁଶଯ୍ୟା ନିକଟରେ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ । ଚରମ୍ପା କେନାଲ ରୋଡରେ ଥିବା ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା । ବଡପୁଅ ଡାକ୍ତର ଅନୁରାଗ ଜେନା ମୁଖାଗ୍ନି ଦେଇଥିଲେ ।

## ଆଦାନୀ ଡିଏଭି ସ୍କୁଲରେ ସାହିତ୍ୟ ସମ୍ମିଳନୀ




**ଭଦ୍ରକ, ୭ ।୧୦(ସମିସ):** ଭଦ୍ରକ ଜିଲ୍ଲା ଧାମରା ଥାନା କୁଆମରାସ୍ଥିତ ଆଦାନୀ ଡିଏଭି ପବ୍ଲିକ ସ୍କୁଲରେ ସାହିତ୍ୟ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଅଧ୍ୟକ୍ଷା କୃଷ୍ଣପ୍ରିୟା ଷଡ଼ଙ୍ଗୀ ଏବଂ ଅତିଥିମାନେ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ । ଆକାଶଦୀପ ବାନାର୍ଜୀ ସ୍ୱାଗତ ସ ମ୍ବର୍ଦ୍ଧନା ଜଣାଇବା ସହ ସମ୍ମିଳନୀର ଗୁରୁତ୍ୱ ବିଷୟରେ ସଂକ୍ଷିପ୍ତ ବକ୍ତବ୍ୟ ରଖିଥିଲେ । ସମ୍ମିଳନୀର ପ୍ରଥମ ଅଧିବେଶନରେ ଧାମରାଇ ହାଇସ୍କୁଲର ଇଂରାଜୀ ଅଧ୍ୟାପକ ରାଜେନ୍ଦ୍ର କୁମାର ରାଉତ ଯୋଗଦେଇ ଆଧୁନିକ କବିତାର ବିଭିନ୍ନ ଦିଗ ଯଥା-ମୁକ୍ତଛନ୍ଦ, ଖଣ୍ଡିତ ଚିତ୍ରଣ, ପ୍ରତୀକାତ୍ମକ ଏବଂ ଭ୍ରମମୁକ୍ତ ବିଷୟବସ୍ତୁ ସମୂହ-ଜୀବନ ଓ ପ୍ରକୃତିର ପ୍ରତିକୃତି ଭାବେ କିପରି ପ୍ରେରଣାର ସ୍ରୋତ ହୋଇଥାଏ, ସେ ସମ୍ପର୍କରେ ଆଲୋଚନା କରିଥିଲେ । ଓଡ଼ିଆ ଅଧ୍ୟାପକ ନିଶାକର ପାତ୍ର ଯୋଗଦେଇଥିଲେ । ଦଶମ ଶ୍ରେଣୀ ଛାତ୍ର ପ୍ରିନ୍ସ ପ୍ରିୟାଂଶୁ ଦାସ ଏବଂ ଅଷ୍ଟମ ଶ୍ରେଣୀର ଛାତ୍ରୀ ଅଭିଲିପ୍ସା ବିଶ୍ୱାଳ ଯଥାକ୍ରମେ 'ଏ ବ୍ରିଫ୍ ହିଷ୍ଟୋରି ଅଫ୍ ଟାଇମ: ଫ୍ରମ୍ ଦ ବିଗ୍ ବ୍ୟାଙ୍ଗ ଟୁ ବ୍ଲାକ୍ ହୋଲ୍ସ' ଏବଂ 'ହାଓ ଟୁ ୱିନ୍ ଫ୍ରେଣ୍ଡସ୍ ଆଣ୍ଡ ଇନ୍‌ଫ୍ଲୁଏନ୍ସ ପିପୁଲ' ପୁସ୍ତକକୁ ସମାଲୋଚନାତ୍ମକ ଶୈଳୀରେ ଉପସ୍ଥାପନ କରିଥିଲେ । 'ସାହିତ୍ୟ ସମାଜର ଆଇନା' ବିଷୟରେ ଏକ ଦ୍ୱିଦଳୀୟ ଚର୍ଚ୍ଚା ହୋଇଥିଲା । ପରେ ଏକ କ୍ରିୟାତ୍ମକ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।ଶିକ୍ଷାବତ୍ ଦେବନାରାୟଣ ମିଶ୍ର କାର୍ଯ୍ୟକ୍ରମ ପର୍ଯ୍ୟବେକ୍ଷକ ଭାବେ ଯୋଗଦେଇ କବିତା ମାଧ୍ୟମରେ ସାହିତ୍ୟ କିପରି ସମାଜର ଦର୍ପଣ ତାହା ବୁଝାଇଥିଲେ । ଶେଷରେ ଅଧ୍ୟକ୍ଷା ସମସ୍ତ ଅତିଥିମାନଙ୍କୁ ଉପଢୌକନ ଓ ବୃକ୍ଷଚାରା ପ୍ରଦାନ କରି ସମ୍ମାନିତ କରିଥିଲେ । ଏହି ସ ପରିଶେଷରେ ସୁଦର୍ଶନ ପତି ଧନ୍ୟବାଦ ଅର୍ପଣ କରିଥିଲେ ।

## ନିରାକାର ଜେନାଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ପ୍ରସ୍ତୁତି

**ଭଦ୍ରକ, ୭।୧୦(ସମିସ):** ଭଦ୍ରକ ପୌରାଞ୍ଚଳ ବାଇପାସ୍ ରୋଡସ୍ଥିତ ଭାଗୀରଥି ପାଠାଗାରରେ ଭଦ୍ରକ ଜିଲ୍ଲାର ଗୌରବ ତଥା ରାଜ୍ୟର ବରିଷ୍ଠ ଅଧିବକ୍ତା ସ୍ୱର୍ଗତ ନିରାକାର ଜେନାଙ୍କ ପ୍ରଥମ ଶ୍ରାଦ୍ଧଦିବସ ପାଳନ ନିମନ୍ତେ 'ନିରାକାର ଜେନା ସ୍ମୃତି କମିଟି' ପକ୍ଷରୁ ବିଜେଡିର ବରିଷ୍ଠ ରାଜ୍ୟ ଉପସଭାପତି ଓ ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଆୟୋଜିତ ହୋଇଛି । ଏଥିରେ ଭଦ୍ରକ ପୌରାଧ୍ୟକ୍ଷା ଗୁଲମକ୍କି ଦଲାୱାଜି ହବିବ, ସିପିଆଇ(ଏମ) ନେତା ଓ ବରିଷ୍ଠ ଅଧିବକ୍ତା ଦିବ୍ୟସିଂହ ନାୟକ, ବିଶିଷ୍ଟ ସମାଜସେବୀ ପ୍ରଫେସର ବ୍ରଜ ମିଶ୍ର, ଭଦ୍ରକ ଓକିଲ ସଂଘ ସଭାପତି ସନ୍ତୋଷ ଆଚାର୍ଯ୍ୟ, ସମାଜସେବୀ ସୁଧାକର ରାଉତ, ଶାନ୍ତନୁ ରାଉତ, ଅମିତାବାଳା ଆଚାର୍ଯ୍ୟ, ବରିଷ୍ଠ ଅଧିବକ୍ତା ପବନ ଶର୍ମା, ଆଇନଜୀବୀ ବିଜନ ଜେନା ଓ ଅନ୍ୟାନ୍ୟ ମାନ୍ୟଗଣ୍ୟ ବୁଦ୍ଧିଜୀବୀ ସାମିଲ ହୋଇଥିଲେ ।

# ମା' ଗଜଲକ୍ଷ୍ମୀ ପୂଜା ପାଇଁ ଜିଲ୍ଲାବ୍ୟାପୀ ଉତ୍ସବମୁଖର

**ଭଣ୍ଡାରିପୋଖରୀ, ୭।୧୦(ସମିସ):** ଭଣ୍ଡାରିପୋଖରୀ ବ୍ଲକ ଅନ୍ତର୍ଗତ ନାଆମୀ ପଞ୍ଚାୟତର ଛଞ୍ଚିଣା ବାଲିବଜାରରେ ୩୯ତମ ଗଜଲକ୍ଷ୍ମୀ ପୂଜାତ୍ସୋବ ସୋମବାର ରାତିରେ ଆରମ୍ଭ ହୋଇଛି । ଶିଳ୍ପୀ ସନାତନ ମାଝୀଙ୍କ ଦ୍ୱାରା ନିର୍ମିତ ମୃଣ୍ମୟ ମୂର୍ତ୍ତିକୁ ପୂଜକ ବାସୁଦେବ ପାଢ଼ୀ ଓ ଶ୍ୟାମସୁନ୍ଦର ପାଢ଼ୀ ବିଧିମତେ ପୂଜା କରୁଛନ୍ତି । କର୍ତ୍ତା ବାଙ୍କବିହାରୀ ଭୋଇ ଓ କର୍ତ୍ତୀ ଜାନକୀ ଭୋଇ ଜଳଘଟ ଉତ୍ତୋଳନ କରି ସଙ୍କଳ୍ପ କରିଥିଲେ । ଚଳିତ ବର୍ଷ ସାଜସଜ୍ଜା ବ୍ୟାପକ ଭାବେ ହୋଇଛି । ପୌରାଣିକ ବିଷୟବସ୍ତୁ ଆଧାରିତ ଗଜ ଉଦ୍ଧାରଣ, ଓ ରାମ ବନବାସ ଭଳି ପାର୍ଶ୍ୱ ମୂର୍ତ୍ତି ନିର୍ମାଣ କରାଯାଇଛି । ସେହିପରି



ବାଲେଶ୍ୱର ଫକୀରମୋହନ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମଦାହ ବିରୋଧି ସଚେତନତା ଭଳି ସାମାଜିକଧର୍ମୀ ପାର୍ଶ୍ୱ ମୂର୍ତ୍ତି ନିର୍ମାଣ କରାଯାଇଛି । ବୁଧବାର ସନ୍ଧ୍ୟାରେ ସହ ଭଜନସନ୍ଧ୍ୟା, ପ୍ରବଚନ ଓ ସଂକୀର୍ତ୍ତନ ଅନୁଷ୍ଠିତ ହେବ । ଗ୍ରାମ୍ୟ ଆଗାମୀ ୧୦ ତାରିଖରେ ଉଦଯାପିତ ହୋଇ ଭସାଣ ଉତ୍ସବ ଅନୁଷ୍ଠିତ ହେବ । ସ୍ଥାନୀୟ ପୂଜା କମିଟି ସଭାପତି ରାଜକିଶୋର ଜେନା, ଶଶିକାନ୍ତ ପଣ୍ଡା, ପ୍ରଶାନ୍ତ ନାୟକ, ଦଶରଥ ଜେନା, ଅରୁଣ ମାଝୀ, ବିରଞ୍ଚି ନାରାୟଣ ପଣ୍ଡା, ପରିକ୍ଷୀତ ବାରିକ, ଯଶୋବନ୍ତ ଜେନା, ଦଶରଥ ପହି, ନାରାୟଣ ପାତ୍ର, ଯଶୋବନ୍ତ ପହି, ପ୍ରେମାନନ୍ଦ ନାୟକ, ଗଜେନ୍ଦ୍ର ମହାପାତ୍ର ପ୍ରମୁଖ ପରିଚାଳନା କରୁଛନ୍ତି ।



**ବାରିକପୁର:** ଭଣ୍ଡାରିପୋଖରୀ ବ୍ଲକ ମାଳଦା ଜଗନ୍ନାଥ ବଜାର ବଣିକ ସଂଘ ପକ୍ଷରୁ ୨୫ତମ ବାର୍ଷିକ ଗଜଲକ୍ଷ୍ମୀ ପୂଜା ଉତ୍ସବ ଅନୁଷ୍ଠିତ ହୋଇଛି । କଳସ ଯାତ୍ରା ପରେ ଗତ ସୋମବାର ମଧ୍ୟରାତ୍ରିରୁ ମା'ଙ୍କ ଆବାହନ ପୂଜା ଆୟୋଜିତ ହୋଇଥିଲା । ପୂଜା ମଣ୍ଡପରେ ଦେବାଦେବୀ ପୂଜା ସହିତ ମା' ଗଜଲକ୍ଷ୍ମୀଙ୍କ ଷୋଡ଼ଶ ଉପଚାର ପୂଜା ଓ ହୋମଯଜ୍ଞ ଅନୁଷ୍ଠିତ ହୋଇଥିଲା । ଏଥିରେ ଅନୀଲ ଶତପଥୀ ଓ ସୁଦିପ୍ତା ଶତପଥୀ ସଙ୍କଳ୍ପ କର୍ତ୍ତା ଦାୟିତ୍ୱ ନିର୍ବାହ କରିଛନ୍ତି । ବାର୍ଷିକ ପୂଜା ଉତ୍ସବକୁ ବଣିକ ସଂଘ ସଭାପତି ଚନ୍ଦ୍ରଶେଖର ମହାନ୍ତି, ସମ୍ପାଦକ ରାଜେନ୍ଦ୍ର କୁମାର ଶତପଥୀ, ଶ୍ୟାମସୁନ୍ଦର ଦାସ, ଦୁର୍ଯୋଧନ ଦାସ, ସୁଦାମ ଚରଣ ଦାସ, କମଳାକାନ୍ତ ସାମଲ, ଗଣେଶ ସାମଲ, ଧିରେନ୍ଦ୍ର ନାୟକ ପ୍ରମୁଖ ପରିଚାଳନା କରୁଛନ୍ତି ।

**ଭଦ୍ରକ:** ଭଦ୍ରକ ସହରାଂଚଳ ବାଲିପାଟଣା ଠାରେ ଗଜଲକ୍ଷ୍ମୀ ପୂଜା ଆରମ୍ଭ ହୋଇଛି । ବାଲିପାଟଣା ଗାଁରେ ଗତ ୧୭ବର୍ଷ ହେବ ମା ଗଜଲକ୍ଷ୍ମୀଙ୍କ ପୂଜା ଅନୁଷ୍ଠିତ ହୋଇ ଆସୁଛି । ପୂଜା ଆରମ୍ଭରେ ଏକ ପାରମ୍ପରିକ କଳସ ଶୋଭାଯାତ୍ରା ସହିତ ଉତ୍ସବ ଆରମ୍ଭ ହୋଇଥିଲା । ସନ୍ଧ୍ୟାରେ, ପୂଜା ମଣ୍ଡପରେ ପୁରୁଣା ପ୍ରଥା ଅନୁସରଣ କରି ରୀତିନୀତି ପାଳନ କରାଯାଉଛି । ଏହି ପୂଜାକୁ ଚନ୍ଦନ ନାୟକ, ସତ୍ୟଜିତ ନାୟକ, ଅନିବେଶ ପ୍ରଧାନ, ରଜୀପ ନାୟକ ଦିଲ୍ଲୀପ ନାୟକ, ଧନେଶ୍ୱର ନାୟକ, ରଜନୀକାନ୍ତ ରାଉତ, ମୁକ୍ତ କାନ୍ତ ନାୟକ, ଓମ, ଜୟ, ବିବେକ, କାଳିଆ, ଜଗବନ୍ଧୁ, ଶିବ, ବୁବୁ, ରାଜା, ଲିପୁ, ପପୁ, ପ୍ରଫୁଲ୍ଲ, ମୁନା, ତାପୁ ପ୍ରମୁଖ ଉପସ୍ଥିତ ରହି ପରିଚାଳନା କରିଥିଲେ ।





**ଧାମନଗର:** ଧାମନଗର ଏନଏସି ଅଧୀନ ୧୧ନମ୍ବର ୱାର୍ଡ ଦକ୍ଷିଣବାଡ଼ ହନୁମାନ ଛକଠାରେ ମାଁ ଗଜଲକ୍ଷ୍ମୀଙ୍କ ପୂଜା ଆଡମ୍ବର ସହକାରେ ପାଳନ କରାଯାଇଛି । ଦକ୍ଷିଣବାଡ଼ ଗ୍ରାମର କେତେକ ଯୁବକଙ୍କ ଦ୍ୱାରା ମା' ଗଜଲକ୍ଷ୍ମୀ ପୂଜା କମିଟି ଗଠନ କରି ତାଙ୍କ ପ୍ରଚେଷ୍ଟାରେ ୧୯୯୭ ମସିହାଠାରୁ ଏଠାରେ ଲକ୍ଷ୍ମୀଙ୍କ ପୂଜା ଆରମ୍ଭ ହୋଇଥିବା ବେଳେ ୨୭ ବର୍ଷରେ ପଦାର୍ପଣ କରିଛି । ଏହି ଅବସରରେ ଏନ୍‌ଏସି ଅଧ୍ୟକ୍ଷା ନିବେଦୀତା ଜେନା, କାଉନସିଲର ସୁବାସିନୀ କରଙ୍କ ସମେତ ବିଭିନ୍ନ ଦଳର ରାଜନେତା ଏବଂ ଆଖପାଖ ଅଞ୍ଚଳରୁ ଭକ୍ତ ଓ ଶ୍ରଦ୍ଧାଳୁ ପୂଜା ମଣ୍ଡପରେ ପହଞ୍ଚି ମା' ଗଜଲକ୍ଷ୍ମୀଙ୍କୁ ଦର୍ଶନ କରି ଆଶୀର୍ବାଦ ଭିକ୍ଷା କରିଥିଲେ । ଭକ୍ତଙ୍କ ନିମନ୍ତେ ପ୍ରସାଦ ସେବନର ବ୍ୟବସ୍ଥା କରାଯାଇଥିଲା । ପୂଜା କମିଟିର କର୍ମକର୍ତ୍ତା ଓ ସଦସ୍ୟ ବୃନ୍ଦ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ । ସେହିପରି ଭଗବାନପୁର, କଲ୍ୟାଣୀ ପଞ୍ଚରୟତ ସମେତ ବହୁ ସ୍ଥାନରେ ମା' ଗଜଲକ୍ଷ୍ମୀଙ୍କ ପୂଜା ପାଳନ କରାଯାଇଛି ।

## ବିଜୁ ଯୁବ ଜନତାଦଳ ପକ୍ଷରୁ ସଫେଇ



ଭଦ୍ରକ, ୭ ।୧୦(ସମିସ): ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ ମତୋଠାରେ ବିଜୁ ଯୁବ ଜନତା ଦଳ ପକ୍ଷରୁ ମା' ଗଜଲକ୍ଷ୍ମୀ ପୂଜା ଉପଲକ୍ଷେ ଏକ ସଫେଇ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବିଜୁ ଜନତା ଦଳର ପଞ୍ଚାୟତ ସଭାପତି ତଥା ସରପଞ୍ଚଙ୍କ ପ୍ରତିନିଧି ପ୍ରଦୀପ କୁମାର ପଲ୍ଲାଇଙ୍କ ନେତୃତ୍ୱରେ ସ୍ଥାନୀୟ ଯୁବକମାନେ ଏହି ସଫେଇ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ । ପୂଜା ମଣ୍ଡପ ପାର୍ଶ୍ୱବର୍ତ୍ତୀ ଅଞ୍ଚଳ ସହ ମତୋ ବଜାରକୁ ଯୁବକମାନେ ସଫାସୁତୁରା କରିଥିଲେ । ଗତକାଲିଠାରୁ ମତୋରେ ମାଆ ଗଜଲକ୍ଷ୍ମୀଙ୍କ ପୂଜା ଆରମ୍ଭ ହେଉଛି । ମାଆଙ୍କ ପୂଜା ଦେଖିବା ପାଇଁ ଏଠାରେ ହଜାର ହଜାର ଭକ୍ତଙ୍କ ସମାଗମ ହୁଏ । ସମସ୍ତେ କେମିତି ମାଆ ପୂଜା ଭଲରେ ଉପଭୋଗ କରିପାରିବେ ଓ ତା ସହିତ ମତୋ ବଜାର ଅଳିଆ ଆବର୍ଜନାମୁକ୍ତ ହେବ । ସେଥିପ୍ରତି ଆମେ ସଜାଗ ରହିଛୁ ବୋଲି ସଭାପତି ପ୍ରଦୀପ କୁମାର ପଲ୍ଲାଇ ଓ ଯୁବ ସଭାପତି ରିତେଶ କୁମାର ନାୟକ କହିଛନ୍ତି ।

## ତିନି ଦିନ ପରେ ସୁରକ୍ଷିତ ଫେରିଲା ଶିଶୁକନ୍ୟା



ଶିଶୁ ବିକ୍ରି ଘଟଣା

ଭଦ୍ରକ, ୭ ।୧୦(ସମିସ): ଭଦ୍ରକ ଜିଲ୍ଲା ବାସୁଦେବପୁର ବ୍ଲକ ଖରିଦାବିନାୟକପୁର ଗ୍ରାମରେ ଗତ ୩ ତାରିଖରେ ଶିଶୁକନ୍ୟା ବିକ୍ରି ହୋଇଥିବା ଅଭିଯୋଗ ହୋଇଥିଲା । ଘଟଣାର ୩ ଦିନ ପରେ ଶିଶୁ କନ୍ୟା ଘରକୁ ଫେରିଛି । ଏହି ଗ୍ରାମର ସଞ୍ଜୟ ମଲିକଙ୍କ ଗତ ୨୯ ତାରିଖ ବାସୁଦେବପୁର ଡାକ୍ତରଖାନାରେ ଏକ ଶିଶୁକନ୍ୟା ଜନ୍ମ ହୋଇଥିଲା । ଶିଶୁକନ୍ୟା ଜନ୍ମର ୪ ଦିନ ପରେ ସଂଜୟ ଝିଅକୁ କେଉଁଠି ବିକ୍ରି କରିଦେଇଥିବା ଅଭିଯୋଗ ହୋଇଥିଲା । ଅଭିଯୋଗ ପାଇ ଜିଲ୍ଲା ଶିଶୁ ସୁରକ୍ଷା ବିଭାଗ ପକ୍ଷରୁ ସଞ୍ଜୟଙ୍କ ଘରେ ତନାଘନା ଆରମ୍ଭ କରିଥିଲେ । ହେଲେ ସଞ୍ଜୟ ତାର ସ୍ତ୍ରୀ, ବଡ ଝିଅକୁ ସାଥୀରେ ଧରି କେଉଁଆଡେ ଚାଲିଯାଇଥିଲା । ସଞ୍ଜୟଙ୍କ ବାପା ନୃସିଂହ ମଲିକଙ୍କୁ ଶିଶୁ ସୁରକ୍ଷା କର୍ମୀ ପଚରାଉଚରା କରିଥିଲେ । ସଞ୍ଜୟ ଶିଶୁ କନ୍ୟାକୁ ଧରି ସୋମବାର ରାତିରେ ଘରେ ପହଞ୍ଚିଥିଲା । ସ୍ତ୍ରୀ ଓ ପିଲାମାନଙ୍କୁ ମୋ ବନ୍ଧୁବାନ୍ଧବ ଘରେ ଛାଡ଼ିଥିଲି ବୋ ସଞ୍ଜୟ କହିଥିଲେ ।

## ବ୍ରାଉନସୁଗର ଜବତ

ବାରିକପୁର,୭ ।୧୦(ସମିସ): ଭଣ୍ଡାରିପୋଖରୀ ବ୍ଲକ ଦେଇ ଯାଇଥିବା ୧୬ ନମ୍ବର ଜାତୀୟ ରାଜପଥର ବାରିକପୁର ନିକଟରୁ ବ୍ରାଉନସୁଗର ଜବତ ହୋଇଛି । ମଙ୍ଗଳବାର ମଧ୍ୟାହ୍ନ ସାଢେ ୩ଟା ବେଳେ ଛତାବର ଅଞ୍ଚଳର ଜଣେ ଯୁବକ ଭଦ୍ରକ ସହରରୁ ଧଳା ପାଉଡର ଧରି ଆସୁଥିବା ବେଳେ କଟକସ୍ଥିତ ସ୍ୱତନ୍ତ୍ର ଗୁଇନ୍ଦା ସଂସ୍ଥା ବ୍ରାଉନସୁଗର ଜବତ କରିଥିବା ଅନୁମାନ କରାଯାଉଛି । ଏନେଇ ସ୍ଥାନୀୟ ଅବକାରୀ କିମ୍ବା ପୁଲିସ ଥାନା ପାଖରେ କୌଣସି ସୂଚନା ନାହିଁ । ଏଠାରେ ସୂଚିତ ଏବେ ଗାଁ ଗହଳିରେ ଚୋରା ମଦ ଅପେକ୍ଷା ଧଳା ଜହର କାରବାର ବୃଦ୍ଧି ପାଉଥିବା ଜଣାପଡିଛି ।

# ୮୨ ବର୍ଷରେ ଐତିହାସିକ ମତୋ ଗଜଲକ୍ଷ୍ମୀ ପୂଜା

ଭଦ୍ରକ, ୭ ।୧୦(ସମିସ)

୧୯୪୩ ମସିହା କାର୍ତ୍ତିକ କୁମାରପୂର୍ଣ୍ଣିମା ଶୁଭବାସରେ ସ୍ୱର୍ଗତ ନବକୁମାର ସାହୁଙ୍କ କନ୍ୟା ସହିତ ସାଧୁ ସାହୁଙ୍କ କୋମଳମତି ଶିଶୁ ମିଶି ସୃଷ୍ଟି କରିଥିବା ଅନୁଷ୍ଠାନ ଏବେ ୮୨ ବର୍ଷରେ ପଦାର୍ପଣ କରି ସାରିଛି । କେବଳ ମତୋ ପଞ୍ଚାୟତ ନୁହେଁ; ଚାନ୍ଦବାଲି ବ୍ଲକ ସମେତ ସମଗ୍ର ଭଦ୍ରକ ଜିଲ୍ଲା ତଥା ରାଜ୍ୟସ୍ତରରେ ଖ୍ୟାତି ଅର୍ଜନ କରିପାରିଛି । ଖ୍ୟାତନାମା ବ୍ୟବସାୟୀ ପୁରୁଷୋତ୍ତମ ସାହୁ ଓ ସ୍ୱର୍ଗତ ଲକ୍ଷ୍ମୀଧର ସାହୁଙ୍କ ପ୍ରଚେଷ୍ଟା ଏବଂ ସ୍ୱର୍ଗତଃ ମନମୋହନ ସାହୁଙ୍କ ସମ୍ପାଦନାରେ ବେଶ୍ କିଛି ଦିନ ଗଢି ଉଠିଥିଲା । ପରବର୍ତ୍ତୀ ଅବସ୍ଥାରେ ମତୋ ଅଞ୍ଚଳର ବିଶିଷ୍ଟ ସମାଜସେବୀ କୁମୁଦରଞ୍ଜନ ସାହୁଙ୍କ ସମ୍ପାଦନା ଓ ସମାଜସେବୀ ସ୍ୱର୍ଗତ ଗୟାଧର ମହାନ୍ତିଙ୍କ ଉଦ୍ୟମରେ ବିଗତ ଦିନର ଆଡମ୍ବରପୂର୍ଣ୍ଣ ପରମ୍ପରାକୁ ବଜାୟ ରଖାଯାଇପାରିଥିଲା । ଭାଗୀରଥି ସାହୁ ଅଳ୍ପ କିଛିବର୍ଷ ସମ୍ପାଦନା ଦାୟିତ୍ୱ ନିର୍ବାହ କରିଥିଲେ । ଅନୁଷ୍ଠାନପ୍ରେମୀ ପ୍ରାକ୍ତନ ସରପଞ୍ଚ କୁମୁଦରଞ୍ଜନ ସାହୁଙ୍କ ସମ୍ପାଦନା ଓ ପ୍ରାକ୍ତନ ସମିତିସଭ୍ୟ ତଥା ସମାଜସେବୀ ଉମାକାନ୍ତ ସାମଲଙ୍କ ସଭାପତିତ୍ୱରେ ଶତ୍ରୁଘ୍ନ ନାୟକ, ବାନାମ୍ବର ନାୟକ, ପୁରୁଷୋତ୍ତମ ସାହୁ, ଅଭୟ ସାହୁ, ପ୍ରଦୀପ ପଲ୍ଲାଇ, ପୟୋଧର ସ୍ୱାଇଁ, ନରେଶ ନାୟକ, ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ରତିକାନ୍ତ ନାୟକ, ରମେଶ ପାଣିଗ୍ରାହୀଙ୍କ ସମେତ ମତୋ ଅଞ୍ଚଳର ବହୁ ଜ୍ଞାନୀଗୁଣି ଓ ଅନୁଷ୍ଠାନପ୍ରେମୀଙ୍କୁ ନେଇ ପୂଜା ଶୃଙ୍ଖଳାର ସହ ଚାଲୁ ରହି ପାରିଛି ।



### ପହିଲି ଭୋଗରେ ମାନସିକ ପୂରଣର କିମ୍ବଦନ୍ତୀ

ଏହି ପୂଜା ପରମ୍ପରାର ବିଶେଷ ଆକର୍ଷଣ ହେଉଛି କଳସ ବୁଡାଯିବା ପରେ କୁମାରପୂର୍ଣ୍ଣିମା ଦିନ ଯେଉଁମାନେ ଯାହା ମାନସିକ ରଖି ମା'ଙ୍କ ନିକଟରେ ପହିଲି ଭୋଗ ଲଗାଇଥାଆନ୍ତି । ସମାଜରେ ଘଟୁଥିବା ବିଭିନ୍ନ ସମସ୍ୟା ଉପରେ ସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ନିର୍ମିତ ପାର୍ଶ୍ୱମୂର୍ତ୍ତି ବେଶ୍ ଆକର୍ଷଣୀୟ ହୋଇପାରିଛି । ୭ ଦିନ ଧରି ଦୁଇ ଓଳା ମା'ଙ୍କ ପ୍ରସାଦ ଉପଲବ୍ଧ ହେବାସହ ସୁଉଚ୍ଚ ତୋରଣ, ସମଗ୍ର ମତୋ ବଜାର ଅଞ୍ଚଳରେ ମନୋରମ ଲାଇଟ ସାଜସଜ୍ଜା ଓ ସ୍ଥାନୀୟ ମୂର୍ତ୍ତିଶିଳ୍ପୀ ବିଜୟ ବଳଙ୍କ ଯାଦୁକରି ଚମତ୍କାରିତା ପରିବେଶକୁ ଏକ ଧର୍ମୀୟ ଭାବନାରେ ବାନ୍ଧି ରଖିଛି । ଚଳିତବର୍ଷ ଆଧ୍ୟାତ୍ମିକ ପରିବେଶକୁ ଏହି ଗଜଲକ୍ଷ୍ମୀ ପୂଜାମଣ୍ଡପ ଆପଣାଉଥିବା ଲକ୍ଷ୍ୟ କରାଯାଉଛି । ଓଡିଶାର ସୁନାମଧନ୍ୟ ନାଟ୍ୟ ଅନୁଷ୍ଠାନଗୁଡିକ ମଧ୍ୟ ମତୋ ଗଜଲକ୍ଷ୍ମୀପୂଜାର ଯଥେଷ୍ଟ ଶୋଭା ବର୍ଦ୍ଧନ କରିପାରିଛନ୍ତି । ବିଭିନ୍ନ ଯାତ୍ରାନୁଷ୍ଠାନ ଆଧୁନିକ ଢଙ୍ଗରେ ନିଜ ନିଜର ନାଟ୍ୟଶୈଳୀ ପରିବେଷଣ କରିବାର କାର୍ଯ୍ୟକ୍ରମ ରହିଛି ।

## 'ଧର୍ମ ଓ ସଂସ୍କୃତିର ମିଳନ' ବୈତରଣୀ ମହୋତ୍ସବ ଉଦ୍‌ଘାଟିତ



ବାରିକପୁର, ୭।୧୦(ସମିସ)

ବର୍ଷା ଓ ପ୍ରତିକୂଳ ପାଗ ସତ୍ତ୍ୱେ ଭଣ୍ଡାରିପୋଖରୀ ବ୍ଲକ ମାଳଦା ଜଗନ୍ନାଥ ବଜାର ବଣିକ ସଂଘ ପକ୍ଷରୁ ଆୟୋଜିତ ବାର୍ଷିକ ଗଜଲକ୍ଷ୍ମୀ ପୂଜା ମଞ୍ଚରେ ଆଜି ବୈତରଣୀ ମହୋତ୍ସବ ଉଦଘାଟିତ ହୋଇଯାଇଛି । ରାଜ୍ୟ ମହୋତ୍ସବ କମିଟି ସଭାପତି ରବିନାରାୟଣ ଖିଲାରଙ୍କ ସଭାପତିତ୍ୱରେ ଆୟୋଜିତ ହୋଇଥିବା କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଭଦ୍ରକ ଜିଲ୍ଲାପାଳ ଦିଲୀପ ରାଉତରାଏ ଯୋଗ ଦେଇ ମହୋତ୍ସବକୁ ଉଦଘାଟନ କରି ଏହା ଧର୍ମ ସଂସ୍କୃତିର ମିଳନ ବୋଲି କହିଥିଲେ । ଏଥିରେ ସମ୍ମାନିତ ଅତିଥି ଭାବେ ଡାକ୍ତର ଭାଗ୍ୟଶ୍ରୀ ପଣ୍ଡା, ଅଧ୍ୟାପକ ଅଶୋକ ପଣ୍ଡା, କବିୟତ୍ରୀ ମମତା ବଳ, ସାମ୍ବାଦିକ ପ୍ରଦୀପ ବଳ, ବରିଷ୍ଠ ନାଗରିକ ନୃସିଂହ ଚରଣ ଖିଲାର, ଯୁବନେତା ପ୍ରତ୍ୟୁଷ ସାମଲ, ଭାଗିରଥି ପରିଡା ପ୍ରମୁଖ ଯୋଗଦେଇ ଗଜଲକ୍ଷ୍ମୀ ପୂଜା ଓ ମହୋତ୍ସବ ସମ୍ପର୍କରେ ବିଭିନ୍ନ ବକ୍ତବ୍ୟ ପ୍ରଦାନ କରିଥିଲେ । କମିଟି ପକ୍ଷରୁ ଚିତ୍ରଶିଳ୍ପୀ କ୍ଷୀରୋଦ ଦାସ, କଣ୍ଠଶିଳ୍ପୀ ଭାସ୍କର ଦାସ, ଡାକ୍ତରୀ ଛାତ୍ରି ସୁନିତା ରାଜେଶ୍ୱରୀ ପଣ୍ଡା, ଶିକ୍ଷକ ମନୋଜ ସାମଲ, ବ୍ୟବସାୟୀ ନିରଞ୍ଜନ ବେହୁରିଆ, ଯୁବ ସଂଗଠକ ଶିବା ନାୟକଙ୍କୁ ମୁଖ୍ୟ ଅତିଥି ଉତ୍ତରୀୟ ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରିଥିଲେ । ବଣିକ ସଂଘ ସଭାପତି ଚନ୍ଦ୍ରଶେଖର ମହାନ୍ତି ମଞ୍ଚ ଆହ୍ୱାନ କରିଥିବା ବେଳେ ସମ୍ପାଦକ ତଥା ଖବରଦାତା ରାଜେନ୍ଦ୍ର ଶତପଥି ସମ୍ପାଦକୀୟ ବିବରଣୀ ପାଠ କରିଥିଲେ । ସାମ୍ବାଦିକ ଦୁର୍ଯ୍ୟୋଧନ ଲେଙ୍କା ଅତିଥି ପରିଚୟ ପ୍ରଦାନ ଓ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଉଦଘାଟନୀ କାର୍ଯ୍ୟକ୍ରମକୁ ବ୍ୟବସାୟୀ ଧୀରେନ୍ଦ୍ର ନାୟକ, ଦେବାଶିଷ ପଣ୍ଡା, କମଳାକାନ୍ତ ସାମଲ, ନିରାକାର ବେହୁରିଆ ପ୍ରମୁଖ ପରିଚାଳନା କରିଥିଲେ ।

## ପତ୍ରିକା 'ଆକଳନ'ର ଆଲୋଚନା ଆସର

ଭଦ୍ରକ, ୭ ।୧୦(ସମିସ): ଓଡ଼ିଶାର ଏକମାତ୍ର ସମାଲୋଚନାମୂଳକ ସାହିତ୍ୟ ପତ୍ରିକା 'ଆକଳନ' ପୂଜା ସଂଖ୍ୟାର ଏକ ଆଲୋଚନା ଆସର ମହେନ୍ଦ୍ର ଭବନରେ ଅନୁଷ୍ଠିତ ହୋଇଯାଇଛି । ପତ୍ରିକାର ସଂପାଦକ ଡ. ଶଶଧର ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ସଭାରେ ବିଶିଷ୍ଟ ଗାଳ୍ପିକ ଓ ଶିକ୍ଷାବିତ୍ ପ୍ରଫେସର ଶୈଳେନ୍ଦ୍ର ମହାପାତ୍ର ମୁଖ୍ୟଅତିଥି ଓ ବନ୍ତ ଆଞ୍ଚଳିକ ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧ୍ୟକ୍ଷ ଡ. ଶୁଭେନ୍ଦ୍ର ମିଶ୍ର ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ । ପ୍ରଫେସର ମହାପାତ୍ର କହିଲେ, ଜଣେ ସମାଲୋଚକ ସାହିତ୍ୟ ସୃଷ୍ଟିର ଅନ୍ତର୍ନିହିତ ଚେତନା ଓ ଅଭିବ୍ୟକ୍ତିକୁ ପ୍ରବେଶ କରିବା ଉଚିତ୍ । ଆକଳନର ପୂଜା ସଂଖ୍ୟା ବିଶିଷ୍ଟ କବି ଦିବଂଗତ ରମାକାନ୍ତ ରଥଙ୍କ ସଂପର୍କରେ ଏକ ବିଶେଷାଙ୍କ ହୋଇଥିବାରୁ ଶ୍ରୀ ମହାପାତ୍ର ପତ୍ରିକାର ସଂପାଦକଙ୍କୁ ଅଭିନନ୍ଦନ ଜଣାଇଥିଲେ । ମୁଖ୍ୟବକ୍ତା ଡ. ମିଶ୍ର କବି ରମାକାନ୍ତଙ୍କ କାବ୍ୟାଦର୍ଶର ଏକ ସାମାଗ୍ରିକ ଆକଳନ କରି କହିଲେ ଯେ ରମାକାନ୍ତଙ୍କ କାବ୍ୟପୁରୁଷ ଏକ ବିଖଣ୍ଡିତ ବ୍ୟକ୍ତିସତ୍ୱା । ପ୍ରେମ ଓ ପରିତ୍ରାଣ ହେଉଛି ତାଙ୍କ କାବ୍ୟ ଚେତନାର ଦୁଇଟି ଦିଗ । ଭୋଗ ଅପେକ୍ଷା ଭୟର ଆତୁରତା ଅଧିକ । ରମାକାନ୍ତଙ୍କ ବିଚାରରେ ମଣିଷ ହେଉଛି ଶୂନ୍ୟର ଅବତାର । ତାଙ୍କର ଅଧିକାଂଶ କାବ୍ୟରୁ ପ୍ରେମର ଆତୁର ଓ ଭୟାର୍ତ୍ତ ସମର୍ପଣ ଦେଖିବାକୁ ମିଳେ । ପତ୍ରିକାର ସଂପାଦକ ଡ. ଦାସ କହିଲେ ସାମ୍ପ୍ରତିକ ଓଡ଼ିଆ ସାହିତ୍ୟରେ ସମାଲୋଚନା ଓ ସମୀକ୍ଷା ଧର୍ମୀ ଲେଖାର ଘୋର ଅଭାବ ରହିଛି । ପୂଜାସଂଖ୍ୟା ପତ୍ରିକାରେ କେବଳ ଗଳ୍ପ ଓ କବିତାର ଆସର ଜମିଛି । ପତ୍ରିକାଟି ଆଜି ନବମ ବର୍ଷରେ ପଦାର୍ପଣ କରିଛି । ସହଯୋଗୀ ସଂପାଦକ କବି ଭରତଚନ୍ଦ୍ର ଦାସ ମଞ୍ଚ ଆବାହନ ଓ ଧନ୍ୟବାଦ ଅର୍ପଣ କରିଥିଲେ । ମହେନ୍ଦ୍ର ଭବନ ସଭାଗୃହରେ ଭରପୁର ସାହିତ୍ୟିକମାନଙ୍କ ମଧ୍ୟରେ ଡ. ଗୋଲକ ବିହାରୀ ସାହୁ, ଡ. ରାମଚନ୍ଦ୍ର ପଣ୍ଡା, ଡ. ରାଇମୋହନ ମହାପାତ୍ର, ଡ. ବଳରାମ ମିଶ୍ର, ଅଧ୍ୟାପକ ଗୋଲକ ନାୟକ, ଡ. କାନୁନ ମହାନ୍ତି, ଉଷାରାଣୀ ଜେନା, ଡ. କମଳାକାନ୍ତ ସ୍ୱାଇଁ, ଅଧ୍ୟାପକ ନାସିର ବକ୍ସ, ଲକ୍ଷ୍ମୀଧର ଦାସ, ପଦ୍ମନ ରାୟ, ବୈଲୋଚନ ବେହୁରିଆ ପ୍ରମୁଖ ଶିକ୍ଷାବିତ୍‌ମାନେ ଯୋଗ ଦେଇଥିଲେ ।



## ଛୟାଳସିଂହ ପଞ୍ଚାୟତ ଗ୍ରାମ୍ୟ ରାସ୍ତା ଶୋଚନୀୟ

ବର୍ଷବର୍ଷ ଧରି ରାସ୍ତା କାର୍ଯ୍ୟ ଶୂନ



ବନ୍ତ/ଆଗରପଡ଼ା, ୭।୧୦(ସମିସ): ବନ୍ତ ବ୍ଲକ ଗଣିଜାଙ୍ଗ ଆମ୍ବଗଡ଼ିଆ ଭାୟା ମଙ୍ଗୁଲି ରାସ୍ତାକୁ ସଂଯୋଗ କରୁଥିବା ଛୟାଳସିଂହ ପଞ୍ଚାୟତର ଗ୍ରାମୀଣ ରାସ୍ତାଗୁଡିକ ଶୋଚନୀୟ ହୋଇପଡ଼ିଛି । ଦୀର୍ଘବର୍ଷ ହେବ ଏହି ରାସ୍ତାର ସ୍ଥାୟୀ ମରାମତି ନ ହେବା କାରଣରୁ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି । ଜାମ୍ବବଣି ଛକରୁ ସରମରା ଯାଇଥିବା ଗ୍ରାମ୍ୟ ଉନ୍ନୟନ ରାସ୍ତାର ସାବିତ୍ରୀ ପୀଠ ପୋଲଠାରୁ ଗଣିଜାଙ୍ଗ ଆମ୍ବଗଡ଼ିଆ ଭାୟା ମଙ୍ଗୁଲି ଗ୍ରାମ୍ୟ ଉନ୍ନୟନ ରାସ୍ତାକୁ ସଂଯୋଗ କରୁଥିବା ମଙ୍ଗୁଲି ବ୍ରାହ୍ମଣସାହି, ରାଉତସାହି, ପରିଡାସାହି, ଦୋଳପଦି ହରିଜନସାହି, ମଙ୍ଗୁଲି ସ୍କୁଲ, କୁକୁଡା ଫାର୍ମ ଛକ ଆଦି ପଞ୍ଚାୟତ ରାସ୍ତାଗୁଡିକ ବର୍ଷ ବର୍ଷ ଧରି ଖରାପ ହୋଇ ପଡ଼ିରହିଛି । ବିଶେଷ କରି ବର୍ଷା ଋତୁରେ ପାଣି କାଦୁଅରେ ଗ୍ରାମବାସୀଙ୍କ ସହ ଛାତ୍ରଛାତ୍ରୀ ଗମନାଗମନରେ ବହୁ ଅସୁବିଧାର ସମ୍ମୁଖୀନ ହେବା ସହ ରାସ୍ତାରେ ଗର୍ତ୍ତ ସୃଷ୍ଟି ହୋଇ ଗମନାଗମନରେ ଘୋର ଅସୁବିଧା ସୃଷ୍ଟି ହେଉଛି । ଯଦ୍ୱାରା ରାତ୍ର କାଳରେ ଲୋକେ ବିପଦର ସମ୍ମୁଖୀନ ହେଉଛନ୍ତି । ଏହାର ସ୍ଥାୟୀ ସମାଧାନ ପାଇଁ ରାସ୍ତାଗୁଡ଼ିକୁ ଗ୍ରାମ୍ୟ ଉନ୍ନୟନ ବିଭାଗକୁ ହସ୍ତାନ୍ତର କରିବା ନେଇ ଗ୍ରାମବାସୀ ବର୍ଷେ ହେବ ଦାବି କରି ଆସୁଥିଲେ ସୁଦ୍ଧା ବିଭାଗ ପକ୍ଷରୁ କୋ÷ଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନଥିବା ସେମାନେ ଅଭିଯୋଗ କରୁଛନ୍ତି । ଏହି ରାସ୍ତ ଉପରେ ଛୟାଳସିଂହ, ଓଡଙ୍ଗ, ଟିଲୋ, କାଦବରାଙ୍ଗ, ଗଣିଜାଙ୍ଗ ଆଦି ପଞ୍ଚାୟତବାସୀ ଯାଆଆସ କରିଥାନ୍ତି । ଅନେକ ସମୟରେ ରାସ୍ତାର ଦୁରବସ୍ଥା ଯୋଗୁ ଯାନବାହନ ଚଳାଚଳରେ ବ୍ୟାଘାତ ସମୟରେ ସୃଷ୍ଟି ହେଉଛି । ଫଳରେ ଦମକଳ ଏବଂ ଆମ୍ବୁଲାନ୍ସ ଆଦି ଆସିବା କଷ୍ଟକର ହେଉଛି । ତେଣୁ ଏହି ପଞ୍ଚାୟତ ରାସ୍ତାଗୁଡିକୁ ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନକୁ ଗଲେ ଅଞ୍ଚଳବାସୀଙ୍କ ବହୁ ଦିନର ସ୍ୱପ୍ନ ସାକାର ହୋଇପାରିବ ବୋଲି ଆଶା ରହିଛି । କୈଳାସ ରାଉତ, ପ୍ରଫୁଲ୍ଲ ରାଉତ, ରଘୁନାଥ ପୁହାଣ, ସୁଶାନ୍ତ ପରିଡା, ଶରତ ଜେନା ପ୍ରମୁଖ ବିଡିଓଙ୍କ ସମେତ ସମସ୍ତ ବିଭାଗୀୟ ଅଧିକାରୀଙ୍କୁ ଅବଗତ କରାଇଥିଲେ ମଧ୍ୟ ପଦକ୍ଷେପ ନିଆଯାଇ ନାହିଁ । ସେମାନଙ୍କ ଦାବିକୁ ଯଥାଶୀଘ୍ର ପୂରଣ କରିବା ପାଇଁ ବିଭାଗୀୟ ଅଧିକାରୀ ଚେଷ୍ଟିତ ହେବାକୁ ସେମାନେ ଦାବି କରିଛନ୍ତି ।

## ସମ୍ପାଦକ ଓ ଡିଇଓଙ୍କ ବିରୋଧରେ ଜିଲ୍ଲାପାଳଙ୍କୁ ଅଭିଯୋଗ

ଚାଷୀ ପଞ୍ଜୀକରଣରେ ବ୍ୟାପକ ଅନିୟମିତତା



ବନ୍ତ/ଆଗରପଡ଼ା, ୭।୧୦(ସମିସ): ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ ସରମରା ସେବା ସମବାୟ ସମିତିରେ ଗତ ଖରିଫ ଓ ରବି ଚାଷ ଏବଂ ୨୦୨୫-୨୬ ଖରିଫ ଋତୁରେ ଚାଷୀ ପଞ୍ଜୀକରଣରେ ବ୍ୟାପକ ଅନିୟମିତତା କରାଯାଇଥିବା ନେଇ ଟିଲୋ ପଞ୍ଚାୟତ ଦେବତାଗଡିଆ ଗ୍ରାମର ଚାଷୀ ଅକ୍ଷୟ ସେଠୀ ଗତ ସୋମବାର ଭଦ୍ରକଠାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ଜନଅଭିଯୋଗ ଶୁଣାଣିରେ ଜିଲ୍ଲାପାଳଙ୍କଠାରେ ଅଭିଯୋଗ କରିଛନ୍ତି । ଚାଷୀ ପଞ୍ଜୀକରଣ ଓ ମଣ୍ଡିରେ ଧାନ କ୍ରୟ ଏବଂ ୨୦୨୫-୨୬ ଖରିଫ ଋତୁରେ ଚାଷୀ ପଞ୍ଜୀକରଣ ସମୟରେ ସମ୍ପୃକ୍ତ ସମବାୟ ସମିତିର ସମ୍ପାଦକ ଓ ଡିଇଓ ମିଳିତ ଭାବରେ ଅନ୍ୟ ଜିଲ୍ଲାର ଜମିକୁ ଏହି ସମିତିରେ ପଞ୍ଜୀକରଣ କରିବା ସହ ଜମି ନଥିବା ବ୍ୟକ୍ତିଙ୍କ ନାମରେ ଅନ୍ୟ ଚାଷୀଙ୍କ ଜମିକୁ ଆଣି ପଞ୍ଜୀକରଣ କରି ଲକ୍ଷ ଲକ୍ଷ ସରକାରୀ ଟଙ୍କାକୁ ଆତ୍ମସାତ କରିଛନ୍ତି । ସେହିପରି ମଣ୍ଡିରୁ ଧାନ ନକିଣି ଅସାଧୁ ବ୍ୟବସାୟୀଙ୍କ ମାଧ୍ୟମରେ ମିଲରେ ଧାନ ପକାଇବା ନେଇ ସେ ଅଭିଯୋଗ କରିଛନ୍ତି । ଏଥିନେଇ ସେ ପୂର୍ବରୁ ୭ଥର ଜିଲ୍ଲାପାଳଙ୍କ ଜନ ଅଭିଯୋଗ ଶୁଣାଣିରେ ଅଭିଯୋଗ କରିଥିଲେ । ଏସମ୍ପର୍କରେ ଜିଲ୍ଲାପାଳ ଡିଆରସିଏସ ଏବଂ ଏଆରସିଏସ ଭଦ୍ରକଙ୍କୁ ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଥିଲେ । ମାତ୍ର ସମ୍ପୃକ୍ତ ଅଧିକାରୀଙ୍କ ପକ୍ଷରୁ କୌଣସି ତଦନ୍ତ କରାଯାଇନାହିଁ କି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନଥିବା ଅଭିଯୋଗରେ ଦର୍ଶାଯାଇଛି । ଆଗାମୀ ୭ ଦିନ ମଧ୍ୟରେ ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନଗଲେ ସେ ଆମରଣ ଅନଶନ କରିବେ ବୋଲି ଅଭିଯୋଗରେ ଦର୍ଶାଇଛନ୍ତି । ଉପରୋକ୍ତ ଅଭିଯୋଗ ନେଇ ଭଦ୍ରକ ଡିଆରସିଏସ ଦୁଖିଆ ଟୁଡୁଙ୍କ କହିବା ଅନୁଯାୟୀ, ସେ ଅଭିଯୋଗ ପରେ ବିଭାଗୀୟ ତଦନ୍ତ କରିଥିଲେ ସୁଦ୍ଧା ତଦନ୍ତରେ ସେହିପରି କିଛି ଅନିୟମିତତା ହୋଇ ନଥିବା ଜାଣିବାକୁ ପାଇଛନ୍ତି । ଆସନ୍ତା ୯ ତାରିଖରେ କ୍ଷେତ୍ରୀୟ ତଦନ୍ତ କରିବା ପରେ ଅନିୟମିତତା ହୋଇଥିଲେ ଆଇନ ଅନୁଯାୟୀ ପଦକ୍ଷେପ ଗ୍ରହଣ କରାଯିବ । ସେହିପରି ସମିତି ସମ୍ପାଦକ ନିତ୍ୟାନନ୍ଦ ନାୟକଙ୍କୁ ଯୋଗାଯୋଗ କରିବାରୁ ସରକାରଙ୍କ ଦ୍ୱାରା ପ୍ରଦତ୍ତ ସମସ୍ତ ନିୟମାନୁସାରେ କାର୍ଯ୍ୟ ସମ୍ପାଦନ କରାଯାଇଛି । ଚାଷୀ ପଞ୍ଜୀକରଣରେ କୌଣସି ଅନିୟମିତତା କରାଯାଇନାହିଁ ।

## ମନମାନିରେ ଚାଲିଛି 'ବସୁଧା' ଜଳଯୋଗାଣ

ଅବହେଳାର ଶିକାର ପୁରୁଷଣ୍ଡ ପଞ୍ଚାୟତ

ବନ୍ତ/ଆଗରପଡ଼ା, ୭।୧୦(ସମିସ)

ଅଭିଯୋଗ ହେଉଛି କିନ୍ତୁ ଅଭିଯୋଗକୁ କାର୍ଯ୍ୟକାରୀ କରିବା ପାଇଁ ଅଧିକାରୀଙ୍କ ଇଚ୍ଛାଶକ୍ତିର ଅଭାବ । ଫଳରେ ବିଶୁଦ୍ଧ ଜଳ ପାଇବାରୁ ବଞ୍ଚିତ ହେଉଛନ୍ତି ପଞ୍ଚାୟତବାସୀ । ପ୍ରଶାସନର ଅଭିଯୋଗ ଗ୍ରହଣ ବ୍ୟବସ୍ଥା ଫେଲ୍ ମାରୁଥିବା ଅଭିଯୋଗ ହେଉଛି । ଏହିପରି ଉଦାହରଣ ଦେଖିବାକୁ ମିଳିଛି ବନ୍ତ ବ୍ଲକ ପୁରୁଷଣ୍ଡ ପଞ୍ଚାୟତରେ । ଆରଡବ୍ଲ୍ୟୁଏସଏସ ମାଧ୍ୟମରେ ରାଜ୍ୟ ପଞ୍ଚାୟତିରାଜ ଓ ପାନୀୟଜଳ ଯୋଗାଣ ବିଭାଗ ଅଧୀନରେ ବସୁଧା ଯୋଜନାରେ ପୁରୁଷଣ୍ଡ ପଞ୍ଚାୟତର ବିଭିନ୍ନ ଗ୍ରାମରେ ପ୍ରକଳ୍ପ ନିର୍ମାଣ ହୋଇଛି । କିଛି ଦିନ ହେବ ଉକ୍ତ ପଞ୍ଚାୟତ ଅନ୍ତର୍ଗତ ଡ଼ାଏଟ ଛକଠାରେ ନିର୍ମାଣ ହୋଇଥିବା ପ୍ରକଳ୍ପରେ ନିମ୍ନମାନର ପାଇପ୍ ବିଛା ଯାଇଥିବାରୁ ଏହା ବିଭିନ୍ନ ସ୍ଥାନରେ ଫାଟି ଯିବା ଯୋଗୁଁ ବିଶୁଦ୍ଧ ଜଳ ପାଇବାରୁ ଲୋକେ ବଞ୍ଚିତ ହୋଇ ଆସୁଛନ୍ତି । ଅପରପକ୍ଷରେ, ଉକ୍ତ ଫଟା ପାଇପରେ ବାହାର ପାଣି ମିଶି ଡ଼ାଇରିଆ ପରି ବିଭିନ୍ନ ରୋଗର ଆଶଙ୍କା କରି ଲୋକେ ଏହାର ମରାମତି ପାଇଁ ଅଭିଯୋଗ ମଧ୍ୟ ଆଣୁଛନ୍ତି । ଅଭିଯୋଗ ଆଣିବାକୁ ଯାଇ ବିଭାଗୀୟ କନିଷ୍ଠ ଯନ୍ତ୍ରୀଙ୍କୁ ଯୋଗଯୋଗ କଲେ ଯୋଗାଯୋଗ ସମ୍ଭବପର ହୋଇପାରୁ ନଥିବା ବେଳେ ସରପଞ୍ଚଙ୍କୁ ଯୋଗାଯୋଗ କଲେ ତାଙ୍କଠାରୁ ସନ୍ତୋଷଜନକ ଉତ୍ତର ମିଳିପାରୁ ନଥିବା ଅଭିଯୋଗ ହେଉଛି । ଇତିମଧ୍ୟରେ ୩ମାସରୁ ଅଧିକ ସମୟ ବିତିଯାଇଥିଲେ ସୁଦ୍ଧା ସମସ୍ୟାର କୋ÷ଣସି ସ୍ଥାୟୀ ସମାଧାନ ହୋଇ ନପାରିବା ବିଭାଗୀୟ ଅଧିକାରଙ୍କ କାର୍ଯ୍ୟପନ୍ଥା ଉପରେ ଅଙ୍ଗୁଳି ନିର୍ଦ୍ଦେଶ କରୁଛି । ବିଭାଗପକ୍ଷରୁ ପ୍ରକଳ୍ପ ନିର୍ମାଣ ସରିବା ପରେ ଏହାକୁ ପଞ୍ଚାୟତକୁ ହସ୍ତାନ୍ତର କରାଯାଇଥାଏ । ପରବର୍ତ୍ତୀ ସମୟରେ ପଞ୍ଚାୟତ ପକ୍ଷରୁ ପାଣି ମୋଟର ଚଳାଇବା ପାଇଁ କର୍ମଚାରୀ ନିଯୁକ୍ତି କରାଯାଇଥାଏ । ବିଦ୍ୟୁତ୍ ବିଲ୍ ମଧ୍ୟ ପଞ୍ଚାୟତ ପକ୍ଷରୁ ପଇଠ କରାଯାଇଥାଏ । ତେଣୁ ପଞ୍ଚାୟତକୁ ପ୍ରକଳ୍ପ ନିର୍ମାଣ ପରେ ହସ୍ତାନ୍ତର କରାଯାଉଥିଲେ ମଧ୍ୟ ସରପଞ୍ଚ ପ୍ରକଳ୍ପର ତଦାରଖ ଭଲଭାବରେ ନକରି ଏହାର ଦାୟିତ୍ୱ ନେବା କେତେଦୂର ଯୁକ୍ତିଯୁକ୍ତ ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିବା ସହ ସରପଞ୍ଚ ଓ ଯନ୍ତ୍ରୀଙ୍କ ମଧୁଚନ୍ଦ୍ରିକାରୁ ଏହା ସମ୍ଭବ ହୋଇପାରୁଥିବା ଚର୍ଚ୍ଚା ହେଉଛି । ଉଭୟଙ୍କ ମଧୁଚନ୍ଦ୍ରିକାର ଫଳ ପଞ୍ଚାୟତବାସୀ ଭୋଗୁଛନ୍ତି । ବିଭାଗୀୟ ଅଧିକାରଙ୍କ ମନମାନିରୁ ଉକ୍ତ ପଞ୍ଚାୟତରେ ବସୁଧାରେ ମିଶିବାକୁ ବସିଛି ବସୁଧା ଯୋଜନା । ଲକ୍ଷାଧିକ ଟଙ୍କାରେ ନିର୍ମିତ ପ୍ରକଳ୍ପକୁ ବିଭାଗୀୟ ଅଧିକାରୀ ପ୍ରହସନରେ ପରିଣତ ନକରି ସରକାରୀ ଅର୍ଥର ଅପବ୍ୟବହାରରୁ ନିବୃତ ରହି ଯୋଜନର ସଫଳ ରୂପାୟନ ପ୍ରତି ଚେଷ୍ଟିତ ହେବାକୁ ପଞ୍ଚାୟତବାସୀଙ୍କ ସମେତ ବୁଦ୍ଧିଜୀବୀ ମହଲରେ ଦାବି ହେଉଛି ।



## ● ଆଗରପଡ଼ା-ବରପଦା ପୂର୍ତ୍ତ ରାସ୍ତା ନିର୍ମାଣରେ ଶିଥିଳତା

## ଗମନାଗମନ ବାଧାପ୍ରାପ୍ତ; ସମସ୍ୟାରେ ସାଧାରଣ ଜନତା

ବନ୍ତ/ଆଗରପଡ଼ା, ୭।୧୦(ସମିସ): ଆଗରପଡ଼ା ମୁଖ୍ୟ ବଜାରକୁ ସଂଯୋଗ କରୁଥିବା ସମସ୍ତ ରାସ୍ତାର ଦୁରବସ୍ଥାରେ ସୁଧାର ଆଣିବା ନେଇ ପ୍ରତିଶ୍ରୁତି ପାଳନ ପୂର୍ବକ ବିଭାଗ ପକ୍ଷରୁ ଅଗଷ୍ଟରୁ ବରପଦାଠାରୁ ଆଗରପଡ଼ାକୁ ଲମ୍ବିଥିବା ପୂର୍ତ୍ତବିଭାଗ ରାସ୍ତାର ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିଲା । ବର୍ତ୍ତମାନ କିଛି ଦିନ ହେବ ଉକ୍ତ ରାସ୍ତା ନିର୍ମାଣ କାର୍ଯ୍ୟ ବନ୍ଦ ରହିଛି । ଲଘୁଚାପ ଜନିତ ବର୍ଷା ଲାଗି ରହିଥିବାରୁ ନିର୍ମାଣାଧୀନ ରାସ୍ତାରେ ଗର୍ତ୍ତ ସବୁ ସୃଷ୍ଟି ହୋଇ ଗମନାଗମନରେ ବାଧା ସୃଷ୍ଟି ହେଉଛି । ଯାତାୟାତରେ ସମସ୍ୟାର ସମ୍ମୁଖୀନ ହେଉଛନ୍ତି ଜନସାଧାରଣ । ରାତ୍ରୀ ସମୟରେ ଉକ୍ତ ରାସ୍ତାରେ ଗମନାଗମନ କରିବା ମାନେ ବିପଦ ସଦୃଶ ରହିଛି । ଏହାର ନିର୍ମାଣ କାର୍ଯ୍ୟକୁ ଜୋରଦାର କରିବା ପାଇଁ ବିଭିନ୍ନ ମହଲରୁ ଦାବି ହେଉଛି । ରାସ୍ତା ନିର୍ମାଣରେ ଶିଥିଳତାକୁ ନେଇ ବିଭାଗୀୟ କନିଷ୍ଠ ଯନ୍ତ୍ରୀଙ୍କୁ ଯୋଗାଯୋଗ କରିବାରୁ ଖୁବ୍ ଶୀଘ୍ର ନିର୍ମାଣ କାର୍ଯ୍ୟ ଆରମ୍ଭ ହେବାର ସୂଚନା ଦେଇଥିଲେ । ନବ ଉତ୍କଳର ନିର୍ମାତା ଉତ୍କଳ କେଶରୀ ଡ଼କ୍ଟର ହରେକୃଷ୍ଣ ମହତାବଙ୍କ ଜନ୍ମମାଟି ଏବଂ ଏକମାତ୍ର ଐତିହାସିକ କର୍ମମନ୍ଦିର ଆଗରପଡ଼ା ଠାରେ ଅବସ୍ଥିତ ଥିବାରୁ ଉକ୍ତ ଅଂଚଳ ଓଡ଼ିଶା ତଥା ଭାରତ ଇତିହାସରେ ଏକ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଛି । ଆଜି ପର୍ଯ୍ୟନ୍ତ ଏହି ଅଞ୍ଚଳକୁ ସଂଯୋଗ କରୁଥିବା ସମସ୍ତ ରାସ୍ତା ଜିଲ୍ଲା ସଦର ମହକୁମାକୁ ଯିବା ପାଇଁ ଆଗରପଡ଼ା-ବରପଦା ରାସ୍ତା, ବ୍ଲକ ଓ ତହସିଲ ଯିବା ପାଇଁ ଆଗରପଡ଼ା-ବନ୍ତ ରାସ୍ତା, ପଡ଼ୋଶୀ ଜିଲ୍ଲା କେନ୍ଦୁଝର ଯିବା ପାଇଁ ଆଗରପଡ଼ା-ଆନନ୍ଦପୁର ରାସ୍ତା ଏବଂ ବାଲେଶ୍ୱର ଜିଲ୍ଲାକୁ ଯିବା ପାଇଁ ଆଗରପଡ଼ା-କୁପାରୀ ରାସ୍ତା ଅତ୍ୟନ୍ତ ଶୋଚନୀୟ ଅବସ୍ଥାରେ ପଡ଼ି ରହିଛି । ରାସ୍ତା ଗୁଡ଼ିକ ମରଣଯନ୍ତା ପାଲଟିଛି । ଆଗରପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଏବଂ ମୁଖ୍ୟ ବଜାର ଉପରେ ଜିଲ୍ଲା ତଥା ପଡ଼ୋଶୀ ବାଲେଶ୍ୱର ଓ କେନ୍ଦୁଝର ଏହିପରି ପାଖାପାଖି ୩ଟି ଜିଲ୍ଲାର ଅଧିବାସୀ ନିର୍ଭର କରିଥାନ୍ତି । ଆଗରପଡ଼ାକୁ ସଂଯୋଗ କରୁଥିବା ରାସ୍ତା ଗୁଡ଼ିକର ମରାମତି ଯଥାଶୀଘ୍ର କରିବା ପାଇଁ ବିଭିନ୍ନ ମହଲରୁ ଦାବି ହେଉଛି ।



## ନାବାଳିକା କନ୍ୟା ସନ୍ତାନ ପ୍ରସବ କରିବା ଘଟଣା; ଯୁବକ ଗିରଫ

ବୈଶିଙ୍ଗା, ୭।୧୦(ସମିସ): ବେତନଟୀ ଡାକ୍ତରଖାନାରେ ସୋମବାର ଜଣେ ନାବାଳିକା ଛାତ୍ରୀ କନ୍ୟାସନ୍ତାନ ପ୍ରସବ କରିବା ଘଟଣାରେ ମଙ୍ଗଳବାର ପୁଲିସ ଅଭିଯୁକ୍ତ ଯୁବକକୁ ଗିରଫ କରିଛି। ଗିରଫ ଯୁବକ ଜଣକ ହେଲେ ପୁରୁଣା ଦମକଳ କେନ୍ଦ୍ର ଛକ ଅଞ୍ଚଳର ଯଦୁନାଥ ହେମ୍ବ୍ରମଙ୍କ ପୁଅ ଶିବନାରାୟଣ ହେମ୍ବ୍ରମ (୨୦)। ସୂଚନା ମୁତାବକ ବୈଶିଙ୍ଗା ଥାନା ଅଞ୍ଚଳର ଜଣେ ନାବାଳିକା ବେତନଟୀର ଏକ ଘରୋଇ ହଷ୍ଟେଲରେ ରହି ପଢୁଥିଲେ। ଅଭିଯୁକ୍ତ ଶିବନାରାୟଣ ବିଭିନ୍ନ ପ୍ରକାର ପ୍ରଲୋଭନ ଦେଖାଇ ପୀଡିତାଙ୍କ ଇଚ୍ଛା ବିରୋଧରେ ଦୁଷ୍କର୍ମ କରିଥିଲା। ଫଳରେ ପୀଡିତା ଗର୍ଭବତୀ ହୋଇଥିଲେ। ଗର୍ଭବତୀ ହୋଇଥିବା ନେଇ ପୀଡିତା ଜଣକ ଶିବନାରାୟଣଙ୍କୁ ଜଣାଇବା ପରେ ସେ ଆଉ ଧରାଛୁଆଁ ଦେଇ ନ ଥିଲା। ସୋମବାର ପ୍ରବଳ ଜ୍ୱର ଏବଂ ପେଟ ଯନ୍ତ୍ରଣା ଅସହ୍ୟ ହେବାରୁ ବେତନଟୀ ଡାକ୍ତରଖାନା ଯାଇଥିଲେ। ସେଠା ଶୌଚାଳୟରେ ଏକ କନ୍ୟା ସନ୍ତାନ ଜନ୍ମ ଦେଇଥିଲେ। ଏବେ ଉଭୟ ବାରିପଦା ଜିଲ୍ଲାମୁଖ୍ୟ ଡାକ୍ତରଖାନାରେ ଚିକିତ୍ସାଧୀନ ଅଛନ୍ତି। ଏନେଇ ମଙ୍ଗଳବାର ପୀଡତାଙ୍କ ମା'ଙ୍କ ଏତଲାକ୍ରମେ ପୁଲିସ ଏକ ମାମଲା ରୁଜୁକରି ଶିବନାରାୟଣଙ୍କୁ ଗିରଫ କରି ଅଧିକ ତଦନ୍ତ ଜାରି ରଖିଛି।

## ଯୁବତୀଙ୍କୁ ଦୁଷ୍କର୍ମ; ଯୁବକ ଗିରଫ

ମୋରଡା/ରାସଗୋବିନ୍ଦପୁର, ୭।୧୦(ସମିସ): ବିବାହର ପ୍ରତିଶୃତି ଦେଇ ଜଣେ ଯୁବତୀଙ୍କୁ ଦୁଷ୍କର୍ମ କରିବା ଅଭିଯୋଗରେ ପୁଲିସ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି ।ଗି ରଫ ଯୁବକ ଜଣକ ହେଲେ ଉକ୍ତ ଥାନା ଅଧୀନ ପାରୁଳିଆ ଗ୍ରାମର ଅମିନ ମୁର୍ମୁ। ସୂଚନା ଅନୁଯାୟୀ, ଗତ ୨୦୨୩ ମସିହାରେ ଉକ୍ତ ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କ ସହିତ ଅମିନଙ୍କ ପ୍ରେମ ସମ୍ପର୍କ ଗଢି ଉଠିଥଲା। ଅମିନ ଉକ୍ତ ଯୁବତୀଙ୍କୁ ବିବାହର ପ୍ରତିଶୃତି ଦେଇ ଦୁଷ୍କର୍ମ କରି ଆସୁଥିଲା। ଗତ ୫ତାରିଖରେ ଯୁବତୀ ଜଣକ ଗ୍ରାମରେ ଚାଲିଥିବା ଧୁଲାଟ ପର୍ବକୁ ଆସିଥିବା ବେଳେ ତାଙ୍କୁ ଦେଖି ଅମିନ ଗାଳିଗୁଲଜ କରିବା ସହିତ ମାରିଦେବା ଧମକ ଦେଇଥିଲେ। ଏନେଇ ଯୁବତୀ ଜଣକ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଯୁବକଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି।

● ୩୭ ବର୍ଷରେ ସାର୍ବଜନୀନ ମା'ଗଜଲକ୍ଷ୍ମୀ ପୂଜା

## ଏଥର ଫାଇବର ତୋରଣ ଆକର୍ଷଣ



ବିଶୋଇ, ୭।୧୦ (ସମିସ): ଜଗତ ଜନନୀ ମା'ଦୁର୍ଗାଙ୍କୁ ଧରାପୃଷ୍ଠରୁ ମେଲାଣି ଦିଆଯିବା ପରେ ଏବେ ମା' ଗଜଲକ୍ଷ୍ମୀ ପୂଜା ପାଇଁ ସମଗ୍ର ଅଞ୍ଚଳ ଉତ୍ସବମୁଖର। ବିଶୋଇ ସାର୍ବଜନୀନ ମା' ଗଜଲକ୍ଷ୍ମୀ ପୂଜା ଧୂମଧାମରେ ପାଳନ ହେବାକୁ ଯାଉଛି। ଚଳିତବର୍ଷ ଏହି ପୂଜା ୩୭ ବର୍ଷରେ ପଦାର୍ପଣ କରିଛି। ଗତ ୧୯୮୯ ମସିହାରୁ ଏହି ପୂଜା ଆରମ୍ଭ ହୋଇଛି। ବ୍ଲକ ଛକସ୍ଥିତ ଉନ୍ନୟନ ପରିଷଦ କ୍ଲବ ପରିସରରେ ଏହି ପୂଜା ଆରମ୍ଭ ହୋଇଥିଲା। ଯୁବ ସଂଗଠନ ତଥା ପୂଜା କମିଟିର ସମସ୍ତ ବରିଷ୍ଠ ସଦସ୍ୟଙ୍କ ପ୍ରଚେଷ୍ଟାରେ ଏହି ପୂଜା ମହାଆଡ଼ମ୍ବର ପାଳନ ହୋଇ ଆସୁଛି। ବର୍ତ୍ତମାନ ପୂଜା ବଜେଟ ୫ ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେଲାଣି। ଚଳିତବର୍ଷ ଫାଇବର ତୋରଣ ଏବଂ ମେଲୋଡି ଦର୍ଶକଙ୍କ ପାଇଁ ଆକର୍ଷଣ ସାଜିବ। କଣ୍ଠ ଶିଳ୍ପୀ ଓ ସିନେ କଳାକାର ମଞ୍ଚରେ ମେଲୋଡି କାର୍ଯ୍ୟକ୍ରମ କରି ଆସୁଛନ୍ତି। ଭକ୍ତଙ୍କ ପାଇଁ ଖିରି ଭୋଗ ଓ ପିଠା ଆଦି ସ୍ୱତନ୍ତ୍ର ପ୍ରସାଦ ବଣ୍ଟନ କରାଯିବ। ସେହିପରି ପାନପୋଷି, କାଦପାଣି, ବାଙ୍ଗୁଣିଆ, ବିଶୋଇ ଗାଁ, ନୂଆଗାଁ, ଲୁହାକାନି, ରାଜାବସା ଆଦି ଅଞ୍ଚଳରେ ମଧ ମା'ଗଜଲକ୍ଷ୍ମୀ ପୂଜା ପାଇଁ ଚଳଚଞ୍ଚଳ ହୋଇଉଠିଛି।

### ମା' ସାହାଡ଼ା ସୁନ୍ଦରୀଙ୍କ ବାର୍ଷିକ କୁଆଁର ପୂର୍ଣ୍ଣିମା ପୂଜା

# ପ୍ରବଳବର୍ଷା ସତ୍ତ୍ୱେ ହଜାର ହଜାର ଭକ୍ତଙ୍କ ସମାଗମ

କରଞ୍ଜିଆ, ୭।୧୦(ସମିସ): କରଞ୍ଜିଆ ବ୍ଲକ ବିଶୁପୁର ନିକଟ ଡାକୁଆ ପାହାଡ଼ରେ ମା' ସାହାଡ଼ା ସୁନ୍ଦରୀଙ୍କ ବାର୍ଷିକ କୁଆଁର ପୂର୍ଣ୍ଣିମା ପୂଜା ଅନୁଷ୍ଠିତ ହୋଇଛି। କରଞ୍ଜିଆ ବନଖଣ୍ଡ ଅନ୍ତର୍ଗତ ପାଟବିଲ ପଞ୍ଚାୟତର ନିକଟର ବିସିପୁରୀ ପାହାଡ଼ ରେ ରହିଛି ମା' ସାହାଡ଼ା ସୁନ୍ଦରୀଙ୍କ ପୂଜା ସ୍ଥଳୀ ଓ। ବାଥୁଡି ଜନଜାତିର ବିଶ୍ୱାସ ଅନୁସାରେ ବିସିପୁରୀ ଗ୍ରାମରେ ଷାଠିଏଟି ପୂଜାଶାଳ (ପୂଜାସ୍ଥଳୀ) ରହିଛି। ଯେଉଁଥିରେ ବାଥୁଡି ସମ୍ପ୍ରଦାୟର ଆରାଧ୍ୟ ଦେବତା ବଡାମ ବଡାମଣୀଙ୍କ ପୀଠ ଅଠର ଦେଉଳ ସହିତ ସହିତ ଅନେକ ଦେବାଦେବୀ ପୂଜା ପାଇଥାନ୍ତି। ଆଦିମ ବାଥୁଡି ଜନଜାତି ଲୋକେ କାହିଁ କେଉଁ କାଳରୁ ବଡାମ ବଡାମଣିଙ୍କ ବ୍ୟତୀତ ଅନ୍ୟାନ୍ୟ ଦେବାଦେବୀଙ୍କୁ ଜଙ୍ଗଲ ମଧ୍ୟରେ ବିଭିନ୍ନ ପଥର ଖୋଲ ଓ ପାହାଡ଼ରେ ରଖି ପୂଜାକରି ଆସୁଛନ୍ତି। ବାଥୁଡି ଜନଜାତିର ଲୋକଙ୍କ ବିଶ୍ୱାସ ଯେ, ମାଆ ସାହାଡ଼ା ସୁନ୍ଦରୀ ବଡାମ ବଡାମଣିଙ୍କ କନ୍ୟା। ପ୍ରତିବର୍ଷ କୁମାର ପୂର୍ଣ୍ଣମୀ ତିଥିରେ ଗ୍ରାମର ବଡାମ ଶାଳରେ ପୂଜା ଅନୁକୂଳ ହେବାପରେ ପୂଜାଭାର ନେଇ ଦେହୁରୀ ଜଙ୍ଗଲ ପାହାଡ଼ ମଧ୍ୟରେ ଥିବା ପୂଜାସ୍ଥଳୀକୁ ପ୍ରବେଶ କରିଥାନ୍ତି। ଏହି ଅବସରରେ ଗ୍ରାମର ସମସ୍ତ



ଘରେ ପୂଜାପାଠ ସହିତ ଝୋଟି ଚିତାରେ ସଜାଯାଇଥାଏ। ଦେହୁରୀ ପୂଜାଭାର ନେଇ ଜଙ୍ଗଲ ମଧ୍ୟରେ ପାହାଡ଼ ଉପରେ ଥିବା ପୂଜାସ୍ଥଳରେ ପହଞ୍ଚିବା ପୂର୍ବରୁ କୌଣସି ଭକ୍ତ ବା ଜନସାଧାରଣ ପାହାଡ଼ ଚଢ଼ନ୍ତି ନାହିଁ। ଦେହୁରୀଙ୍କ ଦ୍ୱାରା ପୂଜାର୍ଚ୍ଚନା କରାଯିବା ପରେ ହଜାର ହଜାର ଭକ୍ତ ମାଆଙ୍କ ଦର୍ଶନ କରିବା ସହିତ ପାହାଡ଼ ଚଢିଥାନ୍ତି। ପାହାଡ଼ ଉପରେ ଏକ ପଦ୍ମ ପୋଖରୀରେ ମଧ୍ୟ ଭକ୍ତମାନେ ଦର୍ଶନ ସହିତ ପୂଜାର୍ଚ୍ଚନା କରିଥାନ୍ତି। ବିଶ୍ୱାସ ରହିଛି ଯେ, ଏଠାରେ ଶ୍ରଦ୍ଧା ଓ ଭକ୍ତିର ସହିତ ପୂଜା କଲେ ମାନସିକ ପୂରଣ ହୋଇଥାଏ। ଦୂରଦୂରାନ୍ତରୁ ଲୋକେ ଏଠାକୁ ମାନସିକ ରଖିବାକୁ ଆସିଥାନ୍ତି। ମଙ୍ଗଳବାର ପ୍ରତିକୂଳ ପାଗ ଓ ପ୍ରବଳ ବର୍ଷା ସତ୍ତ୍ୱେ ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁଙ୍କ ଭିଡ଼ ଜମିଥିଲା। ମାଆଙ୍କ ମୁଖ୍ୟ ଦେହୁରୀ ରାୟା ପଧୁରିଆ, ଦେହୁରୀ ନାରାୟଣ ପଧୁରିଆ, ସମଲ ଦାସ, ବୈଦ୍ୟନାଥ ନାଏକ, ମହେନ୍ଦ୍ର ନାଏକ ପୂଜା କରିଥିଲେ। ମାଆ ସାହାଡ଼ା ସୁନ୍ଦରୀ ପୂଜା କମିଟି ସଭାପତି ହୃଷିକେଶ ନାଏକ, ଗ୍ରାମ ମୁଖ୍ୟ ଯୁଧିଷ୍ଠିର ନାଏକ, ବିଷ୍ଣୁଚରଣ ନାଏକ, ଇନ୍ଦ୍ରମଣି ନାଏକ, ରଞ୍ଜିତ ସଂଖିଆଳ ପ୍ରମୁଖ ସହଯୋଗ କରିଥିଲେ।

## ପ୍ରେମିକ ସହ ମିଶି ସ୍ୱାମୀର ତଣ୍ଟି ଚିପି ହତ୍ୟା

ତୁରୁମୁଙ୍ଗା, ୭।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ସାହାରପଡ଼ା କଲେଜ ନିକଟ ବୁଦାମୂଳରୁ ଗତ ସେପ୍ଟେମ୍ବର ୨୯ ତାରିଖରେ ମୟୂରଭଞ୍ଜ ଜିଲ୍ଲା ଠାକୁରମୁଣ୍ଡା ଥାନା ଜଡ଼ିବିଲ ଗ୍ରାମର ବିରଞ୍ଚି ନାରାୟଣ (୪୦) ଙ୍କ ମୃତଦେହ ଉଦ୍ଧାର ହୋଇଥିଲା। ମଙ୍ଗଳବାର ଏହି ଘଟଣାର ପର୍ଦ୍ଦାଫାସ କରିଛି ପାଟଣା ପୁଲିସ। ଘଟଗାଁ ଏସଡିପିଓ ବିଜୟକୃଷ୍ଣ ମହାପାତ୍ର ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ଯେ ହତ୍ୟାକାଣ୍ଡରେ ସମ୍ପୃକ୍ତ ସ୍ତ୍ରୀ ଏବଂ ତାଙ୍କ ପୁରୁଷ ବନ୍ଧୁକୁ ପୁଲିସ୍ ଗିରଫ କରିଛି। ମୃତ ବିରଞ୍ଚିଙ୍କ ସ୍ତ୍ରୀ ବର୍ଷାରାଣୀ ମହାନ୍ତ ଏବଂ ତାଙ୍କ ପ୍ରେମିକ ପାଟଣା ଥାନା କମାର ମରା ଗ୍ରାମର ପୁରେନ୍ଦ୍ର ମହାକୁଡ଼କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଠାକୁରମୁଣ୍ଡା ଥାନା ଜଡ଼ିବିଲ ଗ୍ରାମର ବିରଞ୍ଚି ମହାନ୍ତ ନିଜ ସ୍ତ୍ରୀ ବର୍ଷାରାଣୀ ମହାନ୍ତଙ୍କ ସହ ଏକ ମାସ ତଳେ ଭୁବନେଶ୍ୱରର ଏକ ହୋଟେଲରେ କାମ କରିବାକୁ ଯାଇଥିଲେ। ବର୍ଷା ହୋଟେଲର ବଗିଚାରେ କାମ କରୁଥିବା ବେଳେ ତାଙ୍କ ସ୍ୱାମୀ ବିରଞ୍ଚି ହୋଟେଲର ବାହାର କାମ କରୁଥିଲେ। ଉଭୟ ମିଶି କରଞ୍ଜିଆ ବସଷ୍ଟାଣ୍ଡରେ ଓହ୍ଲାଇଥିଲେ। ଚାଲି ଚାଲି ମାଟିଆଗୁନିକୁ ଯାଉଥିବା ସମୟରେ ପୂର୍ବ ଯୋଜନା ମୁତାବକ ପୁରେନ୍ଦ୍ର ବିରଞ୍ଚିଙ୍କ ତଣ୍ଟି ଚିପି ଥିବା ବେଳେ ସ୍ତ୍ରୀ ବର୍ଷା ବିରଞ୍ଚିଙ୍କ ୨ହାତ ଭିଡ଼ି ଧରିବା ସହ ପାଟିରେ ଲୁଗା ବିଣ୍ଡା ପୁରାଇ ହତ୍ୟା କରିଥିଲେ। ପରେ କେହି ହତ୍ୟା କରି ଏଠାରେ ପକାଇଥିବା ନେଇ ସ୍ତ୍ରୀ ବର୍ଷାରାଣୀ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ସାହାରପଡା ଫାଣ୍ଡି ପୁଲିସ ଶବକୁ ଜବତ କରି ଏକ ମାମାଲା ରୁଜୁ କରି ଘଟଣାର ତଦନ୍ତ କରୁଥିଲେ। ମୃତକଙ୍କ ବଡ଼ଭାଇ ସୁରେନ୍ଦ୍ର ତାଙ୍କ ଭାଇକୁ ହତ୍ୟା କରିଥିବା ଅଭିଯୋଗ କରିବା ପରେ ପୁଲିସ ହତ୍ୟାକାଣ୍ଡର ପର୍ଦ୍ଦାଫାସ କରିଛି। ସାହାରପଡା ଫାଣ୍ଡି ଏସଆଇ ପାର୍ଭ ଓରାମ ଘଟଣାର ତଦନ୍ତ କରୁଛନ୍ତି।



● ନିଜେ ହତ୍ୟାକରି ଅଭିଯୋଗ କରିଥିଲେ ମହିଳା
● ଉଭୟ ଅଭିଯୁକ୍ତଙ୍କୁ ଜେଲ୍ ପଠାଇଲା ପୁଲିସ

### ପୋଖରୀରେ ବୁଡ଼ି ଛାତ୍ରଙ୍କ ମୃତ୍ୟୁ ଘଟଣା

## ନିରପେକ୍ଷ ତଦନ୍ତ ଦାବିରେ ମୁଖ୍ୟମନ୍ତ୍ରୀଙ୍କୁ ଚିଠି

ହାଟଡ଼ିହୀ,୭।୧୦(ସମିସ): ନନ୍ଦିପଦା ଥାନା ଜଳକଳଙ୍ଗ ଗ୍ରାମରେ ଥିବା ଏକ ବେସରକାରୀ ହଷ୍ଟେଲରୁ ଜଣେ ଛାତ୍ର ଗାଧୋଇବାକୁ ଯାଇ ହଷ୍ଟେଲ ନିକଟ ପୋଖରୀରେ ବୁଡ଼ି ମୃତ୍ୟୁ ଘଟଣାକୁ ମୃତ ଛାତ୍ରଙ୍କ ବାପା ସୁଶାନ୍ତ ସହଜରେ ଗ୍ରହଣ କରିପାରୁ ନାହାନ୍ତି। ପୁଅର ମୃତ୍ୟୁ ପାଇଁ କୋଚିଂ ସେଣ୍ଟର ପରିଚାଳକ ଏବଂ ହଷ୍ଟେଲ କର୍ତ୍ତୃପକ୍ଷ ସମ୍ପୂର୍ଣ୍ଣ ଦାୟୀ ବୋଲି ଅଭିଯୋଗ କରିଛନ୍ତି। ଏହାର ନିରପେକ୍ଷ ତଦନ୍ତ କରି ତାଙ୍କୁ ପ୍ରକୃତ ନ୍ୟାୟ ଦାବିରେ ସେ ମୁଖ୍ୟମନ୍ତ୍ରୀଙ୍କ ନିକଟକୁ ଚିଠି ଲେଖିଛନ୍ତି। ସୂଚନା ଅନୁସାରେ, ୪ବର୍ଷ ତଳେ ସାଇପ୍ରକାଶ ଓଡ଼ିଶା ଆଦର୍ଶ ବିଦ୍ୟାଳୟର ୫ମ ଶ୍ରେଣୀରେ ପଢୁଥିବା ବେଳେ ପୁଅ ଅଧିକ ଭଲ ପଢ଼ିବା ସକାଶେ ବାପା ସୁଶାନ୍ତ ଜଳକଳଙ୍ଗସ୍ଥିତ କୋଚିଂ ସେଣ୍ଟରର ପରିଚାଳକ ପ୍ରକାଶ ରଞ୍ଜନ ଘଡ଼େଇଙ୍କ ପରାମର୍ଶକ୍ରମେ କୋଚିଂ ସେଣ୍ଟର ଓ ହଷ୍ଟେଲରେ ଆଡମିଶନ କରିଥିଲେ। କୋଚିଂ ସେଣ୍ଟର ପରିଚାଳକଙ୍କ ନିର୍ଦ୍ଦେଶକ୍ରମେ ସୁଶାନ୍ତ ତାଙ୍କ ପୁଅକୁ ସେପ୍ଟେମ୍ବର ୨୭ ତାରିଖରେ ପୂଜା ଛୁଟି ପାଇଁ ଘରକୁ ନେଇଥିଲେ। କୋଚିଂ ପରିଚାଳକଙ୍କ ନିର୍ଦ୍ଦେଶକ୍ରମେ ୩୦ ତାରିଖ ସକାଳେ ବାପା ସୁଶାନ୍ତ ପୁଅକୁ ଆଣି କୋଚିଂ ସେଣ୍ଟରରେ ଛାଡ଼ି ଯାଇଥିଲେ। ଘରକୁ ଫେରିବାର ୨ ଘଣ୍ଟା ପରେ କୋଚିଂ ସେଣ୍ଟରରୁ ଫୋନ ଗଲା କି, ତୁମ ପୁଅ ପୋଖରୀରେ ବୁଡ଼ି ଯାଇଛି, ଆମେ ବହୁତ ଖୋଜିଲୁଣି କିନ୍ତୁ ପାଉନୁ। ଖବର ପାଇଲା ପରେ ସୁଶାନ୍ତ ଆସି ଦେଖନ୍ତି ତ ପୁଅ ହାଟଡ଼ିହୀ ମେଡିକାଲରେ ଥିଲାବେଳେ ତା'ର ମୃତ୍ୟୁ ହୋଇ ସାରିଥିଲା। ଏହି ଘଟଣାରେ କୋଚିଂ ପରିଚାଳକ ଏବଂ ହଷ୍ଟେଲ କର୍ତ୍ତୃପକ୍ଷଙ୍କ ଅବହେଳା ଓ ଦାୟିତ୍ୱହୀନତା ପାଇଁ ସେ ତାଙ୍କ ଏକମାତ୍ର ପୁଅକୁ ହରାଇଛନ୍ତି ବୋଲି ନନ୍ଦିପଦା ଥାନାରେ ଅଭିଯୋଗ କରିଥିଲେ। କାହା ଅନୁମତି ନେଇ ତାଙ୍କ ପୁଅ ସମେତ ଅନ୍ୟ ଦୁଇଜଣ ଛାତ୍ରଙ୍କୁ ପୋଖରୀରେ ଗାଧୋଇବା ସକାଶେ ଛଡ଼ା ଯାଇଥିଲା ବୋଲି ସୁଶାନ୍ତ ପ୍ରଶ୍ନ କରିଛନ୍ତି। ଘଟଣା ପଛରେ ରହିଥିବା କାରଣର ନିରପେକ୍ଷ ତଦନ୍ତ କରିବାକୁ ସୁଶାନ୍ତ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଜଣାଇବା ସହ ଜିଲ୍ଲାପାଳ, ଜିଲ୍ଲା ଆରକ୍ଷୀ ଅଧୀକ୍ଷକ, ପୁଲିସ ମହାନିର୍ଦ୍ଦେଶକ, ମୁଖ୍ୟ ଶାସନ ସଚିବ ଏବଂ ଓଡ଼ିଶା ମାନବାଧିକାର କମିଶନଙ୍କ ମଧ୍ୟ ଦୃଷ୍ଟି ଆକର୍ଷଣ କରିଛନ୍ତି। ପ୍ରକାଶ ଥାଉକି, ଘଟଣା ପରେ ବେଆଇନ କୋଚିଂ ସେଣ୍ଟରକୁ ପ୍ରଶାସନ ପକ୍ଷରୁ ସିଲ୍ କରାଯାଇଛି।

### କୁଆମରା ଓ ମୋରଡ଼ାରେ ମା' ଗଜଲକ୍ଷ୍ମୀ ପୂଜା











ମୋରଡ଼ା

# ଦୁଇ ବର୍ଷ ହେଲା ଦକ୍ଷିଣ ପାର୍ଶ୍ୱ କେନାଲ କାର୍ଯ୍ୟ ବନ୍ଦ




**ଶୀତଳଭଣ୍ଡାରରେ ନଦୀ ସଂଯୋଗୀକରଣ ଯୋଜନା**

ଆନନ୍ଦପୁର, ୭।୧୦ (ସମିସ)

ପ୍ରାୟ ତିନି ହଜାର କୋଟି ଟଙ୍କା ବ୍ୟୟରେ ନିର୍ମାଣ ହୋଇଥିବା ବହୁ ପ୍ରତୀକ୍ଷିତ ଆନନ୍ଦପୁର ବ୍ୟାରେଜର ଦକ୍ଷିଣ ପାର୍ଶ୍ୱ କେନାଲ ନିର୍ମାଣ କାର୍ଯ୍ୟ ୨ ବର୍ଷହେଲା ବନ୍ଦ ପଡ଼ିଛି। ଫଳରେ ଅନିଶ୍ଚିତତାକୁ ଏହି ପ୍ରକଳ୍ପ ଚାଲିଯାଇଛି। ଏଭଳି ସ୍ଥିତିରେ ବିପଦ ସାଜିଛି ଏହି ଅଧାଗଢ଼ା କେନାଲ। ବ୍ୟାରେଜର ବାମପାର୍ଶ୍ୱ କେନାଲ ନିର୍ମାଣ ଶେଷ ହୋଇଥିବା ବେଳେ ଦକ୍ଷିଣପାର୍ଶ୍ୱ କେନାଲ ନିର୍ମାଣ କାମ ୨ ବର୍ଷ ହେଲା ଅଟକି ରହିଛି। ଜଳସମ୍ପଦ ବିଭାଗ ସଚିବଙ୍କ ଘନଘନ ସମୀକ୍ଷା ପରେ ବି କାମ ଆଗେଇ ପାରୁ ନଥିବାରୁ ଟେଣ୍ଡର ରଦ୍ଦ ପାଇଁ ବିଭାଗ ପକ୍ଷରୁ ସୁପାରିସ କରାଯାଇଥିଲା। ଆନନ୍ଦପୁର ବ୍ୟାରେଜର ବାମପାର୍ଶ୍ୱରେ ୨୮କିମି କେନାଲ ନିର୍ମାଣ ସରିଛି। ଦକ୍ଷିଣପାର୍ଶ୍ୱରେ ମାତ୍ର ଦୁଇ କିଲୋମିଟର କେନାଲ ନିର୍ମାଣ ଶେଷ ହୋଇଛି। ପ୍ରଥମ ଦଫାରେ ଦକ୍ଷିଣପାର୍ଶ୍ୱରେ ୧୪କିମି କେନାଲ ନିର୍ମାଣ ପାଇଁ ସ୍ଥିର ହୋଇଥିଲା। ଏବେ ମାତ୍ର ୯କିମି ନିର୍ମାଣ କରାଯାଇଛି। ସରେଇଁ ନିକଟରେ କୁଶେଇ ନଦୀଶଯ୍ୟାରେ ଭୂତଳ କେନାଲ ନିର୍ମାଣ ସରିଥିବା ବେଳେ ଯାଜପୁର ଜିଲ୍ଲା ସୀମାରେ କାମ ଶେଷ ହୋଇଛି। ସରେଇଁ ଗ୍ରାମ ନିକଟରେ ଜମି ଅଧିଗ୍ରହଣରେ ସମସ୍ୟା ଥିବାରୁ ସେଠାରେ କାମ ଆଗେଇ ପାରୁନାହିଁ। ଆନନ୍ଦପୁର ପୌରାଞ୍ଚଳ ୧୫ନମ୍ବର ୱାର୍ଡ ପୋଡ଼ାଖମଣ ରାସ୍ତା, ଶୈଲଙ୍ଗ ଓ କଇନିପୁରା (ବଣମୁଣ୍ଡ) ନିକଟରେ କେନାଲ କାର୍ଯ୍ୟ ଅଧପନ୍ତରିଆ ହୋଇ ପଡ଼ିରହିଛି। କେନାଲରେ ପାଣି ଜମି ଥିବାରୁ ଏହା ଗୃହପାଳିତ ପଶୁ ଓ ଜନସାଧାରଣଙ୍କ ପାଇଁ ବିପଦ ସୃଷ୍ଟି କରିଛି। ଅନେକ ସ୍ଥାନରେ ମାଟି ଅତଡ଼ା ଖସି ପୋତି ହେବା ଭଳି ପରିସ୍ଥିତି ସୃଷ୍ଟି ହୋଇଛି। ଜଳସମ୍ପଦ ବିଭାଗ ଅତିରିକ୍ତ ଶାସନ ସଚିବ ଅନୁ ଗର୍ଗ କେନାଲ କାମର ସମୀକ୍ଷା କରିଥିଲେ। ହେଲେ କାମ ଆରମ୍ଭ ହୋଇପାରିନାହିଁ।

ଏ ସମ୍ପର୍କରେ ବ୍ୟାରେଜ କେନାଲ ଡିଭିଜନର ଅଧୀକ୍ଷଣ ଯନ୍ତ୍ରୀ କେ. ପ୍ରେମକୁମାର କହିଛନ୍ତି, ଠିକାସଂସ୍ଥା ଠିକ୍‌ରେ କାମ କରୁ ନଥିବାରୁ ବାରମ୍ବାର ତାଗିଦ କରାଯାଇଥିଲା। ଏବେ ଟେଣ୍ଡର ବାତିଲ ପାଇଁ ବିଭାଗ ପକ୍ଷରୁ ସୁପାରିସ କରାଯାଇ ମୁଖ୍ୟମନ୍ତ୍ରୀଙ୍କ ଅନୁମୋଦନ ପାଇଁ ପଠାଯାଇଛି। ନିର୍ମାଣ ଦାୟିତ୍ୱରେ ଥିବା ତିନି ଠିକାସଂସ୍ଥା କର୍ତ୍ତୃପକ୍ଷଙ୍କୁ ନେଇ ବୈଠକ ହୋଇଛି ଏବଂ ନୂତନ ଟେଣ୍ଡରରେ ପୁଣି କାମ ଆରମ୍ଭ ହେବ ବୋଲି ଅଧୀକ୍ଷଣ ଯନ୍ତ୍ରୀ ସୂଚନା ଦେଇଛନ୍ତି।



## ସରସ୍ୱତୀ ଶିଶୁମନ୍ଦିରର ପୁରାତନ ବିଦ୍ୟାର୍ଥୀଙ୍କ ସମ୍ମିଳନୀ



କରଞ୍ଜିଆ, ୭।୧୦(ସମିସ): ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ବାଣୀତୀର୍ଥ ପରିସରରେ ପୂର୍ବତନ ବିଦ୍ୟାର୍ଥୀଙ୍କ ଏକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ରୂପେ କେନ୍ଦୁଝର ଧରଣୀଧର ମହାବିଦ୍ୟାଳୟର ପ୍ରଫେସର ଡ଼ଃ ସୁମନ୍ତ ନାଏକ ଯୋଗଦାନ କରି ଛାତ୍ରଛାତ୍ରୀଙ୍କୁ ବର୍ତ୍ତମାନ ସମାଜର ଚାକଚକ୍ୟରେ ବିଭୋର ନ ହୋଇ ବାସ୍ତବବାଦୀ ହୋଇ ଏକ ସୁସ୍ଥ ସମାଜ ଗଠନ କରିବାକୁ ପରାମର୍ଶ ଦେଇଥିଲେ। ସମ୍ମାନିତ ଅତିଥି ରୂପେ ଅଧ୍ୟାପକ ଡ଼ଃ ଜ୍ୟୋତିକିଶୋର ମହାନ୍ତ ଯୋଗଦାନ କରି ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ପରିଚାଳନା ସମିତିର ସଭାପତି ଦିଲ୍ଲୀପ କୁମାର ପୃଷ୍ଟି ସମସ୍ତଙ୍କ ପାଇଁ ଆର୍ଶୀବଚନ ରଖିଥିଲେ। ପରିଶେଷରେ ବିଦ୍ୟାଳୟର ସମ୍ପାଦକ ଈଶ୍ୱର କୁମାର ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ।

## ଯନ୍ତ୍ରଣା ଦେଉଛି ଅଧ କିମି କାଦୁଅରାସ୍ତା



ବିଶୋଇ,୭।୧୦ (ସମିସ): ବିଶୋଇ ବ୍ଲକ ବଡ଼ମଣଦା ପଞ୍ଚାୟତ କେଶାମ ଗ୍ରାମର ନୂଆସାହି ରାସ୍ତା ଅତି ଶୋଚନୀୟ ହୋଇଛି। ପ୍ରାୟ ଅଧକିମି ରାସ୍ତା କାଦୁଅ ପଚପଚ ହୋଇଥିବାରୁ ଲୋକେ ଯମଯନ୍ତ୍ରଣା ଭୋଗୁଛନ୍ତି। ସାମାନ୍ୟ ବର୍ଷା ହେଲେ ଆଣ୍ଠୁଏ ଲେଖାଏଁ କାଦୁଅ ହୋଇଯାଉଛି। ଫଳରେ ଏହି ରାସ୍ତା ଉପରେ ନିର୍ଭର କରୁଥିବା ୫୦ଟି ପରିବାର ଯାତାୟାତରେ ହନ୍ତସନ୍ତ ହେଉଛନ୍ତି। ଦୀର୍ଘ ୧୦ ବର୍ଷ ହେଲା ଏହି ରାସ୍ତାରେ ମୁଠାଏ ବି ମାଟି ପଡିନାହିଁ ବୋଲି ସାହିର ଲୋକେ ଅଭିଯୋଗ କରିଛନ୍ତି। ବର୍ଷା ଦିନେ ରୋଗୀଙ୍କୁ ଖଟିଆରେ ବୁହାହୋଇ ଆମ୍ବୁଲାନ୍ସ ନିକଟକୁ ନେଉଛନ୍ତି ଲୋକେ।



## ଆଜିର ରାଶିଫଳ

**ମେଷ:** ଅଚାନକ ଖୁସି ଖବର ପାଇପାରନ୍ତି । ଆୟ ଅନୁସାରେ ବ୍ୟୟ ହେବ । ପେଟ ଜନିତ ସମସ୍ୟା ଦେଖା ଦେବ । ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ । ଭାଇ ଭଉଣୀଙ୍କ ସହଯୋଗ ମିଳିବ । ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି । ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ । ନିବେଶ କରିବା ପାଇଁ ଉପଯୁକ୍ତ ସମୟ ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତିତ ରହିପାରନ୍ତି । ପରିବାର ପାଇଁ ସମୟ ବାହାର କରିବେ । ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ । ନିବେଶରୁ ଲାଭ ପାଇବେ । ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି ।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି । ମନ ପ୍ରସନ୍ନ ରହିବ । ମାନସିକ ଚିନ୍ତା ଦୂର ହେବ । ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ । ଅର୍ଥ ନିବେଶରୁ ଦୂରେଇ ରହିବେ । ନୂଆ କାମ ପାଇଁ ଉପଯୁକ୍ତ ସମୟ । କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ । । ଅଫିସ୍ ସହକର୍ମୀଙ୍କ ସହଯୋଗ ପାଇବେ ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ । କର୍ମ ଚଞ୍ଚଳ ରହିବେ । ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ । ନୂଆ ବ୍ୟବସାୟ ଆରମ୍ଭ କରିବେ । ଲୋକସମ୍ପର୍କ ବୃଦ୍ଧି ପାଇବ ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ । ବ୍ୟବହାରରେ ସଂଯମତା ରକ୍ଷା କରିବେ । ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ । ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ । କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ । ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ । ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ । ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି । ନିଜ ଲୋକ ଶତ୍ରୁ ସାଜି ପାରନ୍ତି । ଖର୍ଚ୍ଚ ବଢ଼ିପାରେ ।

**ଧନୁ:** ଘର ପାଇଁ ନୂଆ ଜିନିଷ କିଣିବେ । ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ । ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ । ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ । ଯୁକ୍ତିତର୍କ ହୋଇପାରେ ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ । ନୂଆ ଗାଡ଼ି କିଣିବେ । ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ । ଭଗବାନ ଶିବଙ୍କୁ ପୂଜା କରିବେ । ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ । ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ । ପଡ଼ୋଶୀଙ୍କ ସହ ମତାନ୍ତର ହେବ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ । ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ ହେବ ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ । ଗୀତ, ନାଚରେ ସମୟ ଅତିବାହିତ କରିବେ । ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ । ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । ସମସ୍ତ ଇଚ୍ଛା ପୂରଣ ହେବ ।

## ଆଜିର ଇତିହାସ

- ୧୯୩୬- ହିନ୍ଦୀ ସାହିତ୍ୟ ଜଗତର କିମ୍ବଦନ୍ତୀ ଲେଖକ ମୁନ୍‌ସୀ ପ୍ରେମଚନ୍ଦଙ୍କ ଦେହାନ୍ତ ।
- ୧୯୬୨ : ଆଲଜେରିଆ ଜାତିସଂଘରେ ଯୋଗଦେଲା ।
- ୧୯୮୦ : ରୁଷ୍-ସିରିୟା ମଧ୍ୟରେ ଶାନ୍ତି ଚୁକ୍ତି ସ୍ୱାକ୍ଷରିତ ।
- ୧୯୮୨ : ପୋଲାଣ୍ଡ ୬ଟି ରାଷ୍ଟ୍ର ସହ ବ୍ୟବସାୟିକ ସମ୍ପର୍କ ଛିନ୍ନ କଲା ।
- ୧୯୯୮ - ଭାରତ ଫ୍ଲାଇଟ୍ ସେଫ୍ଟି ଫାଉଣ୍ଡେସନ୍‌ର ସଦସ୍ୟ ହେଲା ।
- ୨୦୦୫- ପାକିସ୍ତାନରେ ରିଆକ୍ଟର ସ୍କେଲରେ ୭.୫ ତୀବ୍ରତାର ଭୂମିକମ୍ପ ହେବାରୁ ୭୦ ହଜାର ଲୋକଙ୍କ ପ୍ରାଣହାନି ।

## ପରିବେଶ ଅନୁକୂଳ ପ୍ଲାଷ୍ଟିକ୍



ପରିବେଶ ପାଇଁ ବିପଦ ପ୍ଲାଷ୍ଟିକ୍ । ସେହିପରି ପ୍ଲାଷ୍ଟିକ୍ ପ୍ରଦୂଷଣ ଏବେ ଏକ ବଡ଼ ସମସ୍ୟା ଭାବେ ଉଭା ହୋଇଛି । ତେବେ ଜାପାନର କୋବେ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏମିତି ଏକ ଜିନିଷ ବିକଶିତ କରିଛନ୍ତି, ଯାହାକି ପାରମ୍ପରିକ ପ୍ଲାଷ୍ଟିକ୍‌ରେ ବ୍ୟବହାର କରାଯାଉଥିବା ହାନିକାରକ ତତ୍ତ୍ୱଗୁଡ଼ିକର ସ୍ଥାନ ନେଇପାରେ । ବୈଜ୍ଞାନିକମାନେ ପାଇରିଡିନଡାଇକାର୍ବୋକ୍ସିଲିକ୍ ଏସିଡ୍ (ପିଡିସିଏ) ନାମକ ଏକ ସାମଗ୍ରୀ ବିକଶିତ କରିଛନ୍ତି, ଯାହାକି ପାରମ୍ପରିକ ପ୍ଲାଷ୍ଟିକ୍‌ରେ ବ୍ୟବହାର କରାଯାଉଥିବା ହାନିକାରକ ରସାୟନ ଟେରେଫଥେଲିକ୍ ଏସିଡ୍‌ର ସ୍ଥାନ ନେଇପାରେ । ପିଡିସିଏର ବିଶେଷତ୍ୱ ହେଉଛି, ଏହା ମାଟିରେ ସହଜରେ ମିଶିଯାଏ । ତା'ସହ ଏଥିରେ ନାଇଟ୍ରୋଜେନ୍ ଥିବାରୁ ଏହା ପରିବେଶ ଲାଗି ସୁରକ୍ଷିତ । ତେବେ ପ୍ରଥମେ ଯେତେବେଳେ ପିଡିସିଏ ତିଆରି କରିବାକୁ ଚେଷ୍ଟା କରାଗଲା ଉତ୍ପାଦନ ଖୁବ୍ କମ୍ ହେଉଥିଲା ଏବଂ ବିଷାକ୍ତ ଜୈବ ଉତ୍ପାଦ ବାହାରୁ ଥିଲା । ତେଣୁ ଜାପାନୀ ବୈଜ୍ଞାନିକ ଦଳ ଏଶ୍ଚେରିଆ କୋଲାଇ ଜୀବାଣୁକୁ ସଂଶୋଧିତ କରି ଏହି ସମସ୍ୟାର ସମାଧାନ ବାହାର କଲେ । ବୈଜ୍ଞାନିକମାନେ ଜୀବାଣୁଗୁଡ଼ିକୁ ଗ୍ଲୁକୋଜ ଦେବା ସହିତ କିଛି ଏନ୍‌ଜାଇମ୍‌ର ବ୍ୟବହାର କରିବାରୁ ଉତ୍ପାଦନ ସାତ ଗୁଣ ବୃଦ୍ଧି ପାଇଥିଲା । ଏପରିକି ବିଷାକ୍ତ ଜୈବ ଉତ୍ପାଦ ମଧ୍ୟ ଏଥିରୁ ବାହାରିଲା ନାହିଁ । ଅନ୍ୟପଟେ ପରିବେଶ ଅନୁକୂଳ ପ୍ଲାଷ୍ଟିକ୍ ତିଆରି ଦିଗରେ ଏହାକୁ ବଡ଼ ଉପଲବ୍ଧି ବୋଲି କୁହାଯାଉଛି । ପ୍ଲାଷ୍ଟିକ୍ ପ୍ରଦୂଷଣ ସଙ୍କଟ ସମାଧାନ ଦିଗରେ ଏହା ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇପାରେ ବୋଲି ବୈଜ୍ଞାନିକମାନେ କହିଛନ୍ତି । ଅନ୍ୟପଟେ ଏହି ଗବେଷଣା ମେଟାବୋଲିକ୍ ଇଞ୍ଜିନିୟରିଂ ପତ୍ରିକାରେ ପ୍ରକାଶ ପାଇଛି ।

## ସଞ୍ଜୟଙ୍କ ସହ କାମ କରିବେ ଅହାନ୍



ଅହାନ୍ ପାଣ୍ଡେ 'ସୈୟାରା' ଫିଲ୍ମରୁ ବଲିଉଡ୍ ଡେବ୍ୟୁ କରିଛନ୍ତି । ତାଙ୍କର ପ୍ରଥମ ଫିଲ୍ମ ହିଁ ବକ୍ସ ଅଫିସ୍‌ରେ ବ୍ଲକ୍‌ବଷ୍ଟର୍ ସାବ୍ୟସ୍ତ ହୋଇଛି । ସବୁଠୁ ବଡ଼ କଥା ହେଲା ଅହାନ୍‌ଙ୍କ ଅଭିନୟ ଦର୍ଶକଙ୍କ ହୃଦୟକୁ ଛୁଇଁଛି । ଦର୍ଶକେ ଏବେ ତାଙ୍କର ଆଗାମୀ ଫିଲ୍ମକୁ ଅପେକ୍ଷା କରିଛନ୍ତି । ନିକଟରେ ଅହାନ୍‌ଙ୍କୁ ବଲିଉଡ୍‌ର ଆଗଧାଡ଼ିର ନିର୍ଦ୍ଦେଶକ ସଞ୍ଜୟ ଲୀଲା ଭଁସାଲୀଙ୍କ ଅଫିସ୍ ଆଗରେ ଦେଖାଯାଇଥିଲା । ଏଥିରୁ ସେ ସଞ୍ଜୟଙ୍କ କୌଣସି ଫିଲ୍ମରେ କାମ କରିପାରନ୍ତି ବୋଲି ଚର୍ଚ୍ଚା ହେଉଛି । ଯଦି ଅହାନ୍ ସଞ୍ଜୟଙ୍କ ଫିଲ୍ମରେ ହିରୋ ଭାବେ ଅଭିନୟ କରୁଛନ୍ତି ଏହା ତାଙ୍କ କ୍ୟାରିୟର ପାଇଁ ବେଶ୍ ଭଲ ହେବ ବୋଲି କୁହାଯାଉଛି । କାରଣ ସଞ୍ଜୟଙ୍କ ଫିଲ୍ମରେ ବଲିଉଡ୍‌ର ଆଗଧାଡ଼ିର କଳାକାରମାନଙ୍କୁ ହିଁ କାମ କରିବାର ସୁଯୋଗ ମିଳିଥାଏ । ସବୁଠୁ ବଡ଼ କଥା ହେଲା, ତାଙ୍କ ଫିଲ୍ମଗୁଡ଼ିକ ବ୍ଲକବଷ୍ଟର ସାବ୍ୟସ୍ତ ହୋଇଥାଏ । ସଞ୍ଜୟ ଏବେ 'ଲଭ୍ ଆଣ୍ଡ ୱାର୍'ର ସୁଟିଂରେ ବ୍ୟସ୍ତ ଅଛନ୍ତି । ଏହି ଫିଲ୍ମଟି ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଆଧାରିତ ।

## ଭିନ୍ନ ମଣିଷ

## ୧୦ ବର୍ଷ ଧରି ପତ୍ର ଖାଇ ବଞ୍ଚିଛନ୍ତି

କର୍ଣ୍ଣାଟକ, ବେଲାଗାଭି ଅଞ୍ଚଳର ଉଗାରାଗୋଲାର ୩୪ ବର୍ଷୀୟ ବୁଦାନ ମାଲିକ ହୋସାମାନି ଏବେ ତାଙ୍କ ଅଜବ ଖାଦ୍ୟାଭ୍ୟାସ ପାଇଁ ଚର୍ଚ୍ଚାରେ ଅଛନ୍ତି । ବୁଦାନ ଜଣେ ଯୋଗ ପ୍ରଶିକ୍ଷକ । ଦୀର୍ଘ ୧୦ ବର୍ଷ ହେଲାଣି ସେ ହେଗୋଲା ପାହାଡ଼ ଉପରେ ରହୁଛନ୍ତି । ଖାଦ୍ୟ ବଦଳରେ ସେ ବିଭିନ୍ନ ପ୍ରକାର ଗଛ ଲତାର ପତ୍ର ଖାଇଥାନ୍ତି । ଝରଣାର ପାଣି ପିଇ ଶୋଷ ମେଣ୍ଟାଇଥାନ୍ତି । ଏଭଳି ଖାଦ୍ୟ ଖାଇ ମଧ୍ୟ ତାଙ୍କର ବେଶ୍ ବଳିଷ୍ଠ ଶରୀର ରହିଛି । ପ୍ରତିଦିନ ରାତି ୧୧ଟାରେ ଶୋଇ ଭୋର ୩ଟାରେ ବୁଦାନ ଉଠନ୍ତି । ଘଣ୍ଟାଏ ଯୋଗାଭ୍ୟାସ କରନ୍ତି । ଏହାପରେ ସେ ଦୁଇ ପ୍ଲେଟ୍ ପତ୍ର ଖାଇ ପାହାଡ଼ରୁ ଆସୁଥିବା ପାଣି ପିଅନ୍ତି । କିଛି ସମୟ ବିଶ୍ରାମ କରି ସେ ସ୍ନାନ କରନ୍ତି । ମଧ୍ୟାହ୍ନ ଭୋଜନରେ ବି ସେ ପତ୍ର ଖାଆନ୍ତି । ରାତି ୮ଟାରେ ଘଣ୍ଟାଏ ଯୋଗ କରି ପରେ ଏକ ପ୍ଲେଟ୍ ପତ୍ର ଖାଆନ୍ତି । କେବେକେବେ ବୁଦାନ ଭାତ ମଧ୍ୟ ଖାଆନ୍ତି । ଦୈନିକ ସେ ସାଢ଼େ ଚାରି ଘଣ୍ଟା ଶୁଅନ୍ତି । ତେବେ ମାଙ୍କଡ଼ମାନଙ୍କ ଜୀବନଚର୍ଯ୍ୟାରୁ ପ୍ରେରିତ ହୋଇ ସେ ଏପରି କରୁଥିବା ବୁଦାନ କହିଛନ୍ତି । ବର୍ତ୍ତମାନ ସେ ପାଖାପାଖି ୮୦ ପ୍ରକାରର ଗଛର ପତ୍ର ଖାଉଛନ୍ତି । ଏଥିପାଇଁ ତାଙ୍କୁ କେବେ ଜ୍ୱର କିମ୍ବା ଥଣ୍ଡା କାଶ ହୋଇନାହିଁ ବୋଲି ସେ କହିଛନ୍ତି । ସେ ତାଙ୍କ ଜୀବନରେ ମାତ୍ର ୩ ଥର ହସ୍‌ପିଟାଲ ଯାଇଥିବା କହିଛନ୍ତି ।

ତେବେ ପିଲାଟି ଦିନରୁ ବୁଦାନ ଅଧିକ ସମୟ ପାହାଡ଼ରେ କାଟୁଥିଲେ । ସନ୍ଧ୍ୟା ହେଲେ ହିଁ ଘରକୁ ଫେରୁଥିଲେ । ୧୦ ବର୍ଷ ପୂର୍ବରୁ ସେ ଭାତ, ରୁଟି, ଚିକେନ୍, ମଟନ୍ ଆଦି ସବୁ ଖାଉଥିଲେ । ଏବେ ସେ ଗଛର ପତ୍ରଗୁଡ଼ିକୁ ଦିବ୍ୟ ଭୋଜନ ମନେ କରୁଛନ୍ତି । ତେବେ ସବୁଜ ପତ୍ର ଖାଇବା ସତ୍ତ୍ୱେ ତାଙ୍କର ପେଟଜନିତ କୌଣସି ରୋଗ ନାହିଁ । ବୁଦାନ ନିୟମିତ ୫୦ ପ୍ରକାର ଆସନ କରିଥାନ୍ତି । ଦିନସାରା ସେ ପାହାଡ଼ରେ ବୁଲନ୍ତି । ମୋବାଇଲରେ ପ୍ରତିଦିନ ଗରୁଡ଼ ଓ ଶିବ ପୁରାଣ ପଢ଼ନ୍ତି । ତାଙ୍କୁ ଟଙ୍କାର ଆବଶ୍ୟକତା ହେଲେ ସେ ରାଜମିସ୍ତ୍ରୀ କାମ କରନ୍ତି । ପାହାଡ଼କୁ ସେ ତାଙ୍କ ଘର କୁହନ୍ତି । ଏହା ତାଙ୍କୁ ସ୍ୱର୍ଗ ଭଳି ସୁଖ ଦେଇଥାଏ ବୋଲି ବୁଦାନ କହିଛନ୍ତି । ବୁଦାନଙ୍କ ପରିବାର କଥା କହିଲେ, ପିତାଙ୍କ ମୃତ୍ୟୁ ପରେ ମା' ତାଙ୍କ ଭାଇ ସହ ବେଙ୍ଗାଲୁରୁରେ ରୁହନ୍ତି । ଉଗାରାଗୋଲାରେ ତାଙ୍କର ଆହୁରି ଦୁଇ ଜଣ ଭାଇ ରହୁଛନ୍ତି । ତେବେ ବୁଦାନ ସାରା ଜୀବନ ଏକାକୀ ରହିବାକୁ ନିଷ୍ପତ୍ତି ନେଇଛନ୍ତି । ୫.୯ ଫୁଟ ଉଚ୍ଚତା ବିଶିଷ୍ଟ ବୁଦାନଙ୍କ ଓଜନ ୬୦ କେଜି । ଗଛର ପତ୍ରକୁ ଖାଇ ହଜମ କରିବାର ଶକ୍ତି ଭଗବାନ ପଶୁପକ୍ଷୀମାନଙ୍କୁ ଦେଇଥିବାବେଳେ ବୁଦାନ ଏସବୁ ଖାଇ ହଜମ କରିବା ନିହାତି ଆଶ୍ଚର୍ଯ୍ୟକର ଘଟଣା ବୋଲି ଚିକିତ୍ସକମାନେ କହିଛନ୍ତି ।



# ସମ୍ଭାବନା



## ଲାଙ୍ଗୁଏଜ୍ କୋର୍ସର ଲାଭ



ଆଜିର ସମୟରେ କୌଣସି ନୂଆ ଭାଷା ଶିଖିବା କେବଳ ଏକ ସଉକ ନୁହେଁ, ବରଂ ସଫଳତାର ପାହାଚ ପାଲଟିଛି । ନୂଆ ଭାଷା ଶିଖୁଥିବା ଲୋକଙ୍କୁ ନିଯୁକ୍ତିର ଭଲ ଅବସର ମିଳିଥାଏ । ବିଶେଷକରି ମଲଟିନ୍ୟାସନାଲ କମ୍ପାନି ଏବଂ ଆନ୍ତର୍ଜାତୀୟ ବ୍ୟବସାୟରେ । ଏହା ଭିଡ଼ ଭିତରେ ଭିନ୍ନ ଏକ ପରିଚୟ ପ୍ରଦାନ କରେ । ଗବେଷଣା କୁହେ, ନୂଆ ଭାଷା ଶିଖିବା ଦ୍ୱାରା ମସ୍ତିଷ୍କର ଚିନ୍ତା କରିବା କ୍ଷମତା, ମନେ ରଖିବାର କ୍ଷମତା ଏବଂ ସମସ୍ୟା ସମାଧାନ କରିବାର କଳା, କୌଶଳ ସୁଦୃଢ଼ ହୁଏ । ସେହିପରି କୌଣସି ନୂଆ ଭାଷା ଶିଖିଲେ, ସେହି ସ୍ଥାନର ଲୋକଙ୍କ ସଂସ୍କୃତି, ସେମାନଙ୍କର ଚାଲିଚଳଣି ଏବଂ ଚିନ୍ତାଧାରାକୁ ଭଲରେ ବୁଝିଥାଉ । ବିଦେଶ ଯାଉଥିଲେ ସେଠାକାର ସ୍ଥାନୀୟ ଭାଷା ଶିଖିବା ଦ୍ୱାରା ଯାତ୍ରା ସହଜ ଓ ମଜାଦାର ହୋଇଥାଏ । ନୂଆ ଭାଷା ଶିଖିବା ଦ୍ୱାରା ନିଜ ଭିତରେ ଆତ୍ମସମ୍ମାନ ଏବଂ ଆତ୍ମବିଶ୍ୱାସ ବୃଦ୍ଧି ପାଏ । ସେହିପରି ବିଭିନ୍ନ ଭାଷା ସମ୍ବନ୍ଧିତ କୋର୍ସ ବିଶ୍ୱ ତମାମ ଲୋକଙ୍କ ସହ ଜଡ଼ିତ ହେବାର ସୁଯୋଗ ଦିଏ । କିଛି ବିଦେଶୀ ବିଶ୍ୱବିଦ୍ୟାଳୟରେ ପଢ଼ିବା ପାଇଁ ସେହି ଦେଶର ଭାଷା ଜାଣିବା ଜରୁରି । ଏ ଦୃଷ୍ଟିରୁ ଲାଙ୍ଗୁଏଜ୍ କୋର୍ସ ଉଚ୍ଚ ଶିକ୍ଷାର ରାସ୍ତାକୁ ଉନ୍ମୁକ୍ତ କରେ । ଇଣ୍ଟରନେଟ୍‌ରେ ଅନେକ ତଥ୍ୟ ବିଦେଶୀ ଭାଷାରେ ଉପଲବ୍ଧ । ତେଣୁ ଏକ ନୂଆ ଭାଷା ସେହି ଜ୍ଞାନ ପାଖରେ ପହଞ୍ଚାଏ ।

## ଜେନ୍ ଜିଙ୍କ ମଧ୍ୟରେ ଲୋକପ୍ରିୟ 'ଫ୍ରେଣ୍ଡଫଲେସନ'



**ଆଜିକାଲି ସାମାଜିକ ଗଣମାଧ୍ୟମରେ ନୂଆ ନୂଆ ଶବ୍ଦ ଭାଇରାଲ ହେଉଛି । ଯାହା ବିଷୟରେ କ୍ୱଚିତ ଲୋକ ଜାଣନ୍ତି । ଏହି କ୍ରମରେ ଏଥିରୁ ଅନ୍ୟତମ 'ଫ୍ରେଣ୍ଡଫଲେସନ ।' ଏହି ଶବ୍ଦ ଜେନ୍ ଜିଙ୍କ ମଧ୍ୟରେ ଖୁବ୍ ଲୋକପ୍ରିୟ ହୋଇପାରିଛି । ତେବେ ଏହାର ଅର୍ଥ କ'ଣ ଓ କାହିଁକି ଶବ୍ଦଟିର ଲୋକପ୍ରିୟତା ବଢ଼ୁଛି, ସେ ସମ୍ପର୍କରେ ଜାଣିବା ।**

- ଫ୍ରେଣ୍ଡ (ବନ୍ଧୁ) ଏବଂ ଇନଫଲେସନ (ମହଙ୍ଗା) ରୁ ଦୁଇଟି ଶବ୍ଦରୁ ମିଶି 'ଫ୍ରେଣ୍ଡଫଲେସନ' ହୋଇଛି । ଆଜିକାଲି ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବା ମହଙ୍ଗା ହୋଇପଡ଼ିଛି । ଏହାକୁ ଦୃଷ୍ଟିରେ ରଖି ଏହି ଶବ୍ଦର ଲୋକପ୍ରିୟତା ବଢ଼ିଛି । ତେବେ ଫ୍ରେଣ୍ଡଫଲେସନର ସିଧା ଅର୍ଥ ହେଲା ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବାରେ ଅଧିକ ଅର୍ଥ ଖର୍ଚ୍ଚ କରିବା । ଏବେ ଅନେକେ ସାଙ୍ଗସାଥୀଙ୍କ ସହ ଦେଖା କରିବା ଏବଂ ସମୟ ଅତିବାହିତ କରିବା ଲାଗି କାଫେ, ପାର୍ଟି ଏବଂ ଭିନ୍ନ ଭିନ୍ନ ଆଉଟିଂ ଡେଷ୍ଟିନେସନର ସାହାରା ନିଅନ୍ତି । ଏ ଲାଗି ଅତ୍ୟଧିକ ଟଙ୍କା ଖର୍ଚ୍ଚ ହୁଏ । ତେଣୁ ଏଭଳି ସ୍ଥଳେ ଫ୍ରେଣ୍ଡଫଲେସନ ବ୍ୟବହାରର ଉପଯୋଗିତା ଗୁରୁତ୍ୱ ବହନ କରେ । ତେଣୁ ଏହା ଜେନ ଜେଡ୍‌ଙ୍କ ମଧ୍ୟରେ ଖୁବ୍ ଲୋକପ୍ରିୟ ହୋଇପାରିଛି ।
- ଆଜିର ସମୟରେ ବନ୍ଧୁତା କେବଳ ଇମୋସନାଲ ଆଟାଚମେଣ୍ଟ ପର୍ଯ୍ୟନ୍ତ ସୀମିତ ରହି ନାହିଁ, ଏହା ଲୋକଙ୍କ ବଜେଟ୍ ଉପରେ ଖୁବ୍ ପ୍ରଭାବ ପକାଉଛି । ଅନେକ ଲୋକ ସୋସିଆଲ ଷ୍ଟାଟସ ମେଣ୍ଟେନ କରିବା ଲାଗି ସାଙ୍ଗଙ୍କ ସହିତ ମହଙ୍ଗା କାଫେ ଏବଂ ପାର୍ଟିକୁ ଯିବାକୁ ପସନ୍ଦ କରୁଛନ୍ତି । ଏଭଳି କରିବା ପଛର ଉଦ୍ଦେଶ୍ୟ କେବଳ ନିଜ ବନ୍ଧୁତାକୁ ବଜାୟ ରଖିବା ।
- ବର୍ତ୍ତମାନ ଜନ୍ମଦିନ ପାର୍ଟି କେକ୍ ଓ ସ୍ନାକ୍ସରେ ସୀମିତ ନାହିଁ । ଘରେ ବି ପାର୍ଟି ରଖିବା ପାଇଁ ଲୋକଙ୍କୁ ବହୁ ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି । ଏହା ଯୋଗୁଁ ଆର୍ଥିକ ଚାପ ଏବଂ ମାନସିକ ଚାପ ଉଭୟର ସାମ୍ନା କରିବାକୁ ପଡୁଛି । ତେଣୁ ଅନେକ ଏବେ ଭାବୁଛନ୍ତି ବନ୍ଧୁତା ମଧ୍ୟ ମହଙ୍ଗା ହୋଇଛି । ତେବେ ପ୍ରକୃତ ବନ୍ଧୁତା ଥିଲେ ଏଭଳି ଖର୍ଚ୍ଚ କରିବାକୁ ପଡ଼େ ନାହିଁ । ଏହାର ଅର୍ଥ ନୁହେଁ ଯେ, ଆଦୌ ଖର୍ଚ୍ଚ କରିବାକୁ ମନା କରାଯାଉଛି । ପ୍ରଥମେ ଟଙ୍କା ସଞ୍ଚୟ କରି ସାଙ୍ଗମାନଙ୍କ ସହିତ ବୁଲାବୁଲି କରିବାକୁ ଯାଇପାରିବେ । ଅନ୍ୟପଟେ ସାଙ୍ଗସହିତ ଖାଇବା ପିଇବା ଖର୍ଚ୍ଚ ଭାଗ ବାଣ୍ଟି ମିଳିମିଶି ଖର୍ଚ୍ଚ କରିବା ଦରକାର ।

## ସାକ୍ଷାତକାରରେ କ'ଣ ନେବେ

**ସାକ୍ଷାତକାରକୁ ଯିବା ବେଳେ ଲୋକେ ନିଜ ବେଶଭୂଷା ଉପରେ ଗୁରୁତ୍ୱ ଦିଅନ୍ତି । ତା'ସହ କିଛି ଜରୁରି ଜିନିଷ ସାଙ୍ଗରେ ନିଅନ୍ତି । ତେବେ ସାକ୍ଷାତକାରକୁ ଯିବା ବେଳେ ସାଙ୍ଗରେ କ'ଣ ନେଇକି ଯିବେ, ସେ ସମ୍ପର୍କରେ ଜାଣିବା ।**



- ବେଳେ ବେଳେ ସାକ୍ଷାତକାରରେ ଏକରୁ ଅଧିକ ଲୋକ ଥାନ୍ତି । ତେଣୁ ନିଜ ସହ ନିଜ ବାୟୋଡାଟାର ୩-୪ଟି କପି ନେଇ ଯାଆନ୍ତୁ ।
- ଚାକିରି ପାଇଁ କଭର୍ ଲେଟର ପ୍ରେରଣ କରିଥିଲେ, ତାହାକୁ ସାଙ୍ଗରେ ରଖିବା ଉଚିତ ।
- ଆଧାରକାର୍ଡ,ପ୍ୟାନ୍ କାର୍ଡ ଏବଂ ଡ୍ରାଇଭିଂ ଲାଇସେନ୍ସ ଭଳି ଜରୁରି କାଗଜପତ୍ର ସାଙ୍ଗରେ ନିଅନ୍ତୁ ।
- ଡିଗ୍ରୀ, ମାର୍କସିଟ୍, ଅଭିଜ୍ଞତା ସହ ଜଡ଼ିତ ଦସ୍ତାବିଜ୍‌ର ଏକ ହୋଲଡର କରନ୍ତୁ ।
- ଗ୍ରାଫିକ୍ ଡିଜାଇନ, ଫଟୋଗ୍ରାଫି ସହିତ ଜଡ଼ିତ ଚାକିରି ପାଇଁ ସାକ୍ଷାତକାର ଦେଉଥିଲେ ନିଜର ପୋର୍ଟଫୋଲିଓ ନିହାତି ନିଅନ୍ତୁ ।
- ଜରୁରି କଥାକୁ ଲେଖିବା ପାଇଁ କାଗଜ ଓ କଲମ ପାଖରେ ରଖନ୍ତୁ ।
- ଭୟଭୀତ ନ ହୋଇ ଆତ୍ମବିଶ୍ୱାସର ସହ ସାକ୍ଷାତକାରକୁ ଯିବା ଉଚିତ ।

## ବ୍ୟକ୍ତିତ୍ୱ ବିକାଶର ଉପାୟ

**ପ୍ରତ୍ୟେକ ମାଆବାପା ଚାହାନ୍ତି, ପିଲାମାନେ ନିଜ ଜୀବନରେ ଆଗକୁ ବଢ଼ନ୍ତୁ । ସେଥିପାଇଁ ସେମାନେ ସବୁ ପ୍ରକାର ପ୍ରୟାସ ପ୍ରାରମ୍ଭରୁ କରିଥାନ୍ତି । ତେବେ ପିଲାବେଳୁ ସେମାନଙ୍କୁ ନିମ୍ନ ପ୍ରଦତ୍ତ କେତେକ ଅଭ୍ୟାସରେ ଅଭ୍ୟସ୍ତ କରାଇବା ଦରକାର, ଯାହା ସେମାନଙ୍କ ବ୍ୟକ୍ତିତ୍ୱ ବିକାଶରେ ସହାୟକ ହେବା ସହ ସେମାନଙ୍କ ଜୀବନରେ ସଫଳତା ଲାଭ କରିବାରେ ବି ସାହାଯ୍ୟ କରିବ ।**



- ପିଲାଙ୍କୁ ସକାରାତ୍ମକ ଚିନ୍ତାଧାରା ସହ ଜୀବନ ଜିଇଁବା ଶିଖାନ୍ତୁ । ସକାରାତ୍ମକ ଚିନ୍ତାଧାରା ହିଁ ଜଟିଳ ସମସ୍ୟାକୁ ସାମ୍ନା କରିବାରେ ସହାୟକ ହୋଇଥାଏ ।
- ପିଲାବେଳୁ ପିଲାମାନଙ୍କ ମଧ୍ୟରେ ଶିଖିବାର କଳା ରହିବା ଜରୁରି । ଏହି ଅଭ୍ୟାସ ସେମାନଙ୍କ ଜୀବନରେ ଉନ୍ନତି ଦିଗରେ ସହାୟକ ହୁଏ ।
- ପିଲାଙ୍କୁ ନିଜ ଉପରେ ଗୁରୁତ୍ୱ ଦେବା ଜରୁରି । ଅନ୍ୟ ସହ ନିଜକୁ ତୁଳନା ନ କରି ନିଜ କାମ ଉପରେ ଧ୍ୟାନ ଦିଅନ୍ତୁ ।
- ମୋବାଇଲ ପିଲାଙ୍କ ଦକ୍ଷତା ବିକାଶକୁ ପ୍ରଭାବିତ କରୁଛି । ସେଥିପାଇଁ ମୋବାଇଲ ବ୍ୟତୀତ ବହି ପଢ଼ା ଅଭ୍ୟାସକୁ ଆପଣାଇବା ଭଲ ।
- ଏହାବାଦ୍ ପିଲାଙ୍କ ମଧ୍ୟରେ ସେଲଫ୍ ଡିସିପ୍ଲିନ୍ ରହିବା ଜରୁରି । ଏହା ସେମାନଙ୍କୁ ଆଗକୁ ନେବାରେ ସାହାଯ୍ୟ କରେ । ଏଣୁ ନିଜ ଭିତରେ ଅନୁଶାସନ ରହିବା ଭଲ ।




ସକାଳ
THE SAKALA
www.sakalaepaper.com

ଭାରତ-ଅଷ୍ଟ୍ରେଲିଆ ସୀମିତ ଓଭର ସିରିଜ

# ମାର୍ଶଙ୍କୁ ନେତୃତ୍ୱ; ଦିନିକିଆକୁ ଫେରିଲେ ଷ୍ଟାର୍କ

ସିଡ୍‌ନୀ, ୭ ।୧୦ (ଏଜେନ୍ସି)

ଭ୍ରମଣକାରୀ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ସୀମିତ ଓଭର ସିରିଜ ଚଳିତ ମାସ ତୃତୀୟ ସପ୍ତାହରୁ ଆରମ୍ଭ ହେବାକୁଯାଉଛି। ଏଥିଲାଗି ଘରୋଇ ଅଷ୍ଟ୍ରେଲିଆ ପକ୍ଷରୁ ମଙ୍ଗଳବାର ଦିନିକିଆ ଓ ଟି-୨୦ ଦଳ ଘୋଷଣା କରାଯାଇଛି। ଅଭିଜ୍ଞ ବ୍ୟାଟର୍ ମିଚେଲ ମାର୍ଶଙ୍କୁ ଉଭୟ ଫର୍ମାଟ୍ ଲାଗି ନେତୃତ୍ୱ ଭାର ଦିଆଯାଇଛି। ଆହତ ସମସ୍ୟାରୁ ମୁକୁଳି ନ ଥିବାରୁ ପ୍ୟାଟ୍ କମିନ୍ସଙ୍କ ସ୍ଥାନରେ ମାର୍ଶ ଦିନିକିଆ ଦଳର ଅଧିନାୟକ ଦାୟିତ୍ୱ ତୁଲାଇବେ। ସେହିଭଳି ବାମହାତୀ ଦ୍ରୁତ ବୋଲର ମିଚେଲ ଷ୍ଟାର୍କ ପାଖାପାଖି ଏକ ବର୍ଷ ପରେ ଦିନିକିଆ ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଶେଷଥର ଲାଗି ସେ ଗତବର୍ଷ ନଭେମ୍ବରରେ ପାକିସ୍ତାନ ବିପକ୍ଷରେ ଦିନିକିଆ ମ୍ୟାଚ୍ ଖେଳିଥିଲେ। ଷ୍ଟାର୍କଙ୍କ ବ୍ୟତୀତ ମାଇକେଲ ଓ୍ୱେନ, ମାଥ୍ୟୁ ରେନଶ ଓ ମାଥ୍ୟୁ ଶର୍ଟ ମଧ୍ୟ ୫୦ ଓଭର ଫର୍ମାଟ୍‌କୁ ଫେରିଛନ୍ତି। ଅପରପକ୍ଷରେ ୨୦୨୩ ବିଶ୍ୱକପ୍‌ରେ ଚାମ୍ପିଅନ ଅଷ୍ଟ୍ରେଲିଆ ଦଳର ପ୍ରମୁଖ ସଦସ୍ୟ ରହିଥିବା ମାର୍ନସ ଲାବୁଶେନଙ୍କୁ ଖରାପ ଫର୍ମ ଲାଗି ଦିନିକିଆ ଦଳରୁ ବାଦ୍ ଦିଆଯାଇଛି। ସେହିଭଳି ରିଷ୍ଟ ଆଘାତ ସମସ୍ୟାରୁ ମୁକୁଳି ନ ଥିବାରୁ ଅଲ୍‌ରାଉଣ୍ଡର ଗ୍ଲେନ ମ୍ୟାକ୍ସୱେଲଙ୍କୁ ଉଭୟ ସିରିଜ ଲାଗି ଦଳରେ ସ୍ଥାନ ମିଳିନାହିଁ। ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ପ୍ରଥମେ ୩ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଅକ୍ଟୋବର ୧୯ରୁ ଆରମ୍ଭ ହେବ। ଏହାପରେ ଅକ୍ଟୋବର ୨୯ରୁ ପାଞ୍ଚଟିକିଆ ଟି-୨୦ ସିରିଜ ଖେଳାଯିବ। ଟି-୨୦ ସିରିଜର ପ୍ରଥମ ଦୁଇଟି ମ୍ୟାଚ୍ ଲାଗି ଅଷ୍ଟ୍ରେଲିଆ ଦଳ ଘୋଷଣା କରିଛି।



**ଅଷ୍ଟ୍ରେଲିଆ ଦିନିକିଆ ଦଳ** : ମିଚେଲ ମାର୍ଶ (ଅଧିନାୟକ), ଆଲେକ୍ସ କେରୀ, ଜାଭିଅର ବାର୍ତ୍ତଲେଟ୍, ନାଥନ ଏଲିସ, ବେନ ଡାରୱିସ, କୁପର କନୋଲୀ, କାମେରନ ଗ୍ରୀନ, ଜୋଶ୍ ହାଜଲେଉଡ୍, ଟ୍ରାଭିସ ହେଡ୍, ଜୋଶ୍ ଇଂଲିଶ, ମାଇକେଲ ଓ୍ୱେନ, ମାଥ୍ୟୁ ରେନଶ, ମାଥ୍ୟୁ ଶର୍ଟ, ମିଚେଲ ଷ୍ଟାର୍କ ଓ ଆଦାମ ଜାମ୍ପା।

**ଅଷ୍ଟ୍ରେଲିଆ ଟି-୨୦ ଦଳ** : ମିଚେଲ ମାର୍ଶ (ଅଧିନାୟକ), ସିନ୍ ଆବଟ୍, ଜାଭିଅର ବାର୍ତ୍ତଲେଟ୍, ଟିମ୍ ଡେଭିଡ୍, ନାଥନ ଏଲିସ, ବେନ ଡାରୱିସ, ଜୋଶ୍ ହାଜଲେଉଡ୍, ଟ୍ରାଭିସ ହେଡ୍, ଜୋଶ୍ ଇଂଲିଶ, ମାଇକେଲ ଓ୍ୱେନ, ମାଥ୍ୟୁ ଶର୍ଟ, ଆଦାମ ଜାମ୍ପା, ମାର୍କସ ଷ୍ଟୋଇନିସ, ମାଥ୍ୟୁ କୁନେମାନ୍।

### ଭାରତ-ଅଷ୍ଟ୍ରେଲିଆ ସିରିଜ କାର୍ଯ୍ୟସୂଚୀ

| | |
|---|---|
| ଅକ୍ଟୋବର ୧୯ | ପ୍ରଥମ ଦିନିକିଆ, ପର୍ଥ |
| ଅକ୍ଟୋବର ୨୩ | ଦ୍ୱିତୀୟ ଦିନିକିଆ, ଆଡିଲେଡ୍ |
| ଅକ୍ଟୋବର ୨୫ | ତୃତୀୟ ଦିନିକିଆ, ସିଡ୍‌ନୀ |
| ଅକ୍ଟୋବର ୨୯ | ପ୍ରଥମ ଟି-୨୦, କାନବେରା |
| ଅକ୍ଟୋବର ୩୧ | ଦ୍ୱିତୀୟ ଟି-୨୦, ମେଲବୋର୍ଣ୍ଣ |
| ନଭେମ୍ବର ୨ | ତୃତୀୟ ଟି-୨୦, ହୋବାର୍ଟ |
| ନଭେମ୍ବର ୬ | ଚତୁର୍ଥ ଟି-୨୦, ଗୋଲ୍ଡକୋଷ୍ଟ |
| ନଭେମ୍ବର ୮ | ପଞ୍ଚମ ଟି-୨୦, ବ୍ରିସବେନ |

ବି.ଦ୍ର.: ଦିନିକିଆ ମ୍ୟାଚ୍ ସକାଳ ୯ଟାରୁ ଏବଂ ଟି-୨୦ ଅପରାହ୍ଣ ୧.୪୫ରୁ ଆରମ୍ଭ ହେବ।

## ସାର୍ଟିଫାଏଡ୍ ଡ୍ରୋନ୍ ପାଇଲଟ୍ ହେଲେ ଧୋନି

ନୂଆଦିଲ୍ଲୀ, ୭ ।୧୦ (ଏଜେନ୍ସି): ଭାରତୀୟ କ୍ରିକେଟ୍ ଦଳର ସବୁଠୁ ସଫଳ ଅଧିନାୟକ ମହେନ୍ଦ୍ର ସିଂ ଧୋନିଙ୍କ ସୌଖିନ କାର ଓ ସୁପରବାଇକ୍ ପ୍ରତି ଦୁର୍ବଳତା



ରହିଥିବା ସମସ୍ତେ ଜାଣିଛନ୍ତି। ରାଞ୍ଚିସ୍ଥିତ ତାଙ୍କ ଫାର୍ମ ହାଉସରେ ସେ ଏକାଧିକ ଦାମୀ କାର୍ ଓ ବାଇକ୍ ସଜ୍ଜିତ କରି ରଖିଛନ୍ତି। ଏହାବାଦ୍ ଧୋନି ଇଞ୍ଜିନ ଓ ପ୍ରଯୁକ୍ତିବିଦ୍ୟା ପ୍ରତି ମଧ୍ୟ ଆକର୍ଷଣ ରଖିଥାନ୍ତି। ସଦ୍ୟ ଧୋନି ଏହି କ୍ଷେତ୍ରରେ ଏକ ସଫଳତା ପାଇଛନ୍ତି। ମଙ୍ଗଳବାର ଧୋନି ସାମାଜିକ ଗଣମାଧ୍ୟମ ଜରିଆରେ ଘୋଷଣା କରିଛନ୍ତି ଯେ ସେ ଆନୁଷ୍ଠାନିକ ଭାବେ ଏକ ଡ୍ରୋନ ପାଇଲଟ୍ ଲାଇସେନ୍ସ ପାଇଛନ୍ତି। ୪୪ ବର୍ଷୀୟ ଧୋନି ବର୍ତ୍ତମାନ ଭାରତର ପ୍ରମୁଖ ଡ୍ରୋନ ନିର୍ମାତା କମ୍ପାନୀ ଗରୁଡ ଏରେସ୍ପେସର ବ୍ରାଣ୍ଡ ଆମ୍ବାସାଡର ରହିଛନ୍ତି। ଏହି କମ୍ପାନୀର ଏକ ଡ୍ରୋନ ପାଇଲଟ୍ ତାଲିମ କାର୍ଯ୍ୟକ୍ରମ ଚେନ୍ନଇରେ ଶେଷ ହୋଇଥିଲା। ଡିଜିସିଏ ଅନୁମୋଦିତ ଏହି ରିମୋଟ ପାଇଲଟ୍ ତାଲିମରେ ଧୋନି ବ୍ୟକ୍ତିଗତ ଭାବେ ତାଲିମ ନେବା ସହ ପାଇଲଟ୍ ଭାବରେ ପ୍ରମାଣପତ୍ର ପାଇଛନ୍ତି ବୋଲି ଗରୁଡ଼ ଏରୋସ୍ପେସ କମ୍ପାନୀ ପକ୍ଷରୁ କୁହାଯାଇଛି। ପ୍ରକାଶଯୋଗ୍ୟ, ଧୋନି କ୍ରିକେଟ୍ ଦୁନିଆ ବାହାରେ ଏକାଧିକ କ୍ଷେତ୍ରରେ ମଧ୍ୟ ସଫଳତା ପାଇଛନ୍ତି। ତାଙ୍କୁ ୨୦୧୧ରେ ଟେରିଟୋରିଆଲ ଆର୍ମିର ପାରାସୁଟ୍ ରେଜିମେଣ୍ଟରେ ଲେଫ୍ଟନାଣ୍ଟ କର୍ଣ୍ଣେଲ ପଦବୀରେ ସମ୍ମାନିତ କରାଯାଇଥିଲା। ସେହିଭଳି ପ୍ରଶିକ୍ଷିତ ପାରାଚୁଟର୍ ଭାବେ ମଧ୍ୟ ଯୋଗ୍ୟତା ହାସଲ କରିଥିଲେ।

## ସିଜନର ୬୦ତମ ବିଜୟ ହାସଲ କଲେ ସ୍ୱିଆଟେକ



ଉହାନ, ୭ ।୧୦ (ଏଜେନ୍ସି): ଚାଇନାରେ ଚାଲିଥିବା ଉହାନ ଓପନ୍ ଟେନିସ ଟୁର୍ଣ୍ଣାମେଣ୍ଟରେ ଇଗା ସ୍ୱିଆଟେକ ସହଜ ବିଜୟ ସହ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ଅନୁଷ୍ଠିତ ମହିଳା ସିଙ୍ଗଲ୍ସ ରାଉଣ୍ଡ-୩୨ର ଏକ ମ୍ୟାଚରେ ଦ୍ୱିତୀୟ ସିଡ୍ ସ୍ୱିଆଟେକ୍ ୬-୧, ୬-୧ ସିଧାସଳଖ ସେଟ୍‌ରେ ଚେକ୍ ଗଣରାଜ୍ୟର ମାରିଏ ବୌଜକୋଭାଙ୍କୁ ପରାସ୍ତ କରିଥିଲେ। ଏହି ମ୍ୟାଚ୍ ଜିତିବାକୁ ପୋଲାଣ୍ଡ ତାରକା ସ୍ୱିଆଟେକଙ୍କୁ ମାତ୍ର ଏକ ଘଣ୍ଟା ୧୮ ମିନିଟ୍ ସମୟ ଲାଗିଥିଲା। ସେହିଭଳି ଚଳିତ ବର୍ଷ ଏହା ତାଙ୍କର ୬୦ତମ ବିଜୟ ଥିଲା। ଏହାବାଦ୍ ଡବ୍ଲ୍ୟୁଟିଏ-୧୦୦୦ ଟୁର୍ଣ୍ଣାମେଣ୍ଟରେ ସ୍ୱିଆଟେକ ୧୦୦ତମ ସିଧାସଳଖ ସେଟ୍ ବିଜୟ ହାସଲ କରିଛନ୍ତି। ୧୫୩ତମ ମ୍ୟାଚ୍ ଖେଳୁଥିବାବେଳେ ସେ ଏହି ମାଇଲଖୁଣ୍ଟ ଛୁଇଁଛନ୍ତି। ଡବ୍ଲ୍ୟୁଟିଏ-୧୦୦୦ ଟୁର୍ଣ୍ଣାମେଣ୍ଟରେ କମ୍ ମ୍ୟାଚ୍ ଖେଳି ୧୦୦ତମ ସିଧାସଳଖ ସେଟ୍ ବିଜୟ ହାସଲ କରିବାର ରେକର୍ଡ ଷ୍ଟେଫି ଗ୍ରାଫ୍ (୧୨୨ ମ୍ୟାଚ୍)ଙ୍କ ନାମରେ ରହିଛି। ମାର୍ଟିନା ହିଙ୍ଗିସ (୧୪୫) ଓ ସେରେନା ୱିଲିୟମ୍ସ (୧୪୪ତମ ମ୍ୟାଚ) ମଧ୍ୟ ସ୍ୱିଆଟେକଙ୍କଠୁ କମ୍ ମ୍ୟାଚ୍ ଖେଳି ଏହି ସଫଳତା ପାଇଛନ୍ତି।

● ଆଇସିସି ମହିଳା ଦିନିକିଆ ର୍‍ୟାଙ୍କିଙ୍ଗ

## ଶୀର୍ଷ ସ୍ଥାନ ବଜାୟ ରଖିଲେ ମନ୍ଧାନା

ଦୁବାଇ, ୭ ।୧୦ (ଏଜେନ୍ସି): ବିଶ୍ୱ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସି ପକ୍ଷରୁ ମହିଳା ଦିନିକିଆ ର୍‍ୟାଙ୍କିଙ୍ଗ ପ୍ରକାଶ ପାଇଛି। ମଙ୍ଗଳବାର ସଦ୍ୟପ୍ରକାଶିତ ର୍‍ୟାଙ୍କିଙ୍ଗରେ ଭାରତର ତାରକା ମହିଳା ବ୍ୟାଟର୍ ସ୍ମୃତି ମନ୍ଧାନା ଶୀର୍ଷ ସ୍ଥାନକୁ ବଜାୟ ରଖିଛନ୍ତି। ମନ୍ଧାନା ୭୯୧ ରେଟିଂ ପଏଣ୍ଟ ସହ ପୂର୍ବଭଳି ଏକ ନମ୍ବର ସ୍ଥାନରେ ରହିଛନ୍ତି। ଚଳିତ ଦିନିକିଆ ବିଶ୍ୱକପ୍‌ର



ପ୍ରଥମ ଦୁଇଟି ମ୍ୟାଚରେ ନୈରାଶ୍ୟଜନକ ପ୍ରଦର୍ଶନ କରିଥିଲେ ମଧ୍ୟ ଏହାର ପ୍ରଭାବ ତାଙ୍କ ମାନ୍ୟତା ଉପରେ ପଡ଼ିନାହିଁ। ବିଶ୍ୱକପ୍‌ରେ ସେ ଶ୍ରୀଲଙ୍କା ବିପକ୍ଷ ଉଦ୍‌ଘାଟନୀ ମ୍ୟାଚରେ ୮ ଓ ପାକିସ୍ତାନ ବିପକ୍ଷରେ ୨୩ ରନର ପାଳି ଖେଳିଥିଲେ। ବ୍ୟାଟିଂ ତାଲିକାର ଟପ୍-୧୦ରେ ଅନ୍ୟକୌଣସି ଭାରତୀୟ ମହିଳା ବ୍ୟାଟର୍ ସ୍ଥାନ ପାଇବାରେ ସଫଳ ହୋଇନାହାନ୍ତି। ଅଧିନାୟିକା ହରମନପ୍ରୀତ୍ କୌର ୨ଟି ସ୍ଥାନ ହରାଇ ୧୬ରେ ରହିଛନ୍ତି। ମହିଳା ଦିନିକିଆ ବ୍ୟାଟିଂ ତାଲିକାର ୨ୟ ଓ ୩ୟ ସ୍ଥାନରେ ଯଥାକ୍ରମେ ଇଂଲଣ୍ଡର ନାଟାଲୀ ସ୍କିଭର-ବ୍ରଣ୍ଟ ଓ ଅଷ୍ଟ୍ରେଲିଆର ବେଥ ମୁନୀ ପୂର୍ବଭଳି ସ୍ଥାନ ବଜାୟ ରଖିଛନ୍ତି। ସେହିଭଳି ଅଷ୍ଟ୍ରେଲିଆର ଆସଲେ ଗାର୍ଡନର ଏକାଥରକେ ୭ଟି ପାହାଚ ଉପରକୁ ଲମ୍ଫ ପ୍ରଦାନ କରି ୫ମ ସ୍ଥାନରେ ପହଞ୍ଚିଛନ୍ତି।

ଦ୍ୱିତୀୟ ୟୁଥ୍ ଟେଷ୍ଟ

## ଅଷ୍ଟ୍ରେଲିଆ- ୧୩୫; ଭାରତ ୧୪୪/୭

ମାକୟ, ୭ ।୧୦ (ଏଜେନ୍ସି): ଘରୋଇ ଅଷ୍ଟ୍ରେଲିଆ ୧୯ ବର୍ଷରୁ କମ୍ ବାଳକ ଦଳ ବିପକ୍ଷରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଥିବା ଦ୍ୱିତୀୟ ୟୁଥ୍ ଟେଷ୍ଟରେ ଭାରତ ପ୍ରଥମ ପାଳିରେ ଅଗ୍ରଣୀ ନେବାରେ ସଫଳ ହୋଇଛି। ଟସ୍ ଜିତି ଅଷ୍ଟ୍ରେଲିଆ ୟୁଥ୍ ଦଳ ପ୍ରଥମେ ବ୍ୟାଟିଂ କରିଥିଲା। ତେବେ ଭାରତୀୟ ୧୯ ବର୍ଷରୁ କମ୍ ଦଳର ବୋଲିଂକୁ ସାମ୍ନା କରି ନ ପାରି ଅଷ୍ଟ୍ରେଲିଆ ୟୁଥ ଦଳ ୪୩.୩ ଓଭରରେ ମାତ୍ର ୧୩୫ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଦଳ ପକ୍ଷରୁ ଆଲେକ୍ସ ଲି ୟଙ୍ଗ୍ ସର୍ବାଧିକ ୬୬ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଭ୍ରମଣକାରୀ ଭାରତୀୟ ୟୁଥ୍ ଦଳ ପକ୍ଷରୁ ହେନିଲ ପଟେଲ ଓ ଖିଲାନ ପଟେଲ ୩ଟି ଲେଖାଏ ୱିକେଟ୍ ନେଇଥିଲେ। ଉଦ୍ଧବ ମୋହନଙ୍କୁ ୨ଟି ଏବଂ ଦୀପେଶ ଦେବେନ୍ଦ୍ରନଙ୍କୁ ଗୋଟିଏ ୱିକେଟ୍ ମିଳିଥିଲା।

ଜବାବରେ ଭାରତୀୟ ୟୁଥ୍ ଦଳ ପ୍ରଥମ ଦିବସ ଷ୍ଟମ୍ପ ସୁଦ୍ଧା ୪୦ ଓଭରରେ ୭ ୱିକେଟ୍ ହରାଇ ୧୪୪ ରନ ସଂଗ୍ରହ କରିଛି। ହେନିଲ ୨୨ ଓ ଦୀପେଶ ୬ ରନ କରି ଅପରାଜିତ ରହିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଖିଲାନ ପଟେଲ ୨୬, ବେଦାନ୍ତ ତ୍ରିବେଦୀ ୨୫, ବୈଭବ ସୂର୍ଯ୍ୟବଂଶୀ ୨୦ ଓ ବିହାନ ମାଲହୋତ୍ରା ୧୧ ରନ କରି ଆଉଟ୍ ହୋଇଛନ୍ତି। ଅଧିନାୟକ ଆୟୁଷ ମାଲହୋତ୍ରା ମାତ୍ର ୪ ରନ କରିଥିଲେ। ବୋଲିଂରେ କାସେ ବାର୍ଟନ ସର୍ବାଧିକ ୩ଟି ୱିକେଟ୍ ନେଇଛନ୍ତି। ୩ ୱିକେଟ୍ ବଳକା ଥାଇ ଭାରତ ୯ ରନରେ ଅଗ୍ରଣୀ ହାସଲ କରିଛି। ପୂର୍ବରୁ ଦୁଇ ଦଳ ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟକୁ ଭାରତ ଏକ ଇନିଂସ ଓ ୫୮ ରନରେ ଜିତି ୧-୦ରେ ଅଗ୍ରଣୀ ରହିଛି।

## ବାସ୍କେଟବଲ୍ ଜାତୀୟ ଚାମ୍ପିଅନସିପ୍ ଉଦ୍‌ଘାଟିତ

ଭୁବନେଶ୍ୱର, ୭ ।୧୦ (ସମିସ): ସ୍ପେଶାଲ ଅଲିମ୍ପିକ୍ସ ଭାରତ-ଓଡ଼ିଶା ଆନୁକୂଲ୍ୟରେ ବାସ୍କେଟବଲ୍ ଜାତୀୟ ଚାମ୍ପିଅନସିପ୍ ସୋମବାର ବରୁଣେଇସ୍ଥିତ କେଟି ଗ୍ଲୋବାଲ ସ୍କୁଲ ପରିସରରେ ଉଦ୍‌ଘାଟିତ ହୋଇଯାଇଛି। ଅକ୍ଟୋବର ୯ ତାରିଖ ପର୍ଯ୍ୟନ୍ତ ଖେଳାଯିବାକୁ ଥିବା ଏହି ଚାମ୍ପିଅନସିପ୍‌ରେ ୧୬ଟି ରାଜ୍ୟର ଖେଳାଳି ଅଂଶଗ୍ରହଣ କରିଛନ୍ତି। ସିନିଅର, ଜୁନିଅର ଓ ସବ୍-ଜୁନିଅର ବର୍ଗରେ ମ୍ୟାଚ୍ ଖେଳାଯିବ। ଅବସରପ୍ରାପ୍ତ କର୍ଣ୍ଣେଲ ଡକ୍ଟର କେଦାରନାଥ ଦାଶ ଅତିଥିଭାବେ ଯୋଗଦେଇ ଏହି ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ କ୍ରୀଡ଼ା ବିଭାଗର ଓଏସ୍‌ଡି ସୋନାଲି ଚାନ୍ଦ, ସ୍ପେଶାଲ ଅଲିମ୍ପିକ୍ସ ଭାରତର ଜାତୀୟ ବୋର୍ଡ ସଦସ୍ୟ ରାଜଶେଖର ଚେଲି, ଗୋକୁଳାନନ୍ଦ ଦାଶ, କ୍ଷେତ୍ର ନିର୍ଦ୍ଦେଶକ ପ୍ରକାଶ ରଥ, କେଟି ଗ୍ଲୋବାଲ ସ୍କୁଲର ସିଇଓ ସିଦ୍ଧାର୍ଥ ରାଉତ ପ୍ରମୁଖ ଅତିଥିଭାବେ ଉପସ୍ଥିତ ରହିଥିଲେ।

## କୋହଲି, ରୋହିତଙ୍କ ଅନୁପସ୍ଥିତି ସତ୍ତ୍ୱେ ଟିକଟ ବିକ୍ରି ଶେଷ

ମେଲବୋର୍ଣ୍ଣ, ୭ ।୧୦ (ଏଜେନ୍ସି): ଅକ୍ଟୋବର ୧୯ରୁ ଅଷ୍ଟ୍ରେଲିଆ ଓ ଭ୍ରମଣକାରୀ ଭାରତ ମଧ୍ୟରେ ସୀମିତ ଓଭର କ୍ରିକେଟ ସିରିଜ ଆରମ୍ଭ ହେବାକୁ ଯାଉଛି। ଶୁବମନ ଗିଲ୍‌ଙ୍କ ନେତୃତ୍ୱରେ ଭାରତ ପ୍ରଥମେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ ଖେଳିବ। ଏହାପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ ଅକ୍ଟୋବର ୨୯ରୁ ଆରମ୍ଭ ହେବ। ମେଲବୋର୍ଣ୍ଣରେ ଦ୍ୱିତୀୟ ଟି-୨୦ ଅକ୍ଟୋବର ୩୧ରେ ଆୟୋଜନ ହେବ। ବିରାଟ କୋହଲି ଓ ରୋହିତ ଶର୍ମା ଟି-୨୦ ଫର୍ମାଟରୁ ଅବସର ନେଇ ସାରିଛନ୍ତି। ତେଣୁ ଏହି ଦୁଇ ସୁପରଷ୍ଟାର ଏହି ମ୍ୟାଚ୍ ଖେଳିବେ ନାହିଁ। କିନ୍ତୁ ଏହା ସତ୍ତ୍ୱେ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡ (ଏମ୍‌ସିଜି)ର ସବୁ ଟିକଟ ମ୍ୟାଚର ୩ ସପ୍ତାହ ପୂର୍ବରୁ ବିକ୍ରି ସରିଛି। ଦର୍ଶକ ଏବେ ଅଭିଷେକ ଶର୍ମା ଓ ଗିଲ୍‌ଙ୍କ ଭଳି ଯୁବ ତାରକାଙ୍କୁ ଦେଖିବାକୁ ଉତ୍ସାହି ଅଛନ୍ତି। କୋହଲି ଓ ରୋହିତଙ୍କ ଅନୁପସ୍ଥିତି ସତ୍ତ୍ୱେ ଏକ ଲକ୍ଷ ଦର୍ଶକ କ୍ଷମତା ବିଶିଷ୍ଟ ଏମ୍‌ସିଜି ଟିକଟ୍ ଶେଷ ହୋଇଯିବା କ୍ରିକେଟ ପାଇଁ ଶୁଭଙ୍କର ବୋଲି କୁହାଯାଉଛି।

## ରଣଜୀ ଟ୍ରଫି ୱାର୍ମ-ଅପ୍ ମ୍ୟାଚ୍‌ରେ ପୃଥ୍ୱୀଙ୍କ ଚମକ

ମୁମ୍ବଇ, ୭ ।୧୦ (ଏଜେନ୍ସି): ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ଆଗାମୀ ସିଜନ ଅକ୍ଟୋବର ୧୫ରୁ ଆରମ୍ଭ ହେବାକୁଯାଉଛି। ଏଥିପୂର୍ବରୁ ରେକର୍ଡ ୪୨ଥରର ଚାମ୍ପିଅନ ମୁମ୍ବଇ ଓ ମହାରାଷ୍ଟ୍ର ମଧ୍ୟରେ ସ୍ଥାନୀୟ ଏମ୍‌ସିଏ ଷ୍ଟାଡିୟମରେ ଏକ ୱାର୍ମ-ଅପ୍ ମ୍ୟାଚ୍ ଖେଳାଯାଉଛି। ଏହି ମ୍ୟାଚରେ ପୃଥ୍ୱୀ ଶ'ଙ୍କ

**ମୁମ୍ବଇ ବିପକ୍ଷରେ ଖେଳିଲେ ୧୮୧ ରନର ପାଳି**

ବିସ୍ଫୋରକ ଶତକୀୟ ପାଳି ଦେଖିବାକୁ ମିଳିଛି। ମୁମ୍ବଇ ଦଳରେ ବାରମ୍ବାର ଅଣଦେଖା ହେବାରୁ ପୃଥ୍ୱୀ ଚଳିତ ସିଜନରୁ ମହାରାଷ୍ଟ୍ର ଦଳ ପକ୍ଷରୁ ଖେଳିବାକୁ ନିଷ୍ପତ୍ତି ନେଇଥିଲେ। ଏହି ମ୍ୟାଚରେ ମହାରାଷ୍ଟ୍ର ପାଇଁ ଖେଳୁଥିବା ପୃଥ୍ୱୀ ନିଜ ପୂର୍ବ ଦଳ ମୁମ୍ବଇ ବିପକ୍ଷରେ ୧୮୧ ରନର ଦମ୍‌ଦାର ଶତକୀୟ ପାଳି ଖେଳିଛନ୍ତି। ୧୪୦ ବଲରୁ ପୃଥ୍ୱୀ ତାଙ୍କ ଶତକ ପୂରଣ କରିଥିଲେ। ଏହାପରେ ୨୧୯ ବଲରେ ୧୮୧ ରନ କରି ଆଉଟ୍ ହୋଇଥିଲେ। ନିଜ ପୂର୍ବ ଦଳ ବିପକ୍ଷରେ ଶତକ ହାସଲ କରି ପୃଥ୍ୱୀ ସହ ମୁମ୍ବଇ ଟିମ୍ ମ୍ୟାନେଜମେଣ୍ଟକୁ କଡ଼ା ଜବାବ ଦେଇଥିଲେ।



ଏପରିକି ସେ ଆଉଟ୍ ହୋଇ ଆସିଲାବେଳେ ମୁମ୍ବଇର ମୁସିର୍ ଖାନ୍ ଓ ଅନ୍ୟ କିଛି ଖେଳାଳିଙ୍କ ସହ ଯୁକ୍ତିତର୍କ କରିଥିବା ଦେଖିବାକୁ ମିଳିଥିଲା।

ଓପନିଂ ଯୋଡ଼ିରେ ପୃଥ୍ୱୀ ଓ ଆର୍ଶିନ କୁଲକର୍ଣ୍ଣୀ ୩୦୫ ରନର ଭାଗୀଦାରି ଗଢ଼ି ମହାରାଷ୍ଟ୍ରକୁ ଦୃଢ଼ ଆରମ୍ଭ ଦେଇଥିଲେ। କୁଲକର୍ଣ୍ଣୀ ମଧ୍ୟ ଏହି ମ୍ୟାଚରେ ଶତକ ହାସଲ କରିଥିଲେ। ଆଗାମୀ ରଣଜୀ ଟ୍ରଫିରେ ମହାରାଷ୍ଟ୍ର ଅକ୍ଟୋବର ୧୫ରେ କେରଳ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ।

## ନିଖିଳ ଓଡ଼ିଶା ରାଜ୍ୟ ର୍‍ୟାଙ୍କିଙ୍ଗ୍ ବ୍ୟାଡ୍‌ମିଣ୍ଟନରେ କିଟ୍‌ର ସଫଳତା




ଭୁବନେଶ୍ୱର, ୭ ।୧୦ (ଏଜେନ୍ସି): ନିଖିଳ ଓଡ଼ିଶା ରାଜ୍ୟ ର୍‍ୟାଙ୍କିଙ୍ଗ୍ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ବାଲେଶ୍ୱରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ କିଟ୍ ବିଶ୍ୱବିଦ୍ୟାଳୟ ଦଳ ଦମ୍‌ଦାର ପ୍ରଦର୍ଶନ କରିଛି। ବିଶ୍ୱବିଦ୍ୟାଳୟର ଛାତ୍ରୀ ହର୍ଷିତା ରାଉତ ମହିଳା ଚାମ୍ପିଅନ ହୋଇଛନ୍ତି। ସେ ମହିଳା ସିଙ୍ଗଲ୍ସ ଓ ଡବଲ୍ସରେ ଚାମ୍ପିଅନ ହୋଇ ଡବଲ୍ ସଫଳତା ପାଇଥିଲେ। ସେହିଭଳି ହର୍ଷିତା ମିକ୍ସଡ ଡବଲ୍ସରେ ରନର୍ସଅପ୍ ହୋଇଥିଲେ। ହର୍ଷିତାଙ୍କ ବାଦ୍ କିଟ୍‌ର ତୃମି ବାଗ୍‌ଚୀ ମହିଳା ସିଙ୍ଗଲ୍ସରେ ରନର୍ସଅପ୍ ହୋଇଥିଲେ। ଅପରପକ୍ଷରେ ପୁରୁଷ ବିଭାଗରେ କିଟ୍‌ର ଆର୍ଯ୍ୟ ମାଝୀ ସିଙ୍ଗଲ୍ସରେ ଟାଇଟଲ୍ ଜିତିଛନ୍ତି। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ବିଜେତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

ଆଇସିସି ମହିଳା ବିଶ୍ୱକପ୍

## ବାଂଲାଦେଶକୁ ୧୭୮ ରନରେ ଅଟକାଇଲା ଇଂଲଣ୍ଡ

ଗୌହାଟୀ, ୭ ।୧୦ (ଏଜେନ୍ସି)

ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ୮ମ ମୁକାବିଲାରେ ମଙ୍ଗଳବାର ଚାରିଥରର ଚାମ୍ପିଅନ ଇଂଲଣ୍ଡ ଓ ବାଂଲାଦେଶ ସାମ୍ନାସାମ୍ନି ହୋଇଥିଲେ। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ବାଂଲାଦେଶ ମହିଳା କ୍ରିକେଟ୍ ଦଳ ପ୍ରତିପକ୍ଷ ବୋଲିଂକୁ ସାମ୍ନା କରି ନ ପାରି ୧୭୮ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ଜବାବରେ ୧୭୯ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଇଂଲଣ୍ଡ ଶେଷ ଖବର ସୁଦ୍ଧା ୧୬ ଓଭରରେ ୨ ୱିକେଟ୍ ହରାଇ ୬୬ ରନ ସଂଗ୍ରହ କରିଛି। ଅଧିନାୟିକା ନାଟାଲୀ ସ୍କିଭର-ବ୍ରଣ୍ଟ ୩୧ ଓ ହେଥର ନିଟ୍ ୧୩ ରନ କରି ଅପରାଜିତ ରହିଛନ୍ତି। ଦୁଇ ଓପନର୍ ଟାମି ବିଉମଣ୍ଟ ୧୩ ଓ ଆମୀ ଜୋନ୍ସ ୧ ରନ କରି ଆଉଟ୍ ହୋଇଛନ୍ତି। ବାଂଲାଦେଶର ମାରୁଫ ଅଖତାରଙ୍କୁ ୨ଟି ଯାକ ୱିକେଟ୍ ମିଳିଛି। ପୂର୍ବରୁ ଇଂଲଣ୍ଡ ଏହାର ପ୍ରଥମ



ମ୍ୟାଚରେ ୧୦ ୱିକେଟ୍‌ରେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ବଡ଼ ବିଜୟ ହାସଲ କରିଥିଲା। ସେହିଭଳି ବାଂଲାଦେଶ ମଧ୍ୟ ପ୍ରଥମ ମୁକାବିଲାରେ ୭ ୱିକେଟ୍‌ରେ ପାକିସ୍ତାନକୁ ହରାଇ ବିପର୍ଯ୍ୟୟ ଘଟାଇଥିଲା।

ମଙ୍ଗଳବାର ସ୍ଥାନୀୟ ବର୍ଷାପରା କ୍ରିକେଟ୍ ଷ୍ଟାଡିୟମରେ ଅନୁଷ୍ଠିତ ଏହି ମ୍ୟାଚରେ ଟସ୍ ଜିତି ଇଂଲଣ୍ଡ ଅଧିନାୟିକା ନାଟାଲୀ ସ୍କିଭର ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ବାଂଲାଦେଶ ମହିଳା ଦଳ ପ୍ରଥମ ୬ ଓଭରରେ ୨୫ ରନ ମଧ୍ୟରେ ଓପନର୍ ରୁବ୍ୟା ହାଇଦର (୪ ରନ) ଓ ଅଧିନାୟିକା ନିଗାର ସୁଲତାନ (୦)ଙ୍କ ୱିକେଟ୍ ହରାଇଥିଲା। ମଧ୍ୟକ୍ରମ ବ୍ୟାଟିଂ ଲାଇନଅପ୍ ମଧ୍ୟ ସମ୍ପୂର୍ଣ୍ଣ ଫେଲ୍ ମାରିଥିଲା। ତେବେ ଶୋଭନା ମୋଷ୍ଟାରୀ ଓ ନିମ୍ନ ଭାଗରେ ରବେୟା ଖାନ ଦ୍ରୁତ ପାଳି ଖେଳିବାରୁ ବାଂଲାଦେଶ ୪୯.୪ ଓଭରରେ ୧୭୮ ରନରେ ଅଲ୍‌ଆଉଟ୍ ହୋଇ ସମ୍ମାନ ରକ୍ଷା କରିଥିଲା। ୧୦୮ ବଲ୍ ଖେଳିଥିବା ଶୋଭନା ୮ ଚୌକା ବଳରେ ସର୍ବାଧିକ ୬୦ ରନ କରିଥିଲେ। ସେହିଭଳି ୬ ଚୌକା ଓ ୧ ଛକା ସହାୟତାରେ ରବେୟା ୨୭ ବଲରୁ ଅପରାଜିତ ୪୩ ରନ କରିଥିଲେ। ତାଙ୍କର ଏହି ଦ୍ରୁତ ବ୍ୟାଟିଂ ଯୋଗୁଁ ବାଂଲାଦେଶ ସ୍କୋର ଦେଢ଼ଶହ ରନ ଅତିକ୍ରମ କରିଥିଲା। ବୋଲିଂରେ ଇଂଲଣ୍ଡ ପାଇଁ ସୋଫି ଇକଲେଷ୍ଟୋନ ୩ ଏବଂ ଲିନସେ ସ୍ମିଥ, ଚାର୍ଲି ଡିନ ଓ ଆଲିସେ କାପସୀ ୨ଟି ଲେଖାଏ ୱିକେଟ୍ ନେଇଥିଲେ।

**ବିଶ୍ୱକପ୍‌ରେ ଆଜିର ମ୍ୟାଚ୍**
**ଅଷ୍ଟ୍ରେଲିଆ - ପାକିସ୍ତାନ**
**ଆରମ୍ଭ : ଅପରାହ୍ଣ ୩ଟା**
**ସ୍ଥାନ : କଲମ୍ବୋ**

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS